

ଡୁପ୍ଲାଣ୍ଟିସ୍‌ଙ୍କ ୧୩ତମ ବିଶ୍ୱ ରେକର୍ଡ

▶ପୃଷ୍ଠା ୧୨ ଦେଖନ୍ତୁ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

BHUBANESWAR ◆VOLUME- 43 ◆ISSUE-51 ◆THURSDAY ◆14 AUGUST 2025 ◆PAGE-12 ◆₹ 6.00

◆ବର୍ଷ-୪୩ ◆ସଂଖ୍ୟା-୫୧ ◆ଗୁରୁବାର ◆୧୪ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


### ତୃତୀୟ ଦିନରେ ଅମଲାଙ୍କ ଆନ୍ଦୋଳନ; ରାଜସ୍ୱ ବିଭାଗ କାର୍ଯ୍ୟରେ ଅଚଳାବସ୍ଥା

# ସଂଘକୁ ସରକାରଙ୍କ ନାଲିଆଖି

- ଅନୁପସ୍ଥିତିକୁ ଛୁଟି ରୂପେ ଗଣାଯିବ, ବନ୍ଦହେବ ଦରମା
- ଦାବି ପୂରଣ ନ ହେବା ଯାଏଁ ପଛକୁ ହଟିବୁନି: ସଂଘ

■ **ଭୁବନେଶ୍ୱର, ୧୩।୮ (ସମିସ):** ରାଜସ୍ୱ ଅମଲା ସଂଘର ଆନ୍ଦୋଳନ ତୃତୀୟ ଦିନରେ ପହଞ୍ଚିଛି । ରାଜ୍ୟର ୩୦ ଜିଲ୍ଲାରେ କାର୍ଯ୍ୟରତ ୧୦ ହଜାରରୁ ଊର୍ଦ୍ଧ୍ୱ ରାଜସ୍ୱ ଅମଲାମାନେ କାର୍ଯ୍ୟ ବନ୍ଦ ଆନ୍ଦୋଳନ ଆରମ୍ଭ କରିଥିବାରୁ ରାଜସ୍ୱ ବିଭାଗରେ ଏକପ୍ରକାର ଅଚଳାବସ୍ଥା ସୃଷ୍ଟି ହୋଇଛି । ଅନ୍ୟପକ୍ଷରେ ରାଜସ୍ୱ ଅମଲାଙ୍କ ଏପରି ସମୂହ ଛୁଟି ନିଷ୍ପତ୍ତି ସରକାରଙ୍କୁ କ୍ଷୁବ୍ଧ କରିଛି । ସମୂହ ଛୁଟିରେ ଥିବା ଅଧିକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବାକୁ ରାଜସ୍ୱ ମନ୍ତ୍ରୀ ନିର୍ଦ୍ଦେଶ ଦେଇଛନ୍ତି । ସେହିପରି ରାଜସ୍ୱ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ଡିକେ ସିଂ ରାଜ୍ୟର ସମସ୍ତ ଜିଲ୍ଲାପାଳଙ୍କୁ ଚିଠି ଲେଖି ଆନ୍ଦୋଳନରତ ଅମଲାଙ୍କ ବିରୋଧରେ କଠୋର ପଦକ୍ଷେପ ନେବାକୁ ପରାମର୍ଶ ଦେଇଛନ୍ତି । ମାତ୍ର ମନ୍ତ୍ରୀଙ୍କ ନାଲିଆଖି, ବିଭାଗୀୟ ଅତିରିକ୍ତ ମୁଖ୍ୟ ସଚିବଙ୍କ ଧମକ ରାଜସ୍ୱ ଅମଲାଙ୍କୁ ଡରାଇ ପାରିନାହିଁ । ଯେ ପର୍ଯ୍ୟନ୍ତ ଦାବି ପୂରଣ ନ ହୋଇଛି, ସେ ପର୍ଯ୍ୟନ୍ତ ଅମଲାମାନେ ପଛକୁ ହଟିବେ ନାହିଁ ବୋଲି ସଂଘ ରୋକ୍‌ଠୋକ୍ କହିଛି ।

ବିଭାଗୀୟ ମନ୍ତ୍ରୀ ସୁରେଶ ପୂଜାରୀଙ୍କ କହିଛନ୍ତି, ଅମଲାଙ୍କ ବିନା ଲୋକଙ୍କ ପାଖରେ ରାଜସ୍ୱ ସେବା ପହଞ୍ଚାଇବା ପାଇଁ ସରକାର ପ୍ରସ୍ତୁତ । ଲୋକଙ୍କ କାମରେ ଅବହେଳା କଲେ ଦରମା ବନ୍ଦ ରହିବ । ଛୁଟି ବାତିଲ ହେବ, ଛୁଟି ମଞ୍ଜୁର ହେବ ନାହିଁ ବୋଲି ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ଆଲୋଚନା ମାଧ୍ୟମରେ ସମାଧାନ ସମ୍ଭବ । କ୍ୟାଡର ପୁନର୍ଗଠନ ଦାବି ଆମ ବିଭାଗର ନୁହେଁ । ଏଥିପାଇଁ ସାଧାରଣ ପ୍ରଶାସନ ବିଭାଗ ପାଖକୁ ପଠାଯାଇଛି । ତଥାପି ଆମେ ଆଲୋଚନା ପାଇଁ ପ୍ରସ୍ତୁତ ବୋଲି ମନ୍ତ୍ରୀ କହିଛନ୍ତି । ସେହିପରି ଜିଲ୍ଲାପାଳମାନଙ୍କୁ ରାଜସ୍ୱ ବିଭାଗ ଏସିଏସ୍ ଲେଖିଥିବା ▶ପୃଷ୍ଠା-୭

# ୭ ପ୍ରସ୍ତାବକୁ କ୍ୟାବିନେଟ୍ ଅନୁମୋଦନ

■ **ଭୁବନେଶ୍ୱର, ୧୩।୮ (ସମିସ):** ରାଜ୍ୟର ଚାଷୀ, ବ୍ୟବସାୟୀ ଓ ଅନ୍ୟାନ୍ୟ ଭାଗିଦାରମାନଙ୍କ ପାଇଁ ସମସ୍ତ ଜରୁରୀ ବିପଣନ ସଂକ୍ରାନ୍ତ କାର୍ଯ୍ୟକୁ ଗୋଟିଏ ଛାତ ତଳେ ସମନ୍ୱିତ କରାଯାଇପାରିବ । ଏଥିପାଇଁ ସରକାର ରାଜ୍ୟରେ ମଡେଲ ମଣ୍ଡି ଖୋଲିବାକୁ ନିଷ୍ପତ୍ତି ନେଇଛନ୍ତି । ପ୍ରଥମ ପର୍ଯ୍ୟାୟରେ ଆସନ୍ତା ୨ବର୍ଷ ମଧ୍ୟରେ ରାଜ୍ୟରେ ୩୮ଟି ମଡେଲ ମଣ୍ଡି ସ୍ଥାପନ ହେବ ଓ ଏ ବାବଦରେ ୩୦୦କୋଟି ଟଙ୍କା ବ୍ୟୟ କରାଯିବ । ବୁଧବାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କ୍ୟାବିନେଟ ବୈଠକରେ ଏ ସଂକ୍ରାନ୍ତୀୟ ପ୍ରସ୍ତାବକୁ ଅନୁମୋଦନ ମିଳିଛି । ଉପରୋକ୍ତ ପ୍ରସ୍ତାବ ସମେତ ୬ଟି ବିଭାଗର ମୋଟ ୭ଟି ପ୍ରସ୍ତାବ ଉପରେ ମୋହର ମାରିଛି କ୍ୟାବିନେଟ ।

କ୍ୟାବିନେଟ ବୈଠକ ସମାପ୍ତ ପରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା ଏନେଇ ବିସ୍ତୃତ ସୂଚନା ପ୍ରଦାନ କରିଛନ୍ତି । ସେ କହିଛନ୍ତି ଯେ ପ୍ରସ୍ତାବିତ ମଡେଲ ମଣ୍ଡି ଗୁଡ଼ିକରେ ଧାନକ୍ରୟ କାର୍ଯ୍ୟକ୍ରମକୁ ସୁଗମ କରିବା ଉଦ୍ଦେଶ୍ୟରେ ବିଭିନ୍ନ ସୁବିଧା ରହିବ । ରାଜ୍ୟର ସମସ୍ତ ଜିଲ୍ଲାରେ ମଡେଲ ମଣ୍ଡି ସ୍ଥାପନ ନେଇ ସର୍ଭେ ସରିବା ପରେ ପ୍ରଥମ ପର୍ଯ୍ୟାୟରେ ମୋଟ ୩୮ଟି ମଣ୍ଡି ସ୍ଥାପନ ହେବ । ଏଥିରେ ୧୪ଟି ବୃହତ୍, ୧୭ଟି ମଧ୍ୟମ ଓ ୭ଟି କ୍ଷୁଦ୍ର ମଣ୍ଡି ସାମିଲ ଅଛି । ଏହି ମଣ୍ଡିଗୁଡ଼ିକର ନିର୍ମାଣ କାର୍ଯ୍ୟ ଓଡ଼ିଶା ରାଜ୍ୟ ସେତୁ ଓ ନିର୍ମାଣ ନିଗମ ମାଧ୍ୟମରେ କରାଯିବ । ଏଥିପାଇଁ ସମବାୟ ବିଭାଗ ୩୦୦କୋଟି ଟଙ୍କାର ବ୍ୟୟ ଅଟକଳ କରିଛି । ଆରଏମସିଗୁଡ଼ିକର ନିଜସ୍ୱ ଅର୍ଥରୁ ୧୫୦କୋଟି ଓ ବାକି ରାଜ୍ୟ ସରକାର ୧୫୦କୋଟି ଟଙ୍କା ଦେବେ । ସେହିପରି ଓଡ଼ିଶାର ୧୧୦ଟି ସହରାଞ୍ଚଳ ସ୍ଥାନୀୟ ▶ପୃଷ୍ଠା-୭

- **ଦୁଇ ବର୍ଷରେ ଖୋଲିବ ୩୮ ମଡେଲ ମଣ୍ଡି; ବ୍ୟୟ ହେବ ୩୦୦ କୋଟି**
- **ବିଜୁ ପଟ୍ଟନାୟକ ବିମାନବନ୍ଦରରେ ବିଶ୍ୱସ୍ତରୀୟ ଏମ୍‌ଆର୍‌ଓ ସ୍ଥାପନ**
- **୧୧୦ ସହରାଞ୍ଚଳରେ ୩୫୦ କୋଟିରେ ଲାଗିବ ଏଲ୍‌ଇଡି ଆଲୋକ**
- **ସମ୍ବଲପୁର, ହୀରାକୁଦ, ବୁର୍ଲା ସହରରେ ୨୪ଘଣ୍ଟିଆ ପାନୀୟ ଜଳ ଯୋଗାଣ**







# ଫଟୋ ଉଠାଇଲେ ଜରିମାନା

ସାଧାରଣତଃ ପର୍ଯ୍ୟଟକମାନେ କୌଣସି ସ୍ଥାନକୁ ବୁଲିବାକୁ ଗଲେ ସେଠାରେ ଫଟୋ ଉଠାଇଥାନ୍ତି। ଯାହାକୁ ପରବର୍ତ୍ତୀ ସମୟରେ ଦେଖି ପୁରୁଣା ସ୍ମୃତି ମନେ ପକାଇଥାନ୍ତି। କିନ୍ତୁ ଏପରି ଏକ ସ୍ଥାନ ରହିଛି, ଯେଉଁଠି ଫଟୋ ଉଠାଇବାକୁ ନିଷେଧ କରାଯାଇଛି। ଦୁବାଇରେ ଫଟୋଗ୍ରାଫିକୁ ନେଇ କଡ଼ା ନିୟମ ରହିଛି। ଏଠାରେ ଫଟୋ ଉଠାଇଲେ ଜରିମାନା ଏପରିକି ଜେଲଦଣ୍ଡ ଭୋଗିବାକୁ ପଡ଼ିଥାଏ। ଏଠାରେ ବୁର୍ଜ ଖଲିଫା ଭଳି ଅନେକ ସୁଉଚ୍ଚ ଅଟ୍ଟାଳିକା ରହିଛି, ଯେଉଁଠି ପର୍ଯ୍ୟଟକମାନେ ଫଟୋ ନ ଉଠାଇ ଫେରିବାକୁ ଚାହାନ୍ତିନି। ଏଠାରେ ବିନା ଅନୁମତିରେ କିଛି ସ୍ଥାନ, କିଛି ବ୍ୟକ୍ତି ବିଶେଷ ଓ ଘଟଣାର ଫଟୋ ନେବା ଦଣ୍ଡନୀୟ ଅପରାଧ ଭାବେ ଗଣାଯାଏ। ଭୁଲବଶତଃ ଯଦି କୌଣସି ବ୍ୟକ୍ତି ଏଭଳି ସ୍ଥାନରେ ଫଟୋ ଉଠାନ୍ତି, ଏଥିପାଇଁ ତାଙ୍କୁ ତାଙ୍କ ଯାତ୍ରାର ଦ୍ୱିଗୁଣା ଅର୍ଥରାଶି ଦେବାକୁ ପଡ଼ିଥାଏ। ଏଥିପାଇଁ ଏଠାରେ କୌଣସି ଅଜଣା ବ୍ୟକ୍ତି ଫଟୋ ଉଠାଇବାକୁ ନିଷେଧ କରାଯାଇଛି। ଯଦି କୌଣସି ବ୍ୟକ୍ତି ରାସ୍ତାର ଫଟୋ ନେଉଥିବାବେଳେ ଭୁଲବଶତଃ କେହି ବ୍ୟକ୍ତି ଯଦି ତାଙ୍କ ପଛରେ ଥାଆନ୍ତି ତେବେ ଉକ୍ତ ବ୍ୟକ୍ତି ଜଣକ ଅଭିଯୋଗ କରିବାର ସମ୍ପୂର୍ଣ୍ଣ ଅଧିକାର ରହିଛି। ପ୍ରଚଳିତ ନିୟମ ଅନୁଯାୟୀ, ଏଠାରେ ସରକାରୀ ଅଟ୍ଟାଳିକା, ଥାନା, ବିମାନବନ୍ଦର, ଦୂତବାସର ଫଟୋ ଉଠାଇବାକୁ ନିଷେଧ କରାଯାଇଛି। ତେଣୁ ଯଦି କୌଣସି ବ୍ୟକ୍ତି ଥାନା କିମ୍ବା ସରକାରୀ କାର୍ଯ୍ୟାଳୟ ଆଗରେ ଫଟୋ ଉଠାନ୍ତି, ଏଥିପାଇଁ ତାଙ୍କୁ ଜେଲଦଣ୍ଡ ମିଳିଥାଏ। ବର୍ତ୍ତମାନ ସମୟରେ କୌଣସି ଘଟଣା ଘଟିଲେ ଲୋକମାନେ ସଙ୍ଗେ ସଙ୍ଗେ ଫୋନ୍ ବାହାର କରି ଭିଡିଓ କରୁଛନ୍ତି, କିନ୍ତୁ ଏଠାରେ ଏପରି କରିବା ଅପରାଧ। ଦୁର୍ଘଟଣା, ପୋଡ଼ାଜଳା, କୌଣସି ଆଇନଗତ କିମ୍ବା ପୁଲିସ୍ କାର୍ଯ୍ୟାନୁଷ୍ଠାନର ଫଟୋ ଉଠାଇବା ଏଠାରେ ଦଣ୍ଡନୀୟ ଅପରାଧ।



## ଆଜିର ଦିନରେ


- ୧୮୬୨- ବମ୍ବେ ଉଚ୍ଚ ନ୍ୟାୟାଳୟର ସ୍ଥାପନା।
- ୧୯୧୭- ଚୀନ, ଜର୍ମାନୀ ଓ ଅଷ୍ଟ୍ରିଆ ବିରୋଧରେ ଯୁଦ୍ଧ ଘୋଷଣା କଲା।
- ୧୯୨୩- ଭାରତର ଜଣାଶୁଣା ସାମ୍ବାଦିକ ତଥା ସ୍ତମ୍ଭକାର କୁଲଦୀପ ନାୟାରଙ୍କ ଜନ୍ମ।
- ୧୯୪୭- ଭାରତର ବିଭାଜନ ହୋଇ ପାକିସ୍ତାନ ଅଲଗା ରାଷ୍ଟ୍ର ହେଲା।
- ୨୦୧୧- ବଲିଉଡ୍ ଅଭିନେତା ଶମ୍ମି କପୁରଙ୍କ ବିୟୋଗ।
- ୨୦୧୩- ମିଶରରେ ପୁଲିସ୍ ଓ ବିକ୍ଷୋଭକାରୀଙ୍କ ମଧ୍ୟରେ ହୋଇଥିବା ହିଂସାରେ ୬୩୮ ଲୋକଙ୍କ ପ୍ରାଣହାନି।

# ଜଳବାୟୁ ପରିବର୍ତ୍ତନ ଯୋଗୁଁ ବଢୁଛି ଗ୍ରୋସରୀ ବିଲ୍



ସମ୍ପ୍ରତି ଜଳବାୟୁ ପରିବର୍ତ୍ତନ ଏକ ଉତ୍କଟ ସମସ୍ୟା ପାଲଟିଛି। ବିଶ୍ୱରେ ଦ୍ରୁତ ଗତିରେ ଦେଖା ଦେଉଥିବା ଜଳବାୟୁ ପରିବର୍ତ୍ତନର ବଡ଼ ପ୍ରଭାବ ଫସଲ ଉତ୍ପାଦନ ଉପରେ ପଡ଼ୁଛି। ଅଚାନକ ଦେଖା ଦେଉଥିବା ବନ୍ୟା ଏବଂ ମରୁଡ଼ି ଯୋଗୁଁ ଖାଦ୍ୟ ସାମଗ୍ରୀର ଉତ୍ପାଦନ ଏମିତି ହ୍ରାସ ପାଇଛି ଯେ, ଅନେକ ଜିନିଷର ମୂଲ୍ୟ ଅସ୍ୱାଭାବିକ ଭାବରେ ଦୁଇରୁ ତିନି ଗୁଣ ବୃଦ୍ଧି ପାଇଛି। ଅଷ୍ଟ୍ରେଲିଆରେ ଅନେକ ଖାଦ୍ୟ ସାମଗ୍ରୀର ଦାମ୍ ୩୦୦ ପ୍ରତିଶତ ବୃଦ୍ଧି ପାଇଥିବା ଜଣାପଡ଼ିଛି। ସେହିପରି ୟୁରୋପରେ ଅଲିଭ୍ ତେଲର ଦାମ୍ ୫୦ ପ୍ରତିଶତ ବୃଦ୍ଧି ପାଇଥିବା ବେଳେ ଆମେରିକାରେ ପନିପରିବା ଦର ୮୦ ପ୍ରତିଶତ ବଢ଼ିଛି। ବାର୍ସିଲୋନା ସୁପରକମ୍ପ୍ୟୁଟିଂ ସେଣ୍ଟର ଏବଂ ୟୁରୋପୀୟ ସେଣ୍ଟ୍ରାଲ ବ୍ୟାଙ୍କର ଗବେଷକମାନେ ସାରା ବିଶ୍ୱର ଜଳବାୟୁ ପରିବର୍ତ୍ତନ ଉପରେ ଗବେଷଣା କରି ଏହି କଥା କହିଛନ୍ତି। ଖାଦ୍ୟ ପାନୀୟର ଦାମ୍ ବଢ଼ିବାର ମୁଖ୍ୟ କାରଣ ଭାବେ ସେମାନେ ଖରାପ ପାଣିପାଗକୁ ଦାୟୀ କରିଛନ୍ତି। ଏହା ଜଳବାୟୁ ପରିବର୍ତ୍ତନ ସହିତ ଜଡ଼ିତ ଥିବା ସେମାନେ କହିଛନ୍ତି। ସେହିପରି ଏହି ଗବେଷକ ଦଳ ୨୦୨୨ ଏବଂ ୨୦୨୪ ମଧ୍ୟରେ ବିଶ୍ୱର ୧୬ଟି ପାଣିପାଗ ସମ୍ବନ୍ଧିତ ଘଟଣା ଉପରେ ଗବେଷଣା କରିଥିଲେ। ଗବେଷଣାନୁସାରେ, ଭାରତ ଓ ଚୀନ୍ ସମେତ ପୂରା ଏସିଆରେ ଋତୁକାଳୀନ ପରିବାର ଦାମ୍ ବୃଦ୍ଧି ପାଇବାରେ ଲାଗିଛି। ଜଳବାୟୁ ପରିବର୍ତ୍ତନ ଅସହ୍ୟ ଗରମ ଓ ଅଧିକ ବର୍ଷାର କାରଣ ହୋଇଥାଏ। ଏହାଯୋଗୁଁ ଅମଳ ହ୍ରାସ ପାଇବା ସହ ଜିନିଷଗୁଡ଼ିକର ଦାମ୍ ବଢ଼ିଚାଲେ। ତେବେ ଗ୍ରୋସରୀ ବିଲ୍ ଉପରେ ଜଳବାୟୁ ପରିବର୍ତ୍ତନର ପ୍ରଭାବକୁ ସ୍ପଷ୍ଟ ଭାବେ ଅନୁଭବ କରୁଥିବା ତମାମ ବିଶ୍ୱର ଗ୍ରାହକମାନେ କହିଛନ୍ତି।

# ସୁରଜଙ୍କ ସହ କାମ କରିବେ ଆୟୁଷ୍ମାନ୍



ସୁରଜ୍ ବଡଜାତ୍ୟା କିଛି ଦିନ ପୂର୍ବରୁ ସେ ବଲିଉଡ୍‌ର ଦବଙ୍ଗ ଖାନ୍ ସଲମାନ୍‌ଙ୍କୁ ନେଇ ଏକ ଫିଲ୍ମ କରିବେ ବୋଲି ଘୋଷଣା କରିଥିଲେ। ସଲମାନ୍ ଏଥିରେ ଲିଡ୍ ରୋଲରେ ଦେଖାଯିବା ସହ ଏଥିରେ ସେ 'ପ୍ରେମ୍' ଭୂମିକାରେ ନଜର ଆସିବେ ବୋଲି ସୁରଜ କହିଥିଲେ। ଏହାକୁ ନେଇ ସଲମାନ୍‌ଙ୍କ ପ୍ରଶଂସକମାନେ ବି ବେଶ୍ ଉତ୍ସାହିତ ଥିଲେ। କିନ୍ତୁ ଏବେ ଖବର ଆସିଛି ସୁରଜ୍‌ଙ୍କୁ ତାଙ୍କ ପ୍ରେମ୍ ମିଳିଯାଇଛି। ତେବେ ସୁରଜ୍‌ଙ୍କ ଫିଲ୍ମରେ ସଲମାନ୍‌ଙ୍କ ବଦଳରେ ଆୟୁଷ୍ମାନ୍ ଖୁରାନା ପ୍ରେମ୍ ଭୂମିକାରେ ନଜର ଆସିବେ। ସୁରଜ୍ ଇତିମଧ୍ୟରେ ମୁମ୍ବାଇରେ ଫିଲ୍ମର ସୁଟିଂ ଆରମ୍ଭ ମଧ୍ୟ କରି ଦେଇଛନ୍ତି। ଏହାର କାହାଣୀ ମୁମ୍ବାଇ ଉପରେ ଆଧାରିତ ହେବ। ଏଥିରେ ଆୟୁଷ୍ମାନ୍‌ଙ୍କ ବିପକ୍ଷରେ ଶରବରି ୱାଗ୍ ନଜର ଆସିବେ। ସୁରଜ୍ ବଲିଉଡ୍‌ର ଦବଙ୍ଗ ଖାନ୍ ସଲମାନ୍ ଖାନ୍‌ଙ୍କ ସହ ଅନେକ ଫିଲ୍ମ କରିଛନ୍ତି। ତାଙ୍କର ଅଧିକାଂଶ ଫିଲ୍ମରେ ସଲମାନ୍ 'ପ୍ରେମ୍' ଭୂମିକାରେ ନଜର ଆସିଥାନ୍ତି। ଏହି ଫିଲ୍ମଗୁଡ଼ିକ ବ୍ଲକବଷ୍ଟର୍ ମଧ୍ୟ ସାବ୍ୟସ୍ତ ହୋଇଛି। ଏଗୁଡ଼ିକ ମଧ୍ୟରେ 'ମେନେ ପ୍ୟାର୍ କିୟା', 'ହମ୍ ଆପ୍‌କେ ହେଁ କୌନ୍', 'ହମ୍ ସାଥ୍ ସାଥ୍ ହେଁ', 'ପ୍ରେମ୍ ରତନ ଧନ ପାୟୋ' ଆଦି ଚଳଚ୍ଚିତ୍ର ରହିଛି। ଏବେ ସୁରଜ ସଲମାନ୍‌ଙ୍କ ବୟସକୁ ଆଖି ଆଗରେ ରଖି ସେଭଳି କାହାଣୀ ଖୋଜୁଛନ୍ତି। ସଲମାନ୍‌ଙ୍କ ମୁତାବିକ କାହାଣୀ ମିଳିଲେ ସେ ତାଙ୍କ ସହ କାମ କରିବେ ବୋଲି କହିଛନ୍ତି।




# ନିଆରା ଢଙ୍ଗରେ ସଚେତନତା
# ଭୁଲ ଖାଦ୍ୟ ପରଷୁଛନ୍ତି ଡିମେନ୍‌ସିଆ ରୋଗୀ

ସାଧାରଣତଃ ରେସ୍ତୋରାଁ ଓ ହୋଟେଲଗୁଡ଼ିକରେ ସୁନ୍ଦର ଓ ଶିକ୍ଷିତ ଯୁବକ, ଯୁବତୀଙ୍କୁ ୱେଟର୍ ଭାବେ ନିଯୁକ୍ତି ଦିଆଯାଏ। ଏହି କ୍ରମରେ ଜାପାନରେ ଏମିତି ଏକ ରେସ୍ତୋରାଁ ଅଛି, ଯେଉଁଠି ଗ୍ରାହକଙ୍କୁ ଖାଦ୍ୟ ପରଷନ୍ତି ଡିମେନ୍‌ସିଆ ରୋଗୀ। ଡିମେନ୍‌ସିଆ ଏକ ମାନସିକ ସ୍ୱାସ୍ଥ୍ୟ ସମସ୍ୟା। ଏଥିରେ ପୀଡ଼ିତ ଲୋକେ କୌଣସି କଥାକୁ ମନେ ରଖିପାରନ୍ତି ନାହିଁ। ତେବେ ଏହି ରେସ୍ତୋରାଁ ମାଧ୍ୟମରେ ଏହି ରୋଗ ପ୍ରତି ନିଆରା ଢଙ୍ଗରେ ଲୋକଙ୍କୁ ସଚେତନ କରାଉଛନ୍ତି ଏଠାକାର ଟେଲିଭିଜନ ନିର୍ଦ୍ଦେଶିକା ଶିରୋ ଓଗୁନି। ତାଙ୍କ ରେସ୍ତୋରାଁରେ ମୁଖ୍ୟତଃ ଡିମେନ୍‌ସିଆ ପୀଡ଼ିତଙ୍କୁ ହିଁ ନିଯୁକ୍ତି ମିଳିଥାଏ। କ୍ୱାଟୋରେ ଥିବା ଏହି ରେସ୍ତୋରାଁର ନାମ 'ଦ ରେଷ୍ଟୁରାଣ୍ଟ ଅଫ୍ ମିସ୍‌ଟେକେନ୍ ଅର୍ଡର୍ସ'। ଏଠାରେ ଗ୍ରାହକମାନଙ୍କୁ ସେମାନେ ଅର୍ଡର କରିଥିବା ଖାଦ୍ୟ ପରଷା ଯାଇ ନ ଥାଏ। ଏହି ରେସ୍ତୋରାଁରେ ୱେଟର୍ ଭାବେ କାମ କରିବା ପାଇଁ ଇଚ୍ଛା କରୁଥିବା ଲୋକେ ଡିମେନ୍‌ସିଆ ରୋଗୀ ହେବା ଜରୁରି। ଏକଦା ଶିରୋଙ୍କୁ ଏକ ନର୍ସିଂ ହୋମ୍‌ରେ ଡିମେନ୍‌ସିଆ ରୋଗୀଙ୍କ ଯୋଗୁଁ ଡମ୍ପଲିଂ ବଦଳରେ ବର୍ଗର ପରଷା ଯାଇଥିଲା। ଏହି ଘଟଣା ସଂସ୍ପର୍ଶରେ ଆସିବା ପରେ ସେ ଏଭଳି ଏକ ରେସ୍ତୋରାଁ ଖୋଲିବା ପାଇଁ ଚିନ୍ତା କଲେ। ତାଙ୍କର ଏହି ରେସ୍ତୋରାଁ ବର୍ଷ ବର୍ଷ ଧରି ଗ୍ରାହକଙ୍କୁ ଭୁଲଭାଲ ଖାଦ୍ୟ ପରଷି ଆସୁଛି। ଅବଶ୍ୟ ଏବେ କଣ୍ଟେଣ୍ଟ କ୍ରିଏଟର କୁଲଦୀପ ସିଙ୍ଘାନିଆ ଏହି ରେସ୍ତୋରାଁ ବାବଦରେ ସାମାଜିକ ଗଣମାଧ୍ୟମରେ ଜଣାଇବା ପରେ ଏହା ସମସ୍ତଙ୍କ ନଜରକୁ ଆସିଛି। ଏଠାରେ କୁଲଦୀପ ପନିର ପିଜ୍ଜା ଅର୍ଡର ଦେଇଥିଲେ। କିନ୍ତୁ ୱେଟର କୁକିଜ୍ ପରଷିବାରୁ ସେ ଆଶ୍ଚର୍ଯ୍ୟ ହୋଇଥିଲେ। ଏହାପରେ ସେ ଜାଣିବାକୁ ପାଇଥିଲେ ଯେ, ଏହି ରେସ୍ତୋରାଁ ଗ୍ରାହକଙ୍କୁ ଭୁଲ ଖାଦ୍ୟ ପରଷିବା ପାଇଁ ହିଁ ଖ୍ୟାତ। ସେହିପରି ଏଠାକୁ ଆସୁଥିବା ୯୯ ପ୍ରତିଶତ ଗ୍ରାହକ ସେମାନେ ଅର୍ଡର ଦେଇ ନ ଥିବା ଖାଦ୍ୟ ମିଳିବା ପରେ ବି ମନ ଖୁସିରେ ଫେରୁଥିବା କୁଲଦୀପ କହିଛନ୍ତି। କୁଲଦୀପଙ୍କର ଏହି ଭିଡିଓ ଏବେ ସାମାଜିକ ଗଣମାଧ୍ୟମରେ ବେଶ୍ ଭାଇରାଲ ହେଉଛି।



# ଏଆଇକୁ ପ୍ରଶ୍ନ ପଚାରି ଚିକିତ୍ସା କରାଇବା ଠିକ୍ ନା ଭୁଲ

ଏବେ ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସକୁ ଲୋକେ ସ୍ୱାସ୍ଥ୍ୟ ସମ୍ବନ୍ଧିତ ପ୍ରଶ୍ନ ପଚାରୁଥିବାର ଦେଖାଯାଉଛି। ଏଇ ଯେମିତି କେତେବେଳେ ଡାକ୍ତରଙ୍କ ପାଖକୁ ଯିବା ଦରକାର, କେଉଁ ଲକ୍ଷଣ କେଉଁ ରୋଗର ଏବଂ ଏକ ନିର୍ଦ୍ଦିଷ୍ଟ ରୋଗ ପାଇଁ ଏହି ଔଷଧ ଠିକ୍ କି ନୁହେଁ ଭଳି ଅନେକ ପ୍ରଶ୍ନ ଏଆଇକୁ ପଚରାଯାଉଛି। ତେବେ ଏଆଇରୁ ମିଳୁଥିବା ଉତ୍ତର କେତେ ଦୂର ଭରସାଯୋଗ୍ୟ, ସେ କଥା କେହି ଚିନ୍ତା କରି ନ ଥାନ୍ତି। ଷ୍ଟାନଫୋର୍ଡ ବିଶ୍ୱବିଦ୍ୟାଳୟର ଏକ ଗବେଷଣା ଲୋକଙ୍କର ଏହି ଭରସା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ଉକ୍ତ ଗବେଷଣାନୁସାରେ, ଏବେ ଅଧିକାଂଶ ଟପ୍ ଏଆଇ ମଡେଲ ସ୍ୱାସ୍ଥ୍ୟ ସମ୍ବନ୍ଧିତ ପ୍ରଶ୍ନର ଉତ୍ତର ରଖୁଛନ୍ତି। କେବଳ ସେତିକି ନୁହେଁ, ଡାକ୍ତରଙ୍କ ଭଳି ସେମାନେ ଫଲୋଅପ୍ ପ୍ରଶ୍ନ ମଧ୍ୟ ପଚାରୁଛନ୍ତି। ତେବେ ଏହି ଗବେଷଣାର ମୁଖ୍ୟ ଗବେଷକ କହିଛନ୍ତି, ୨୦୨୩ ମସିହାରେ ଯେତେବେଳେ ସେ ଏନେଇ ଏକ ଗବେଷଣା କରିଥିଲେ, ସେତେବେଳେ ସମସ୍ତ ବଡ଼ ବଡ଼ ଏଆଇ ମଡେଲଗୁଡ଼ିକ ନିଜକୁ ଡାକ୍ତର ବୋଲି କହି ନ ଥିଲେ। ଏପରିକି ଅନେକଥର ଏଆଇ ପ୍ରଶ୍ନର ଉତ୍ତର ନ ଦେବା ପାଇଁ ବି ସ୍ପଷ୍ଟ ଭାବେ କହି ଦେଉଥିଲା। ହେଲେ ୨୦୨୫ରେ ଏହି ଦୃଶ୍ୟ ସମ୍ପୂର୍ଣ୍ଣ ବଦଳି ଯାଇଥିବା ସେ କହିଛନ୍ତି। ଏବେ ଏଆଇ ବିନା କୌଣସି ଚେତାବନୀରେ ଡାକ୍ତରୀ ପରାମର୍ଶ ପ୍ରଦାନ କରୁଛି। ଓପନ ଏଆଇ, ଆନ୍ଥ୍ରୋପିକ୍, ଡିପ୍‌ସିକ୍, ଗୁଗଲ ଭଳି ସମୁଦାୟ ୧୫ଟି ବଡ଼ ଏଆଇ ମଡେଲର ୫୦୦ ଡାକ୍ତରୀ ପରାମର୍ଶ ଏବଂ ୧୫୦୦ ମେଡିକାଲ ଇମେଜ ଉପରେ ଏହି ଗବେଷଣା କରାଯାଇଥିଲା। ଯାହାର ଫଳାଫଳ ଅତ୍ୟନ୍ତ ଆଶ୍ଚର୍ଯ୍ୟଜନକ ଥିଲା। ତେବେ ଏଆଇ ଯେତେବେଳେ ପ୍ରତିଟି ପ୍ରଶ୍ନର ଉତ୍ତର ବେଶ୍ ଆତ୍ମବିଶ୍ୱାସର ଦିଏ ସେତେବେଳେ ଲୋକେ ତାଙ୍କ ସାମ୍ନାରେ ଡାକ୍ତରଙ୍କ ବଦଳରେ ମେସିନ୍ ବସିଥିବା କଥା ଭୁଲିଯାନ୍ତି। ଗବେଷକଙ୍କ କହିବା କଥା, ଭୁଲ୍ ସୂଚନା ରୋଗୀଙ୍କ ଜୀବନ ମଧ୍ୟ ନେଇପାରେ। ସେହିପରି ଏମ୍‌ଆଇଟିର ଏଆଇ ବିଶେଷଜ୍ଞଙ୍କ କହିବା କଥା, ଲୋକେ ଯେଭଳି ଏହି ଟୁଲ୍‌କୁ ଅଧିକ ବ୍ୟବହାର କରିବେ, କମ୍ପାନିଗୁଡ଼ିକ ଜାଣିଶୁଣି ଲୋକଙ୍କ ଭରସା ଜିତିବା ଲାଗି ଚେତାବନୀଗୁଡ଼ିକ ହଟେଇ ଦେଉଛନ୍ତି। ଏହାଦ୍ୱାରା ସାଧାରଣ ଲୋକଙ୍କୁ ହିଁ ଅସୁବିଧାର ସାମ୍ନା କରିବାକୁ ପଡ଼ିବ। ଆହୁରି ମଧ୍ୟ ଗବେଷକମାନେ କହିଛନ୍ତି ଯେ, ମାନସିକ ସ୍ୱାସ୍ଥ୍ୟ ସମ୍ପର୍କିତ ପ୍ରଶ୍ନରେ ଏଆଇ କିଛି ସତର୍କତା ଅବଲମ୍ବନ କରିଥାଏ। ହେଲେ ମେଡିକାଲ ଇମରଜେନ୍ସି, ଗମ୍ଭୀର ରୋଗ ଆଦି କ୍ଷେତ୍ରରେ ଏହା ବିନା ଦ୍ୱିଧାରେ ପରାମର୍ଶ ଦେଇଥାଏ। ହେଲେ ପ୍ରକୃତରେ ମେସିନ୍ କିଛି ବୁଝି ନ ଥାଏ, କେବଳ ଯାହା ଡାଟା ପ୍ରୋସେସିଂ କରିଥାଏ। ତେଣୁ ଏଆଇ ଏକ ଉତ୍ତମ ଟୁଲ୍ ହୋଇଥିବା ବେଳେ ଏହା କେବେବି ଡାକ୍ତରଙ୍କ ବିକଳ୍ପ ହୋଇପାରିବ ନାହିଁ। ସେହିପରି ଗବେଷକଙ୍କ କହିବା କଥା, ଏଆଇକୁ ସ୍ୱାସ୍ଥ୍ୟ ସମ୍ବନ୍ଧିତ ପ୍ରଶ୍ନ ପଚାରିବା ପରେ ଡାକ୍ତରଙ୍କ ଠାରୁ ତାହା ଯାଞ୍ଚ କରିନେବା ଆବଶ୍ୟକ।



# ପାଣିରେ ମିଳେଇବ ପ୍ଲାଷ୍ଟିକ୍

ସାଧାରଣତଃ ପ୍ଲାଷ୍ଟିକ୍ ମାଟିରେ ଶୀଘ୍ର ବିଘଟନ ହୋଇ ନ ଥାଏ। ଫଳରେ ଏହା ମାଟିରେ ପଡ଼ି ରହି ପରିବେଶ ପ୍ରଦୂଷଣର କାରଣ ସାଜେ। କେବଳ ଯେ, ଏହା ମୃତ୍ତିକାକୁ ପ୍ରଦୂଷଣ କରୁଛି କି ତାହା ନୁହେଁ ନିୟମିତ ସମୁଦ୍ରରେ ହଜାର ହଜାର ଟନ୍ ପ୍ଲାଷ୍ଟିକ୍ ମିଶି ସାମୁଦ୍ରିକ ଜୀବଙ୍କ ପାଇଁ ମଧ୍ୟ ଏହା ଏକ ବିପଜ୍ଜନକ ପରିବେଶ ସୃଷ୍ଟି କରୁଛି। ତେବେ ଏଥିରୁ ରକ୍ଷା ପାଇବା ଲାଗି ଜାପାନର ବୈଜ୍ଞାନିକମାନେ ଏକ ନୂଆ ପ୍ରକାରର ପ୍ଲାଷ୍ଟିକ୍ ବିକଶିତ କରିଛନ୍ତି। ଯାହାକି ସମୁଦ୍ରର କ୍ଷାରୀୟ ଜଳ ସଂସ୍ପର୍ଶରେ ଆସିବାର କିଛି ସମୟ ମଧ୍ୟରେ ମିଳେଇ ଯିବ। ଟୋକିଓ ବିଶ୍ୱବିଦ୍ୟାଳୟ ଏବଂ ରିକେନ ସେଣ୍ଟରର ବୈଜ୍ଞାନିକମାନେ ମିଶି ଏହାକୁ ବିକଶିତ କରିଛନ୍ତି। ଏହି ନୂଆ ଅନୁସନ୍ଧାନ ସମୁଦ୍ରକୁ ପରିଷ୍କାର ତଥା ସଫା ରଖିବାରେ ସାହାଯ୍ୟ କରିବ। ଏହା ସହ ଭବିଷ୍ୟତରେ ପ୍ଲାଷ୍ଟିକ୍ ସମସ୍ୟାକୁ କମ୍ କରିବାର ଏକ ସୁନ୍ଦର ବିକଳ୍ପ ହେବ ବୋଲି କୁହାଯାଇପାରିବ। ନୂତନ ପ୍ଲାଷ୍ଟିକ୍‌ର ବିଶେଷତ୍ୱ ହେଉଛି, ଏଥିରୁ କୌଣସି ପ୍ରକାର ବିଷାକ୍ତ ପଦାର୍ଥ କିମ୍ବା ମାଇକ୍ରୋପ୍ଲାଷ୍ଟିକ୍ ନିର୍ଗତ ହୁଏ ନାହିଁ। ତେବେ ଏହି ନୂତନ ପ୍ଲାଷ୍ଟିକ୍ ଦେଖିବାକୁ ସାଧାରଣ ପ୍ଲାଷ୍ଟିକ୍ ଭଳି। ଏହାର ଅନ୍ୟତମ ବିଶେଷତ୍ୱ ହେଉଛି ଲୁଣି ପାଣି ସଂସ୍ପର୍ଶରେ ଆସିବା ଦ୍ୱାରା ଏହା ଛୋଟ ଛୋଟ ଖଣ୍ଡରେ ଭାଙ୍ଗିଯାଏ। ଏହାପରେ ପାଣିରେ ରହୁଥିବା ଜୀବାଣୁଗୁଡ଼ିକ ଏହାକୁ ପୂରାପୂରି ନଷ୍ଟ କରିଦେଇଥାନ୍ତି। ତେବେ ଏହି ନୂତନ ପ୍ଲାଷ୍ଟିକ୍ କେବଳ ସମୁଦ୍ର ଜଳରେ ନୁହେଁ, ଲୁଣିଆ ଭୂମିରେ ବି ଧୀରେ ଧୀରେ ନଷ୍ଟ ହୋଇଯାଏ। ସେହିପରି ଏହି ପ୍ଲାଷ୍ଟିକ୍ ମାଟିରେ ପଡ଼ିବାର ୮ ଦିନ ମଧ୍ୟରେ ଏହା ବିଘଟିତ ହୋଇଥାଏ। ଅନ୍ୟପଟେ ଏହା ବିଷାକ୍ତ ମଧ୍ୟ ନୁହେଁ। ତେଣୁ ଏହାକୁ ଜାଳିଲେ ଏଥିରୁ ଅଙ୍ଗାରକାମ୍ଳ ନିର୍ଗତ ହୁଏ ନାହିଁ। ଏହିପରି ଭାବେ ଏହି ପ୍ଲାଷ୍ଟିକ୍ ପରିବେଶର କ୍ଷତି କରିବ ନାହିଁ।



## ଆଜିର ରାଶିଫଳ

**ମେଷ:** ବ୍ୟବସାୟରେ ଆଶାଜନକ ପରିଣାମ ମିଳିବ ନାହିଁ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ପରିବାର ସହ ହସଖୁସିର ସମୟ ଅତିବାହିତ କରିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ବୃଷ:** ଯାତ୍ରା ଯୋଗ ଅଛି। ନିବେଶରୁ ଦୂରେଇ ରୁହନ୍ତୁ। ଛାତ୍ରଛାତ୍ରୀ ମନପସନ୍ଦ କାର୍ଯ୍ୟରେ ସମୟ ଅତିବାହିତ କରିବେ। ପଡୋଶୀଙ୍କ ସହ ମନୋମାଳିନ୍ୟ ହୋଇପାରେ। ଆୟ ଓ ବ୍ୟୟ ସମାନ ରହିବ।

**ମିଥୁନ:** ଧାର୍ମିକ ପୁସ୍ତକ ପ୍ରତି ଆଗ୍ରହ ବଢ଼ିବ। ମନ ପ୍ରସନ୍ନ ରହିବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ। ପରୋପକାର କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ। ଘରେ ମାଙ୍ଗଳିକ କାର୍ଯ୍ୟ ଅନୁଷ୍ଠିତ ହେବ।

**କର୍କଟ:** ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। କୌଣସି କାର୍ଯ୍ୟରେ ସମସ୍ୟା ଦେଖା ଦେବ। ଅଯଥା ଖର୍ଚ୍ଚ ବୃଦ୍ଧି ପାଇବ। ବିବାହରେ ସମସ୍ୟା ଆସିପାରେ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ।

**ସିଂହ:** ଚାକିରିରେ ସଫଳତା ମିଳିବ। ଜୀବନସାଥୀଙ୍କ ସହଯୋଗ ମିଳିବ। ବାପାଙ୍କ ସ୍ୱାସ୍ଥ୍ୟ ସମସ୍ୟାକୁ ନେଇ ଚିନ୍ତାରେ ରହିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଉଧାର ଟଙ୍କା ଫେରି ପାଇବେ।

**କନ୍ୟା:** ଚାକିରିକୁ ନେଇ କୌଣସି ସମସ୍ୟା ଦେଖା ଦେଇପାରେ। ପାରିବାରିକ ଜୀବନ ସୁଖମୟ ହେବ। ଘରେ ପୂଜାପାଠ ଆୟୋଜନ କରିବେ। ରାଜନେତାଙ୍କ ପାଇଁ ଦିନଟି ଭଲ।

**ତୁଳା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଆର୍ଥିକ ସ୍ଥିତି ମଜଭୁତ୍ ହେବ। ବିବାହ ପ୍ରସ୍ତାବ ଆସିପାରେ। ରାଜନୀତିରେ ସଫଳତା ମିଳିବ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି। ଦୀର୍ଘ ଦିନର ଆଶା ପୂରଣ ହେବ।

**ବିଛା:** ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳତା ମିଳିବ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ବୈବାହିକ ଜୀବନ ସୁଖଶାନ୍ତିରେ କଟିବ। ବିଦ୍ୟାର୍ଥୀ ପଢ଼ାରେ ମନୋନିବେଶ କରିବେ।

**ଧନୁ:** ପରିବାର ଲୋକଙ୍କ ସହଯୋଗ ମିଳିବ। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଆୟ ତୁଳନାରେ ବ୍ୟୟ ଅଧିକ ହେବ। କଥାରେ ମଧୁରତା ରକ୍ଷା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ।

**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ବ୍ୟବସାୟରେ ଲାଭ ମିଳିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପଡ଼ୋଶୀଙ୍କ ସହ ମତାନ୍ତର ହେବ। ପୈତୃକ ସମ୍ପତ୍ତିରୁ ଲାଭ ମିଳିବ। ପ୍ରେମ ସମ୍ବନ୍ଧ ସୁଖମୟ ହେବ।

**କୁମ୍ଭ:** ବ୍ୟବସାୟକୁ ନେଇ ଦୂରସ୍ଥାନକୁ ଯାତ୍ରା କରିବେ। ନିବେଶରୁ ଦୂରେଇ ରୁହନ୍ତୁ। ଘରେ ପୂଜାପାଠ ଆୟୋଜନ ହେବ। ବିବାହ ସମସ୍ୟା ସମାଧାନ ହେବ। ଯାନବାହନ କ୍ରୟର ଯୋଗ ଅଛି।

**ମୀନ:** ଆଖି ବୁଜି ଅନ୍ୟମାନଙ୍କ ଉପରେ ଭରସା କରନ୍ତୁନି। ନିଜ କଥା ଉପରେ ନିୟନ୍ତ୍ରଣ ରଖନ୍ତୁ। ପିଲାମାନେ ପଢ଼ାପଢ଼ିରେ ଅଧିକ ଧ୍ୟାନ ଦେବେ। ଅପ୍ରିୟ ସତ କହି ସମସ୍ୟାରେ ପଡ଼ିପାରନ୍ତି।

### ୫୫ ଦିନ ପରେ ଉଦ୍ଧାର ହେଲେ ନାବାଳିକା

## ଝିଅକୁ ଖୋଜିବାକୁ ପରିବାରକୁ ମାଗୁଥିଲେ ଟଙ୍କା; ଏଏସଆଇ ନିଲମ୍ବିତ

ଭଦ୍ରକ,୧୩।୮ (ସମିସ): ନିଲମ୍ବିତ ହେଲେ ଧାମନଗର ଥାନା ଏଏସଆଇ ନେପାଳ ସାହା। ଜଣେ ନାବାଳିକାଙ୍କ ଅପହରଣ ଘଟଣାରେ କାର୍ଯ୍ୟରେ ଅବହେଳା ଏବଂ ନାବାଳିକାକୁ ଖୋଜିବା ପାଇଁ ପରିବାରକୁ ଟଙ୍କା ମାଗିବା ଅଭିଯୋଗରେ ଏସ୍‌ପି ଏସପି ମନୋଜ କୁମାର ରାଉତ ଶ୍ରୀ ସାହାଙ୍କୁ ନିଲମ୍ବନ କରିଛନ୍ତି। ଘଟଣାରୁ ପ୍ରକାଶଯେ, ଜୁନ ୧୭ ତାରିଖରେ ଭଦ୍ରକ ଜିଲ୍ଲା ଧାମନଗର ଥାନା କାଙ୍କରା ଗ୍ରାମର ଜନୈକା ନାବାଳିକା ଛାତ୍ରୀଙ୍କୁ ସେହି ଥାନା ଅନ୍ତର୍ଗତ ତାଳପଦା ଗ୍ରାମର ଜଣେ ଯୁବକ ଯୁବକ ଏବଂ ତାର ଦୁଇଜଣ ସାଙ୍ଗଙ୍କ ସହଯୋଗରେ ଅପହରଣ କରି ନେଇଥିବା ଛାତ୍ରୀଙ୍କ ମାଆ ଧାମନଗର ଥାନାରେ ଅଭିଯୋଗ କରିଥିଲେ। ଥାନା ଅଧିକାରୀ ଏଏସଆଇ ନେପାଳ ସାହାଙ୍କୁ ଏହାର ତଦନ୍ତ ଦାୟିତ୍ୱ ଦେଇଥିଲେ; ହେଲେ ତଦନ୍ତକାରୀ ଅଧିକାରୀ ଛାତ୍ରୀ ଏବଂଓ ଅପହରଣ କରିଥିବା ଯୁବକକୁ ଠାବ କରିପାରିନଥିଲେ। ତେବେ ଅଭିଯୋଗର ୫୫ ଦିନ ପରେ ଧାମନଗର ପୁଲିସ ଏକ ସ୍ୱତନ୍ତ୍ର ସ୍କ୍ୱାଡ ଗଠନ କରି ଗତ ୧୧ ତାରିଖ ବିଳମ୍ବିତ ରାତିରେ କେନ୍ଦୁଝର ଜିଲ୍ଲାର ଏକ ଭଡାଘରୁ ନାବାଳିକା ଛାତ୍ରୀଙ୍କୁ ଉଦ୍ଧାର କରିଥିଲେ। ନାବାଳିକାକୁ ଡାକ୍ତର ମାଇନା କରିବା ପରେ ଭଦ୍ରକ ଆସିଆନାରେ ରଖାଯାଇଛି। ଏପଟେ ନାବାଳିକାକୁ ଖୋଜିବାରେ ବିଳମ୍ବ ନେଇ ପରିବାର ଲୋକେ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ଧାମନଗର ଥାନା ଆଇଆଇସି ଓ ତଦନ୍ତକାରୀ ଅଧିକାରୀଙ୍କୁ ବ୍ୟକ୍ତିଗତ ଭାବେ ୧୧ ତାରିଖରେ ବ୍ୟକ୍ତିଗତ ଭାବେ ହାଜର ହେବାକୁ ହାଇକୋର୍ଟ ନିର୍ଦ୍ଦେଶ ଦେଇଥିଲେ। ହାଇକୋର୍ଟଙ୍କ ନିର୍ଦ୍ଦେଶ ପରେ ତଦନ୍ତକାରୀ ଅଧିକାରୀ ଏଏସଆଇ ନେପାଳ ସାହାଙ୍କୁ ଭଦ୍ରକ ଏସପି ନିଲମ୍ବିତ କରିଛନ୍ତି। ଏହି ଘଟଣାରେ ସଂପୃକ୍ତ ଥିବା ଅନ୍ୟ ଦୁଇ ସହଯୋଗୀଙ୍କ ମଧ୍ୟରୁ ପୁଲିସ ଜଣକୁ ଗିରଫ କରିଥିବା ବେଳେ ମୁଖ୍ୟ ଅଭିଯୁକ୍ତ ଓ ଅନ୍ୟ ଜଣେ ସହଯୋଗୀ ଫେରାର ଅଛନ୍ତି। ସେମାନଙ୍କୁ ପୁଲିସ ଖୁବଶୀଘ୍ର ଗିରଫ କରିବ ବୋଲି ଏସପି କହିଛନ୍ତି।

**ସୁଭଦ୍ରା ପେଞ୍ଚ**

## ପ୍ରଥମ କିସ୍ତି ଦେଲେ; ଦ୍ୱିତୀୟ କିସ୍ତିକୁ ମାରିଦେଲେ

### ୨୧ ଜୀବିତ ହିତାଧିକାରୀଙ୍କୁ ମୃତ ଦର୍ଶାଇଲା 'ସୁଭଦ୍ରା' ପୋର୍ଟାଲ


ସାକ୍ଷୀଗୋପାଳ,୧୩।୮ (ସମିସ): ମହିଳାମାନଙ୍କୁ ଆର୍ଥିକ ସ୍ୱାବଲମ୍ବୀ କରିବା ନିମନ୍ତେ ରାଜ୍ୟ ସରକାରଙ୍କ ଦ୍ୱାରା ପ୍ରଣୟନ କରାଯାଇଥିବା 'ସୁଭଦ୍ରା' ଯୋଜନାର ଏକ ବଡ଼ ବ୍ୟତିକ୍ରମ ଦେଖାଯାଇଛି ପୁରୀ ଜିଲ୍ଲା ଅନ୍ତର୍ଗତ ସତ୍ୟବାଦୀ ବ୍ଲକ୍‌ରେ। ଜୀବିତ ଥିବା ୨୧ ଜଣ ହିତାଧିକାରୀଙ୍କୁ ସୁଭଦ୍ରା ପୋର୍ଟାଲ୍‌ରେ ମୃତ ବୋଲି ଦର୍ଶାଯାଇଛି। ଫଳରେ ଉକ୍ତ ୨୧ ହିତାଧିକାରୀ ସୁଭଦ୍ରା ସହାୟତାରୁ ବଞ୍ଚିତ ହୋଇଛନ୍ତି। ଏହି ସମସ୍ୟା ସମାଧାନ ନିମନ୍ତେ ସ୍ଥାନୀୟ ପ୍ରଶାସନଠାରୁ ଆରମ୍ଭ କରି ସତ୍ୟବାଦୀ ବିଧାୟକ ଓମ୍ ପ୍ରକାଶ ମିଶ୍ର ଓ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ନିକଟରେ ଲିଖିତ ଅଭିଯୋଗ କରିଥିଲେ ମଧ୍ୟ ଏହାର କୌଣସି ସୁଫଳ ମିଳୁନାହିଁ ବୋଲି ଉକ୍ତ ହିତାଧିକାରୀମାନେ ଅଭିଯୋଗ କରିଛନ୍ତି।

ସତ୍ୟବାଦୀ ବ୍ଲକ୍ ଅନ୍ତର୍ଗତ ନୂଆ ସମେଶ୍ୱରପୁର ପଞ୍ଚାୟତର ସୁଭଦ୍ରା ହିତାଧିକାରୀ ପ୍ରତିମା ମିଶ୍ର ସ୍ୱାମୀ ଗଙ୍ଗାଧର ମିଶ୍ର। ୧୯୮୮ରେ ତାଙ୍କର ଜନ୍ମ। ସୁଭଦ୍ରାର ପ୍ରଥମ କିସ୍ତି ଷ୍ଟେଟ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ ସାକ୍ଷୀଗୋପାଳ ବ୍ରାଞ୍ଚରେ ଥିବା ଆକାଉଣ୍ଟ ଜରିଆରେ ସେ ପାଇଥିଲେ। ମାତ୍ର ଦ୍ୱିତୀୟ କିସ୍ତି ଟଙ୍କା ତାଙ୍କ ଆକାଉଣ୍ଟକୁ ଆସି ନ ଥିଲା। ଏ ସମ୍ପର୍କରେ ସେ ଏକ ଜନସେବା କେନ୍ଦ୍ରରେ ବୁଝାସୁଝା କରିଥିଲେ ହେଁ ସେଠାରେ ତାଙ୍କୁ ମୃତ ବୋଲି ଦର୍ଶାଯାଇ ଉକ୍ତ ଯୋଜନାରୁ ତାଙ୍କୁ ବାଦ୍ ଦିଆଯାଇଛି ବୋଲି ଜାଣିବାକୁ ପାଇଥିଲେ। ତୁରନ୍ତ ଏ ସମ୍ପର୍କରେ ସେ ବ୍ଲକ୍‌ରେ ଥିବା ସୁଭଦ୍ରା ହେଲ୍ପ ଡେସ୍କ ସହିତ ଯୋଗାଯୋଗ କରିଥିଲେ। ମାତ୍ର ତାଙ୍କ ଅଭିଯୋଗର କୌଣସି ପ୍ରତିକ୍ରିୟା ଏଯାଏଁ ମିଳିନଥିବା ସେ ଅଭିଯୋଗ କରିଛନ୍ତି। ସେହିପରି ଅଞ୍ଜଳି ପ୍ରଧାନ, ସିପ୍ରା ସାହୁ, ନିବେଦିତା ପ୍ରଧାନ ପ୍ରମୁଖଙ୍କୁ ମୃତ ଦର୍ଶାଇ ସୁଭଦ୍ରା ଦ୍ୱିତୀୟ କିସ୍ତିରୁ ବଞ୍ଚିତ କରାଯାଇଛି।

ଗତ ଅକ୍ଷୟ ତୃତୀୟା ଦିନ ସତ୍ୟବାଦୀରେ ଅନୁଷ୍ଠିତ ଅଖିମୁଠି ଅନୁକୂଳ ଅବସରରେ ଏକ ସ୍ୱତନ୍ତ୍ର ଉତ୍ସବରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଓ ସତ୍ୟବାଦୀ ବିଧାୟକ ଓମ୍ ପ୍ରକାଶ ମିଶ୍ରଙ୍କୁ ଉକ୍ତ ହିତାଧିକାରୀମାନେ ଏ ସମ୍ପର୍କରେ ଅବଗତ କରିବା ସହ ଏକ ଲିଖିତ ଅଭିଯୋଗ ମଧ୍ୟ କରିଥିଲେ। ଏହା ମଧ୍ୟରେ ଗତ ଗହ୍ମା ପୂର୍ଣ୍ଣିମା ଓ ରକ୍ଷା ବନ୍ଧନ ଅବସରରେ ସୁଭଦ୍ରାର ତୃତୀୟ କିସ୍ତି ଟଙ୍କା ମିଳିସାରିଛି। ଏହି ହିତାଧିକାରୀମାନେ ସୁଭଦ୍ରା ଯୋଜନାରୁ ବଞ୍ଚିତ ରହିଥିବାବେଳେ ଏହି ପ୍ରମୁଖ ସମସ୍ୟାର ସମାଧାନ କରିବା ନିମନ୍ତେ ସେ ନିବେଦନ କରିଛନ୍ତି। ଏ ସମ୍ପର୍କରେ ସତ୍ୟବାଦୀ ମହିଳା ଓ ଶିଶୁ ବିକାଶ ଅଧିକାରୀ ରାଜଲକ୍ଷ୍ମୀ ଦାଶ କହିଛନ୍ତି, ପ୍ରତିମା ମିଶ୍ର ଏ ସମ୍ପର୍କରେ ଆମ ବିଭାଗରେ ଅଭିଯୋଗ କରିଥିଲେ। ତାଙ୍କ ଅଭିଯୋଗକୁ ଗୁରୁତ୍ୱର ସହ ନେଇ ମୁଁ ତାଙ୍କର ସମସ୍ତ ପ୍ରମାଣପତ୍ର ଯାଞ୍ଚ କରିବା ସହ ତାଙ୍କ ବିଷୟରେ ସମସ୍ତ ତଥ୍ୟ ଯୋଗାଡ଼ କରି ଘଟଣାର ସତ୍ୟତା ସମ୍ପର୍କରେ ଉଚ୍ଚ କର୍ତ୍ତୃପକ୍ଷଙ୍କୁ ଅବଗତ କରାଯାଇଛି। ସୁଭଦ୍ରା ଯୋଜନାରେ ସତ୍ୟବାଦୀ ବ୍ଲକ୍‌ରେ ୩୧ ଜଣ ହିତାଧିକାରୀ ପ୍ରଥମ କିସ୍ତି ପାଇସାରିବା ପରେ ସେମାନଙ୍କୁ ସୁଭଦ୍ରା ପୋର୍ଟାଲରେ ମୃତ ଦର୍ଶାଯାଇଛି। ସେଥିମଧ୍ୟରୁ ଆମ ବିଭାଗ ପକ୍ଷରୁ ପ୍ରତ୍ୟକ୍ଷ ଭାବରେ ଯାଞ୍ଚ କରାଯାଇଥିଲା। ସମୁଦାୟ ୩୧ ମୃତ ହିତାଧିକାରୀଙ୍କ ମଧ୍ୟରେ ଏବେ ୨୧ ଜଣ ଜୀବିତ ରହିଥିବାବେଳେ ୧୦ ଜଣ ହିତାଧିକାରୀଙ୍କର ପ୍ରକୃତରେ ମୃତ୍ୟୁ ହୋଇଛି। ଏ ସମ୍ପର୍କରେ ସେ ଉଚ୍ଚ କର୍ତ୍ତୃପକ୍ଷଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ଖୁବ୍‌ଶୀଘ୍ର ସଂଶୋଧନ କରାଯିବା ସହ ବାଦ୍ ପଡ଼ିଥିବା ଏହି ହିତାଧିକାରୀଙ୍କୁ ସୁଭଦ୍ରା ଯୋଜନାରେ ସାମିଲ୍ କରି ସହାୟତା ଅର୍ଥ ପ୍ରଦାନ କରାଯିବ।

■ ବୁର୍ଲା ଭିମସାରରେ ଅଘଟଣ

## ପ୍ରଥମ ମହଲାରୁ ଡେଇଁ ରୋଗୀଙ୍କ ଆତ୍ମହତ୍ୟା ଉଦ୍ୟମ



ସମ୍ବଲପୁର, ୧୩।୮ (ସମିସ): ବୁର୍ଲା ଭିମସାରରେ ଏକ ଅଘଟଣ ଘଟିଛି। ଜଣେ ରୋଗୀ ଭିମସାର୍ ଡାକ୍ତରଖାନାର ପ୍ରଥମ ମହଲାରୁ ଡେଇଁ ଆତ୍ମହତ୍ୟା ଉଦ୍ୟମ କରିଛନ୍ତି। ସେ ବରଗଡ଼ ଜିଲ୍ଲା ବିଜେପୁର ଥାନା ଅନ୍ତର୍ଗତ ଭାଟିଗାଓଁର ସୁବୀର ସିରଦାର (୨୮) ବୋଲି ଜଣାପଡ଼ିଛି। ତାଙ୍କୁ ଗୁରୁତର ଅବସ୍ଥାରେ ଭିମସାର କାଜୁଆଲଟିରେ ଭର୍ତ୍ତି କରାଯାଇଛି।

ଉଲ୍ଲେଖଯୋଗ୍ୟ ଯେ, ମଙ୍ଗଳବାର ରାତିରେ ଭାଟିଗାଓଁର ସୁବୀର ସିରଦାର ଏକ ଧାରୁଆ ଅସ୍ତ୍ରରେ ନିଜ ତଣ୍ଟି କାଟି ଗୁରୁତର ଆହତ ହୋଇଥିଲେ। ପରିବାର ଲୋକେ ତାଙ୍କୁ ପ୍ରଥମେ ତାଙ୍କୁ ବରଗଡ଼ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରିଥିଲେ। ତେବେ, ଅବସ୍ଥା ଗୁରୁତର ହେବାରୁ ଆଜି ଭୋର ସକାଳୁ ତାଙ୍କୁ ଭିମସାରକୁ ସ୍ଥାନାନ୍ତରିତ କରାଯାଇଥିଲା। ଭିମସାର କାଜୁଆଲଟିରେ ପ୍ରାଥମିକ ଚିକିତ୍ସା ପରେ ତାଙ୍କୁ ଷ୍ଟ୍ରେଚରରେ ଅସ୍ତ୍ରୋପଚାର ପାଇଁ ପ୍ରାୟ ସାଢ଼େ ୧୧ଟା ସମୟରେ ପ୍ରଥମ ମହଲାରେ ଥିବା କର୍ଣ୍ଣ, ନାସା ଓ ଗଳା (ଇଏନ୍‌ଟି) ବିଭାଗ ଅସ୍ତ୍ରୋପଚାର କକ୍ଷ ସମ୍ମୁଖକୁ ଅଣାଯାଇଥିଲା। ସେଠାରେ ତାଙ୍କୁ ପରିବାରବର୍ଗଙ୍କ ସହ ଅପେକ୍ଷା କରିବାକୁ କୁହାଯାଇଥିଲା। ଏହି ସମୟରେ ସେଠାରୁ ସେ କୌଶଳକ୍ରମେ ଖସିଯାଇ ପ୍ରଥମ ମହଲା ଛାତରୁ ତଳକୁ ଡେଇଁ ଆତ୍ମହତ୍ୟା କରିବାକୁ ଉଦ୍ୟମ କରିଥିଲେ। ତାଙ୍କୁ ଗୁରୁତର ଆହତ ଅବସ୍ଥାରେ ସ୍ୱାସ୍ଥ୍ୟ କର୍ମୀ, ସୁରକ୍ଷାକର୍ମୀ ଓ ଅନ୍ୟମାନେ ଉଦ୍ଧାର କରି ଭିମସାରରେ ଭର୍ତ୍ତି କରିଥିଲେ। ଏନେଇ ଭିମସାର ଅଧୀକ୍ଷକ ପ୍ରଫେସର ଲାଲମୋହନ ନାୟକ କହିଛନ୍ତି ଯେ, ସୁବୀରଙ୍କ ସ୍ୱାସ୍ଥ୍ୟାବସ୍ଥା ଏବେ ଭଲ ରହିଛି। ସମସ୍ତ ପାରାମିଟର ଷ୍ଟେବୁଲ ହେବାପରେ ଇଏନ୍‌ଟି ବିଭାଗ ଅସ୍ତ୍ରୋପଚାର କରାଯିବ ବୋଲି କହିଛନ୍ତି।

## ହୀରାକୁଦ ଜଳସ୍ତର ୬୧୩.୬୦ ଫୁଟ୍

ସମ୍ବଲପୁର, ୧୩।୮ (ସମିସ): ବୁଧବାର ଅପରାହ୍ଣ ୩ଟା ସମୟରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୧୩.୬୦ ଫୁଟ୍ ରହିଛି। ନଦୀବନ୍ଧର ସମସ୍ତ ଗେଟ୍ ବନ୍ଦ ରହିଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୩୨,୧୪୫ ଘନଫୁଟ ଜଳ ପ୍ରବେଶ କରୁଥିବାବେଳେ ପାୱାର ଚେନାଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ୪୦,୧୬୭ ଘନଫୁଟ ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ କୌଣସି ଜଳ ନିଷ୍କାସନ ହେଉନାହିଁ। ପାୱାର ଚେନାଲ ଦେଇ ୩୫,୫୯୦ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୧୪ ଘନଫୁଟ, କେନାଲ ପାଇଁ ୪,୩୬୩ ଘନଫୁଟ ଜଳ ନିଷ୍କାସିତ ହେଉଛି। ହୀରାକୁଦ ନଦୀବନ୍ଧର ଉପରମୁଣ୍ଡରେ ୯.୩୩ ମିମି ବର୍ଷା ହୋଇଥିବାବେଳେ ତଳମୁଣ୍ଡରେ ୫.୩୦ ମିମି ବର୍ଷା ହୋଇନଥିବା ସୂଚନା ମିଳିଛି। ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୧୩.୭୭ ଫୁଟ୍ ରହିଥିଲା।

■ ଫକୀରମୋହନ କଲେଜ ଛାତ୍ରୀ ଆତ୍ମହତ୍ୟା ଘଟଣା

## କୋର୍ଟରେ ପୁଲିସ ସିଡି ଦାଖଲ କରି ନ ପାରିବାରୁ ହେଲାନି ଶୁଣାଣି

ବାଲେଶ୍ୱର,୧୩।୮ (ସମିସ): ଫକୀରମୋହନ କଲେଜ ଛାତ୍ରୀ ସୌମ୍ୟାଶ୍ରୀଙ୍କ ମୃତ୍ୟୁ ଘଟଣାରେ ସହଦେବଖୁଣ୍ଟା ପୁଲିସ ପୂର୍ବତନ ଅଧ୍ୟକ୍ଷ ଦିଲ୍ଲୀପ କୁମାର ଘୋଷ ଏବଂ ବିଇଡି ବିଭାଗର ଏଚଓଡ଼ି ସମୀର ସାହୁକ ଗିରଫ କରି କୋର୍ଟ ଚାଲାଣ କରିଥିଲା। ଏପରିକି ଗତ ଜୁଲାଇ ମାସ ୧୨ତାରିଖ ଅର୍ଥାତ ଘଟଣା ଦିନ ହିଁ ସହଦେବଖୁଣ୍ଟା ପୁଲିସ ସମୀରକୁ ଗିରଫ କରିଥିଲା। ତେବେ ସେ ଏସଡିଜେଏମ କୋର୍ଟରେ ତାଙ୍କର ବେଲ ପାଇଁ ଆବେଦନ କରିଥିଲେ ହେଲେ ସେଠାରେ ତାଙ୍କର ବେଲ ନା ମଞ୍ଜୁର ହେବାରୁ ତାଙ୍କର ବିଚାର ବିଭାଗୀୟ ହାଜତକୁ ପଠାଇ ଦିଆଯାଇଥିଲା। ପରେ ସେ ଚଳିତ ମାସ ୧ତାରିଖରେ ଜିଲ୍ଲା ଓ ଦୌରା ଜଜଙ୍କ କୋର୍ଟରେ ବେଲ ପାଇଁ ଆବେଦନ କରିଥିଲେ। ଏପରିକି ତାଙ୍କର ବେଲ ଆବେଦନ ନମ୍ବର ୬୩୦/୨୦୨୫ ରହିଥିଲା। ଏହି ବେଲ ଆବେଦନ ଉପରେ ୧୨ତାରିଖରେ ତାଙ୍କର ଶୁଣାଣୀ ଥିଲା ଏବଂ ପୁଲିସକୁ ଏନେଇ ସିଡି ପ୍ରଦାନ କରିବାକୁ କୋର୍ଟ ନିର୍ଦ୍ଦେଶ ଦେଇଥିଲେ। ହେଲେ ସହଦେବଖୁଣ୍ଟା ପୁଲିସ ମଙ୍ଗଳବାର ସିଡି ଦାଖଲ ନକରିବାରୁ ଜିଲ୍ଲା ଓ ଦୌରା ଜଜ ଆସନ୍ତା୧୮ ତାରିଖରେ ସିଡି ଦାଖଲ କରିବାକୁ ପୁଲିସକୁ ନିର୍ଦ୍ଦେଶ ଦେଇଛନ୍ତି ଏବଂ ଉକ୍ତଦିନ ତାଙ୍କର ବେଲ ଉପରେ ଶୁଣାଣୀ ହେବ ବୋଲି ଜଣାଯାଇଛି।

**ଆସନ୍ତା ୧୮ ତାରିଖରେ ସିଡି ଦାଖଲ କରିବାକୁ ପୁଲିସକୁ କୋର୍ଟଙ୍କ ନିର୍ଦ୍ଦେଶ**

### ପଞ୍ଚାୟତିରାଜ ବିଭାଗରେ ବାବୁ ପ୍ରୀତି

## ବ୍ଲକ୍ ଅଧ୍ୟକ୍ଷଙ୍କ କ୍ଷମତା ସଙ୍କୁଚିତ

ଭୁବନେଶ୍ୱର,୧୩।୮ (ସମିସ): ରାଜ୍ୟରେ ବିଡିଓଙ୍କୁ କ୍ଷମତାଶାଳୀ କରାଇ ବ୍ଲକ୍ ଅଧ୍ୟକ୍ଷଙ୍କ କ୍ଷମତା ହ୍ରାସ କରିବାକୁ ନିଷ୍ପତ୍ତି ନେଇଛନ୍ତି ସରକାର। ପୂର୍ବରୁ ୨ ଲକ୍ଷରୁ ୨୦ ଲକ୍ଷ ଟଙ୍କାର ପ୍ରକଳ୍ପ ଫାଇଲରେ ବ୍ଲକ୍ ଅଧ୍ୟକ୍ଷଙ୍କ କାଉଣ୍ଟର ଦସ୍ତଖତ ବାଧ୍ୟତାମୂଳକ ଥିଲା; ହେଲେ ଏବେ ୨ ଲକ୍ଷରୁ ୨୦ ଲକ୍ଷ ଟଙ୍କାର ପ୍ରକଳ୍ପ ବିଡିଓଙ୍କ ଦସ୍ତଖତରେ ହେବ। ଏଥିପାଇଁ ଆଉ ବ୍ଲକ ଅଧ୍ୟକ୍ଷଙ୍କ କାଉଣ୍ଟର ଦସ୍ତଖତ ଆବଶ୍ୟକ ପଡ଼ିବ ନାହିଁ। ରାଜ୍ୟ ପଞ୍ଚାୟତିରାଜ ବିଭାଗର ଏପରି ନିଷ୍ପତ୍ତି ପରେ ବିରୋଧୀ ବିଜେଡି ଓ କଂଗ୍ରେସ ସରକାରଙ୍କ ଉପରେ ପ୍ରବଳ ବର୍ଷିଛନ୍ତି। ରାଜ୍ୟ ସରକାର ଭୟରେ ବ୍ଲକ୍ ଅଧ୍ୟକ୍ଷଙ୍କ କ୍ଷମତା ହ୍ରାସ କରିଛନ୍ତି ବୋଲି ଉଭୟ ବିରୋଧୀ ଅଭିଯୋଗ କରିଛନ୍ତି। ରାଜ୍ୟର ଅଧିକାଂଶ ବ୍ଲକରେ ଏବେ ବିଜେଡି ସମର୍ଥିତ ଅଧ୍ୟକ୍ଷ ରହିଛନ୍ତି। ତେଣୁ ତଳସ୍ତରରେ ବିଜେପି ସେମାନଙ୍କ କ୍ଷମତା ଉପରେ ଅଙ୍କୁଶ ଲଗାଇବାରେ ବ୍ୟର୍ଥ ହୋଇଛି ଓ ବ୍ଲକ୍‌ଗୁଡ଼ିକରେ ବିଜେପିର କାଟତି ଚଳୁନାହିଁ। ତେଣୁ ବ୍ଲକ୍ ଅଧ୍ୟକ୍ଷଙ୍କ କ୍ଷମତା ଉପରେ ଅଙ୍କୁଶ ଲଗାଇବାକୁ ସରକାର ପଞ୍ଚାୟତିରାଜ ବ୍ୟବସ୍ଥା ନିୟମରେ ଏହି ବଡ଼ ପରିବର୍ତ୍ତନ କରି ବିଡ଼ିଓଙ୍କ ଜରିଆରେ କାମ ହାସଲ କରିବାକୁ ଉଦ୍ୟମ ହେଉଥିବା ଅଭିଯୋଗ ହୋଇଛି।

ପୂର୍ବତନ ମନ୍ତ୍ରୀ ତଥା ବିଜେଡି ବିଧାୟକ ଅରୁଣ ସାହୁ ଏହି ନିଷ୍ପତ୍ତିକୁ ବିରୋଧ କରିବା ସହ ସରକାରଙ୍କୁ କଟାକ୍ଷ କରିଛନ୍ତି। ସେ କହିଛନ୍ତି ଯେ ରାଜ୍ୟରେ ବିଜେପି ସରକାର ବର୍ତ୍ତମାନ ଗଣତାନ୍ତ୍ରିକ ପଦ୍ଧତିକୁ ମାରି ଦେବାକୁ ଯାଉଛନ୍ତି। ଏମାନେ ଭୋଟ ଚୋରିରୁ ବ୍ଲକ ଚୋରିକୁ ଗଲେଣି। ବ୍ଲକ୍ ପ୍ରତିନିଧିଙ୍କ କ୍ଷମତା କମାଇ ସମ୍ବିଧାନକୁ ହତ୍ୟା କରୁଛନ୍ତି। ଆମେ ବାବୁଙ୍କ କ୍ଷମତା ହ୍ରାସ କରି ଜନ ପ୍ରତିନିଧିଙ୍କୁ କ୍ଷମତା ଦେବୁ ବୋଲି କହୁଥିଲେ, ମାତ୍ର ଏବେ ଜନପ୍ରତିନିଧିଙ୍କ କ୍ଷମତା ହ୍ରାସ କରି ବାବୁମାନଙ୍କୁ କ୍ଷମତା ଦେଉଛନ୍ତି। ବର୍ତ୍ତମାନ ବିଜେଡିର ୯୦ ଭାଗ ବ୍ଲକ ଅଧ୍ୟକ୍ଷ। ସେମାନଙ୍କୁ ହଟାଇବାକୁ ଉଦ୍ୟମ କରି ବିଫଳ ହେବା ପରେ ଏବେ ଅଧ୍ୟକ୍ଷମାନଙ୍କ କ୍ଷମତା ହ୍ରାସ ଯୋଜନା କରିଛନ୍ତି। ଏପରି କ୍ଷମତା ହ୍ରାସ କରିବା ହତ୍ୟା ସହ ସମାନ। ଏ ନିଷ୍ପତ୍ତି ପରିବର୍ତ୍ତନ ନ ହେଲେ ବ୍ଲକର ଅଧ୍ୟକ୍ଷ କୋର୍ଟର ଆଶ୍ରୟ ନେବେ ବୋଲି ଶ୍ରୀ ସାହୁ କହିଛନ୍ତି।

ପିସିସି ସଭାପତି ଭକ୍ତଚରଣ ଦାସ ଏହି ନିଷ୍ପତ୍ତିକୁ ତୀବ୍ର ସମାଲୋଚନା କରିଛନ୍ତି। ସେ କହିଛନ୍ତି ଯେ ତ୍ରିସ୍ତରୀୟ ପଞ୍ଚାୟତ ବ୍ୟବସ୍ଥାରେ ପଞ୍ଚାୟତସ୍ତରରୁ ଆରମ୍ଭ କରି ଜିଲ୍ଲାସ୍ତର ପର୍ଯ୍ୟନ୍ତ କ୍ଷମତା ହସ୍ତାନ୍ତର କରାଯାଇଛି। କିନ୍ତୁ ଓଡ଼ିଶା ସରକାର ପଞ୍ଚାୟତ ବ୍ୟବସ୍ଥାର ଖୋଲା ଉଲଂଘନ କରି ନିର୍ବାଚିତ ପ୍ରତିନିଧି ମାନଙ୍କ ଅଧିକାରକୁ କ୍ଷୁର୍ଣ୍ଣ କରିବା ପାଇଁ ପ୍ରୟାସ କରିଛନ୍ତି। ଏହା ଏକ ହୀନ ରାଜନୈତିକ ଉଦ୍ଦେଶ୍ୟ ପ୍ରଣୋଦିତ ଚକ୍ରାନ୍ତ। ପ୍ରଦେଶ କଂଗ୍ରେସ ସରକାରଙ୍କ ଏହି ନିଷ୍ପତ୍ତିକୁ ଦୃଢ ଭାବରେ ବିରୋଧ କରୁଛି। ଏଥିପାଇଁ କଂଗ୍ରେସ ରାଜନୈତିକ ଲଢେଇ ସହ ଆଇନଗତ ଲଢେଇ କରିବ ବୋଲି ପିସିସି ସଭାପତି କହିଛନ୍ତି। ସାମ୍ବିଧାନିକ ଅନୁଷ୍ଠାନ ଗୁଡିକୁ ନଷ୍ଟ କରିବା ଦିଗରେ ବିଜେପି ସବୁବେଳେ କାର୍ଯ୍ୟ କରି ଆସୁଛି। ପଞ୍ଚାୟତ ସମିତି ଅଧ୍ୟକ୍ଷଙ୍କୁ ଉପେକ୍ଷା କରି ବିଡିଓଙ୍କ ହାତରେ ନିରଙ୍କୁଶ କ୍ଷମତା ପଞ୍ଚାୟତିରାଜ ପରି ପବିତ୍ର ଗଣତାନ୍ତ୍ରିକ ବିଧି ବ୍ୟବସ୍ଥାର ହତ୍ୟା ଆଉ କିଛି ନୁହେଁ ବୋଲି ଶ୍ରୀ ଦାସ କ୍ଷୋଭର ସହ କହିଛନ୍ତି।

**■ ଏମାନେ ଭୋଟ ଚୋରିରୁ ବ୍ଲକ ଚୋରିକୁ ଗଲେଣି: ଅରୁଣ**
**■ ସରକାରଙ୍କ ନିଷ୍ପତ୍ତି ବିରୋଧରେ ଅଦାଲତ ଯିବୁ: ଭକ୍ତ**

## ୧୭ ଯାଏଁ ବର୍ଷା

ଭୁବନେଶ୍ୱର,୧୩।୮ (ସମିସ): ବଙ୍ଗୋପସାଗରରେ ସୃଷ୍ଟ ଲଘୁଚାପ ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ଆରମ୍ଭ ହୋଇଛି । ପଶ୍ଚିମ କେନ୍ଦ୍ରୀୟ ଓ ଉତ୍ତର-ପଶ୍ଚିମ ବଙ୍ଗୋପସାଗରରେ ଏହି ଲଘୁଚାପ ଯୋଗୁ ୧୭ ତାରିଖ ପର୍ଯ୍ୟନ୍ତ ବିଭିନ୍ନ ଜିଲ୍ଲାରେ ବର୍ଷା ଆଶଙ୍କା ରହିଛି। ବୁଧବାର କଟକ ଭୁବନେଶ୍ୱର ସମେତ ଭାବନୀପାଟଣା, କୋରାପୁଟ, ମାଲକାନଗିରି, ଢେଙ୍କାନାଳ ଆଦି ଜିଲ୍ଲାରେ ବର୍ଷା ହୋଇଛି। ଗୁରୁବାର କୋରାପୁଟ ଓ ମାଲକାନଗିରି ଜିଲ୍ଲାରେ ବର୍ଷାର ପ୍ରଭାବ ଅଧିକ ରହିବ, ତେବେ ନବରଙ୍ଗପୁର, କଳାହାଣ୍ଡି, କନ୍ଧମାଳ, ରାୟଗଡ଼ା, ଗଜପତି, ଗଞ୍ଜାମ ଓ ନୟାଗଡ଼ ଜିଲ୍ଲାରେ ମଧ୍ୟ ବର୍ଷା ଆଶଙ୍କା ରହିଛି।

ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ବୁଧବାର ସକାଳ ସୁଦ୍ଧା ଆନ୍ଧ୍ର ଉପକୂଳ ସଂଲଗ୍ନ ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହୋଇଛି। ଆସନ୍ତା ୨୨-୨୩ ବେଳକୁ ଆଉ ଏକ ଲଘୁଚାପ ସୃଷ୍ଟି ହେବାର ସମ୍ଭାବନା ରହିଛି। ଦ୍ୱିତୀୟ ଲଘୁଚାପ ଦ୍ୱାରା ରାଜ୍ୟରେ ବିସ୍ତୃତ ଓ ଅଧିକ ବର୍ଷା ହେବାର ସମ୍ଭାବନା ରହିଛି। ବୁଧବାର ସୃଷ୍ଟ ଲଘୁଚାପଟି ଉତ୍ତରକୁ ଗତି କରି ୧୬ରେ ଓଡ଼ିଶା ଉପକୂଳ ଏବଂ ୧୯ରେ ପଶ୍ଚିମ ଓଡ଼ିଶା ଅତିକ୍ରମ କରି ଛତିଶଗଡ଼ ଦେଇ ମଧ୍ୟପ୍ରଦେଶ ଯିବାର ସମ୍ଭାବନା ରହିଛି। ଏହାଦ୍ୱାରା ୧୪ତାରିଖରୁ ୧୯ ତାରିଖ ପର୍ଯ୍ୟନ୍ତ ଉପକୂଳ ଓଡ଼ିଶା ସହ ବଲାଙ୍ଗିର, ସମ୍ବଲପୁରେ ସ୍ୱଳ୍ପରୁ ମଧ୍ୟମ ବର୍ଷା ହୋଇପାରେ। ଅନ୍ୟପଟେ ଚତୁର୍ଥ ସପ୍ତାହରେ ସମ୍ଭାବ୍ୟ ଲଘୁଚାପ ଓଡ଼ିଶା ଉପକୂଳରେ ସୃଷ୍ଟି ହୋଇ ୨୬ ପର୍ଯ୍ୟନ୍ତ ଓଡ଼ିଶା ଉପକୂଳ ବା ଆଭ୍ୟନ୍ତରୀଣରେ ରହିବ। ଏହାଦ୍ୱାରା ସେହି ଦକ୍ଷିଣ ଓଡ଼ିଶା ସମେତ ସାରା ରାଜ୍ୟରେ ବର୍ଷା ହେବ। ଅଗଷ୍ଟ ୧୫ରେ ପୁରୀ, ବ୍ରହ୍ମପୁର, ରାଉରକେଲା, ସମ୍ବଲପୁର, ଜୟପୁର, ସକାଳ ଓଳି ପାଗ ଶୁଖିଲା ରହିବ। ଭୁବନେଶ୍ୱରରେ ସକାଳ ୧୦ ପର୍ଯ୍ୟନ୍ତ ପାଗ ଶୁଖିଲା ରହିବା ସମ୍ଭାବନା ଅଛି ଓ ମଧ୍ୟାହ୍ନରେ ବର୍ଷାର ସମ୍ଭାବନା ଅଧିକ ରହିଛି ବୋଲି ପ୍ରଫେସର ପଶୁପାଳକ କହିଛନ୍ତି। ଅନ୍ୟପଟେ ଲଘୁଚାପ ଯୋଗୁଁ ସମୁଦ୍ର ମଧ୍ୟରେ ପବନର ବେଗ ଅଧିକ ରହିଛି। ଏଥିପାଇଁ ସମୁଦ୍ର ଅଶାନ୍ତ ରହିଥିବା ଯୋଗୁଁ ଆସନ୍ତା ୧୫ ତାରିଖ ପର୍ଯ୍ୟନ୍ତ ମତ୍ସ୍ୟଜୀବୀମାନଙ୍କୁ ସମୁଦ୍ର ମଧ୍ୟକୁ ନ ଯିବା ପାଇଁ ପରାମର୍ଶ ଦିଆଯାଇଛି।

**ଆଗାମୀ ସପ୍ତାହରେ ପୁଣି ଏକ ଲଘୁଚାପ**

■ ଫାର୍ମାସୀ ଅଫିସର ଓ ବହୁମୁଖୀ ପୁରୁଷ ସ୍ୱାସ୍ଥ୍ୟକର୍ମୀ ନିଯୁକ୍ତି

## ଚୂଡ଼ାନ୍ତ ପରୀକ୍ଷାଫଳ ପରେ ବି ମିଳୁନି ନିଯୁକ୍ତିପତ୍ର

ଭୁବନେଶ୍ୱର, ୧୩।୮ (ସମିସ): ଫାର୍ମାସୀ ଅଫିସର ଓ ବହୁମୁଖୀ ପୁରୁଷ ସ୍ୱାସ୍ଥ୍ୟକର୍ମୀଙ୍କୁ ନିଯୁକ୍ତି ମିଳୁନି। ପ୍ରାୟ ୨ ବର୍ଷ ପୂର୍ବରୁ ଆରମ୍ଭ ହୋଇଥିବା ଏହି ନିଯୁକ୍ତି ପ୍ରକ୍ରିୟାର ଚୂଡ଼ାନ୍ତ ପରୀକ୍ଷା ଫଳ ଗତ ଜୁନ୍ ୧୬ରେ ପ୍ରକାଶ ପାଇ ସାରିଛି। ଜିଲ୍ଲାୱାରୀ ନିଯୁକ୍ତି ତାଲିକା ସାର୍ବଜନୀନ ହୋଇଥିଲେ ମଧ୍ୟ ସେମାନଙ୍କୁ ନିଯୁକ୍ତି ଦିଆଯାଇନି। ଚୂଡ଼ାନ୍ତ ପରୀକ୍ଷା ଫଳ ପ୍ରକାଶନର ୨ ମାସ ପରେ ମଧ୍ୟ କାହିଁକି ନିଯୁକ୍ତି ଦିଆଯାଉନି ବୋଲି କୃତୀ ପରୀକ୍ଷାର୍ଥୀମାନେ ପ୍ରଶ୍ନ କରିଛନ୍ତି। ସୂଚନା ଅନୁଯାୟୀ, ଓଡ଼ିଶା ଅଧସ୍ତନ କର୍ମଚାରୀ ଚୟନ ଆୟୋଗ (ଓଏସ୍‌ଏସ୍‌ଏସ୍‌ସି) ପକ୍ଷରୁ ୨୦୨୩ ଡିସେମ୍ବର ୧୫ରେ ଆଶାୟୀଙ୍କ ଠାରୁ ପ୍ରାର୍ଥିପତ୍ର ଗ୍ରହଣ କରାଯାଇଥିଲା। ଏହାର ପ୍ରାୟ ୮ ମାସ ପରେ ପରୀକ୍ଷା ଏବଂ ଗତ ଜୁନ୍ ୧୬ରେ ଚୂଡ଼ାନ୍ତ ପରୀକ୍ଷା ଫଳ ପ୍ରକାଶ ପାଇଛି। ଇତି ମଧ୍ୟରେ ପ୍ରାୟ ୨ ମାସ ବିତିଯାଇଥିଲେ ମଧ୍ୟ ମନୋନୀତ ପ୍ରାର୍ଥୀଙ୍କୁ କାହିଁକି ନିଯୁକ୍ତିପତ୍ର ପ୍ରଦାନ କରାଯାଉ ନାହିଁ ବୋଲି ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଅପରପକ୍ଷରେ ସମୟ ଗଡୁଥିବାରୁ ସେମାନଙ୍କ ମଧ୍ୟରେ ଉଭୟ ମାନସିକ ଓ ଆର୍ଥିକ ଚାପ ବଢୁଥିବା ଅଭିଯୋଗ ହୋଇଛି। ଏଣୁ ତୁରନ୍ତ ନିଯୁକ୍ତି ଦେବାକୁ କୃତୀ ପରୀକ୍ଷାର୍ଥୀ ଏବଂ ଫାର୍ମାସିଷ୍ଟ ମହାସଂଘ ପକ୍ଷରୁ ମୁଖ୍ୟମନ୍ତ୍ରୀ ଓ ସ୍ୱାସ୍ଥ୍ୟମନ୍ତ୍ରୀଙ୍କୁ ଦାବି କରାଯାଇଛି।

### ଓଟିଇଟି ପ୍ରଶ୍ନପତ୍ର ପ୍ରଘଟ: କ୍ରାଇମ୍‌ବ୍ରାଞ୍ଚ ଆଗରେ ସତ ଓଗାଳିଲେ ଦୁଇ ଅଭିଯୁକ୍ତ

## ଉପସଭାପତିଙ୍କ ଲାପ୍‌ଟପ୍‌ରୁ ପେନ୍‌ଡ୍ରାଇଭ୍‌ରେ ଯାଇଥିଲା ପ୍ରଶ୍ନପତ୍ର

କଟକ,୧୩।୮ (ସମିସ): ଓଟିଇଟି ପ୍ରଶ୍ନପତ୍ର ଲିକ ଘଟଣାରେ ଗିରଫ ଦୁଇ ଅଭିଯୁକ୍ତ ତଥା (ମାଧ୍ୟମିକ ଶିକ୍ଷା ପରିଷଦ) ବୋର୍ଡର ଡାଟାଏଣ୍ଟ୍ରି ଅପରେଟର ଜିତନ ମହାରଣା ଓ ଶିକ୍ଷକ ନେତା ବିଜୟ ମିଶ୍ରଙ୍କୁ ଦୁଇ ଦିନିଆ ରିମାଣ୍ଡରେ ନେଇ ମାରାଥନ ଜେରା କରିଛି କ୍ରାଇମବ୍ରାଞ୍ଚ। ବହୁ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ଜେରା ସମୟରେ କ୍ରାଇମବ୍ରାଞ୍ଚ ହାସଲ କରିଛି। ଲିକ୍ ହୋଇଥିବା ପ୍ରଶ୍ନପତ୍ର ପ୍ରଥମେ ନୟାଗଡକୁ ଯାଇଥିଲା। ଉଭୟ ଅଭିଯୁକ୍ତ କ୍ରାଇମବ୍ରାଞ୍ଚ ଆଗରେ ଏହା ସ୍ୱୀକାର କରିଛନ୍ତି।

ପ୍ରଶ୍ନପତ୍ର ଲିକ୍ ଘଟଣାରେ ଗିରଫ ହୋଇଥିବା ଅନ୍ୟତମ ଅଭିଯୁକ୍ତ ବୋର୍ଡ ଉପସଭାପତି ନିହାର ମହାନ୍ତିଙ୍କ ଲାପଟପରୁ ମୁଖ୍ୟ କାର୍ପଟଦାର ଜିତନ ମହାରଣା ପେନ୍‌ଡ୍ରାଇଭରେ ଓଟିଇଟି ପ୍ରଶ୍ନକୁ କପି କରିଥିଲେ ଓ ଏହାର ଏକ ହାର୍ଡ କପି ମଧ୍ୟ ସେହି ଠାରେ ବାହାର କରିଥିଲେ। ପରେ ସେ ଏହି ପେନଡ୍ରାଇଭ ଓ ହାର୍ଡ କପିକୁ ବନ୍ଦ ଲଫାଫାରେ ଭର୍ତ୍ତି କରି ନିଜ ଗାଡିରେ ଜଣେ ଡ୍ରାଇଭରଙ୍କୁ ନେଇ ନୟାଗଡ ଅଭିମୁଖେ ଯାଇଥିଲେ। ସେଠାରେ ସେ ଗିରଫ ଅଭିଯୁକ୍ତ ବିଜୟ ମିଶ୍ରଙ୍କ ଭାଇଙ୍କୁ ଏହାକୁ ହସ୍ତାନ୍ତର କରିଥିଲେ। ଏ ସମ୍ପର୍କରେ ଜିତନ ଓ ବିଜୟ ସତ ଉଗାଳିବା ପରେ କ୍ରାଇମବ୍ରାଞ୍ଚ ଆଜି ସମ୍ପୃକ୍ତ ଗାଡିର ଡ୍ରାଇଭର ଓ ଓ ବିଜୟଙ୍କ ଭାଇଙ୍କୁ ପଚରାଉଚୁରା କରିଥିବା ଜଣାପଡିଛି। ତେବେ ଡ୍ରାଇଭର ଜଣକ ଏହି ଘଟଣା ସମ୍ପର୍କରେ ପୂର୍ବରୁ ଜାଣିଥିଲା ନା କେବଳ ନିଜର ପାରିଶ୍ରମିକ ପାଇ ଯାଇଥିଲା, ତାହାର ଯାଞ୍ଚ କରୁଛି କ୍ରାଇମବ୍ରାଞ୍ଚ।

**■ ପେନ୍‌ଡ୍ରାଇଭ୍ ଓ ହାର୍ଡକପିକୁ ନେଇ ପ୍ରଥମେ ନୟାଗଡ଼ ଯାଇଥିଲେ ଜିତନ**
**■ ପ୍ରଶ୍ନପତ୍ର ଗ୍ରହଣ କରିଥିବା ବିଜୟଙ୍କ ଭାଇ ଅଡୁଆରେ**

ସେହିଭଳି ବିଜୟଙ୍କ ଭାଇଙ୍କ ପାଇଁ ଅଡୁଆ ବଢ଼ିଛି। କାରଣ ବିଜୟଙ୍କ ଭାଇ ସମ୍ଭବତଃ ଜାଣିଥିଲେ ଯେ ଜିତନଙ୍କଠାରୁ କଣ ଗ୍ରହଣ କରି କେଉଁଠାରେ ଦେବାକୁ ପଡ଼ିବ। କାରଣ ନୟାଗଡରୁ ରାୟଗଡାର ଆମ୍ବିଦଳାକୁ ହିଁ ବିଜୟଙ୍କ ଭାଇ ସେହି ଲଫାଫା ନେଇ ଯାଇ ବିଜୟ ଓ ତାଙ୍କ ଅନ୍ୟ ସହଯୋଗୀମାନଙ୍କୁ ପ୍ରଦାନ କରିଥିଲେ। ଏଣୁ ବିଜୟଙ୍କ ଭାଇର ଘଟଣାରେ ସିଧାସଳଖ ସମ୍ପୃକ୍ତି ଥିବା ନେଇ ଅନୁମାନ କରାଯାଉଛି। ଏହା ପ୍ରମାଣିତ ହେଲେ ତାଙ୍କୁ ମଧ୍ୟ ଦିନେ ଦୁଇ ଦିନ ଭିତରେ ଗିରଫ କରାଯିବାର ସମ୍ଭାବନା ରହିଛି।

ଏହି ଘଟଣାରେ ସମ୍ପୃକ୍ତିରୁ ବର୍ତ୍ତିବା ପାଇଁ ଅଭିଯୁକ୍ତ ଦ୍ୱୟ ବେଶ୍ ଚତୁରତାର ସହ କାର୍ଯ୍ୟ କରିଥିଲେ ବୋଲି ଉଭୟ ବିଜୟ ଓ ଜିତନଙ୍କୁ ଜେରାରୁ ସ୍ପଷ୍ଟ ହୋଇଛି। ବୋର୍ଡ କାର୍ଯ୍ୟାଳୟରୁ ଜିତନ ପ୍ରଶ୍ନପତ୍ରକୁ ପେନ୍‌ଡ୍ରାଇଭରେ କପି କରି ଆଣିବା ପରେ ବିଜୟଙ୍କ ସହ ତାଙ୍କର ଫୋନ ଯୋଗେ ବାର୍ତ୍ତାଳାପ ହୋଇଥିଲା। କିଭଳି ସମସ୍ତଙ୍କ ନଜରରୁ ବର୍ତ୍ତି ସହଜରେ କୌଣସି ପ୍ରମାଣ ନ ଛାଡି ପ୍ରଶ୍ନପତ୍ରକୁ ଲିକ୍ କରାଯିବ ତାହାର ଉପାୟ ପାଞ୍ଚିଥିଲେ ବିଜୟ। ବିଜୟଙ୍କ ଯୋଜନା ମୁତାବକ ଜିତନ ସମସ୍ତ କାର୍ଯ୍ୟ ସମ୍ପାଦନ କରିଥିଲେ ବୋଲି କ୍ରାଇମବ୍ରାଞ୍ଚ ଉଭୟଙ୍କୁ ସାମ୍ନାସାମ୍ନି ଜେରା କରି ଏହା ଜାଣିବାକୁ ପାଇଛି। ଏପରିକି ଏହି ଘଟଣାରେ ବିଜୟଙ୍କ ଭାଇକୁ କ୍ରାଇମବ୍ରାଞ୍ଚ ଅଭିଯୁକ୍ତ ଭାବେ ଗ୍ରହଣ କରି ତାଙ୍କ ସହ ପୂର୍ବରୁ ଗିରଫ ହୋଇଥିବା ଶିକ୍ଷକ, ବୋର୍ଡ ଉପସଭାପତି କିମ୍ବା ଆଉ କାହାର ସମ୍ପର୍କ ରହିଛି ତାହାର ଖୋଳତାଡ କରୁଛି। ଏଥିପାଇଁ ଆବଶ୍ୟକ ହେଲେ ଅନ୍ୟ ଅଭିଯୁକ୍ତଙ୍କୁ ରିମାଣ୍ଡରେ ଆଣି କ୍ରାଇମବ୍ରାଞ୍ଚ ଜେରା କରିପାରେ ବୋଲି ଚର୍ଚ୍ଚା ହେଉଛି।

**ପରିବହନ ବିଭାଗ ବେଫିକର**

## ଦୁଇଗୁଣ ଭଡ଼ା ନେଉଛନ୍ତି ଘରୋଇ ବସ୍

ଭୁବନେଶ୍ୱର, ୧୩।୮ (ସମିସ): ଦିନକେଇଟା ପରେ ପାର୍ବଣ ଋତୁ ଆରମ୍ଭ ହୋଇଯିବ। ସହରରୁ ଗାଁ ଓ ଗାଁରୁ ସହରକୁ ଲୋକମାନଙ୍କ ଯାତାୟତ ବଢ଼ିବ। ଭୁବନେଶ୍ୱର, କଟକ, ରାଉରକେଲା, ସମ୍ବଲପୁର, ବ୍ରହ୍ମପୁର ଆଦି ସହରରୁ ଲୋକମାନେ ଗ୍ରାମାଞ୍ଚଳକୁ ବସ୍ ଯୋଗେ ଯିବେ। ଏହି ସମୟରେ ଯାତ୍ରୀଙ୍କ ଭିଡର ଫାଇଦା ଉଠାଉଛନ୍ତି କିଛି ଘରୋଇ ବସ୍। ଏଜେଣ୍ଟଙ୍କ ଜରିଆରେ ନିର୍ଦ୍ଧାରିତ ଭଡ଼ାଠୁ ଅଧିକ ନେଉଛନ୍ତି। ଏମିତିକି ଅନ୍‌ଲାଇନ୍ ଟିକେଟ୍‌ରେ ଅଧିକାଂଶ ସମୟରେ ଯାତ୍ରୀଙ୍କଠୁ ଦୁଇଗୁଣା ଭଡ଼ା ନେବାକୁ ପଛାଉନାହାନ୍ତି। ନିୟମିତ ରାଜଧାନୀରୁ ଦୂରଦୂରାନ୍ତକୁ ଯାତ୍ରା କରୁଥିବା କିଛି ଯାତ୍ରୀ ଏଭଳି ଅଭିଯୋଗ କରିଛନ୍ତି।

ବସିବା ସିଟ୍ ଉପରେ ଥିବା ଏକମାତ୍ର ସ୍ଲିପର୍ ସିଟ୍‌ରେ ଦୁଇଜଣ ଲେଖାଏଁ ଯାତ୍ରୀଙ୍କୁ ନେଇ ଦୁଇଟି ଭଡା ଆଦାୟ କରୁଛନ୍ତି। ସ୍ଲିପର୍‌ରେ ଯେତିକି ଭଡ଼ା ରହିଛି, ତା'ଠୁ ଅଧିକ ଭଡା ଯାତ୍ରୀଙ୍କଠୁ ନିଆଯାଉଛି। ପାର୍ବଣ ସମୟ ଆସିଲେ, ଜାଣିଶୁଣି ଘରୋଇ ବସ୍ ମାଲିକ ଓ କିଛି ଏଜେଣ୍ଟ ବସ୍ ସିଟ୍‌ର କୃତ୍ରିମ ଅଭାବ ସୃଷ୍ଟି କରୁଛନ୍ତି। ପରବର୍ତ୍ତୀ ସମୟରେ ଯାତ୍ରୀମାନଙ୍କଠୁ ଅଧିକ ଭଡ଼ା ନେଇ ବସ୍‌ରେ ସେହି ସିଟ୍ ଦେଉଛନ୍ତି। କେବଳ ଏତିକି ନୁହେଁ ନାଇଟ୍ କୋଚ୍ ବସ୍‌ରେ ଜଣେ ଯାତ୍ରୀଙ୍କ ପାଇଁ ସ୍ଲିପର୍ ବ୍ୟବସ୍ଥା ରହିଛି। ସିଟ୍ ଭଡ଼ାଠୁ ସାମାନ୍ୟ ଅଧିକ ନେଉଛନ୍ତି। ହେଲେ କିଛି ବସ୍‌ରେ ଗୋଟିଏ ସ୍ଲିପର୍ ସିଟ୍‌ରେ ଦୁଇଜଣ ଯାତ୍ରୀଙ୍କୁ ଦୈନିକ ରାଜ୍ୟର ପ୍ରମୁଖ ସହର ଓ ଗାଁରୁ ଶହ ଶହ ଯାତ୍ରୀ ଭୁବନେଶ୍ୱରକୁ ଆସୁଛନ୍ତି। ଭଦ୍ରକ, ଚାନ୍ଦବାଲି, ବାଲେଶ୍ୱର, ବାରିପଦା, ମୟୂରଭଞ୍ଜ, ଯାଜପୁର, ଜଗତସିଂହପୁର, କେନ୍ଦ୍ରାପଡା, ସାଲେପୁର, କୋରାପୁଟ, ରାୟଗଡା, କଳାହାଣ୍ଡି, ଫୁଲବାଣୀ, ଅନୁଗୋଳ, ଢେଙ୍କାନାଳ ଆଦି ସହରକୁ ରାଜଧାନୀରୁ ଦୈନିକ ଶତାଧିକ ଘରୋଇ ନାଇଟ୍ କୋଚ୍ ବସ୍ ଯାତାୟତ କରିଥାଏ। ବିଶେଷକରି ଦୁର୍ଗା, ଲକ୍ଷ୍ମୀ ଓ କାଳୀ ପୂଜା ସମୟରେ ଦୁଇଗୁଣା ଯାତ୍ରୀ ଯାତାୟତ କରିଥାନ୍ତି। କାଳୀପୂଜା ଓ ଲକ୍ଷ୍ମୀପୂଜା ପାଇଁ ଅନେକ ଯାତ୍ରୀ ଗାଁକୁ ଯାଇଥାନ୍ତି। ଏଥିପାଇଁ ଦେଢ଼ ମାସ ଆଗରୁ ଟିକେଟ୍ ବୁକିଂ ହୋଇଥାଏ। ବିଶେଷକରି ଗ୍ରାମାଞ୍ଚଳକୁ ଯାତାୟତ କରୁଥିବା ବସ୍‌ରେ ଅଧିକ ଭିଡ଼ ପରିଲକ୍ଷିତ ହୋଇଥାଏ। ଏହି ଅଞ୍ଚଳକୁ ଯାଉଥିବା ବସ୍‌ରେ ଯାତ୍ରୀଙ୍କଠୁ ଭଡ଼ା ଅଧିକ ଆଦାୟ କରାଯାଇଥାଏ। ଅନ୍‌ଲାଇନ୍‌ରେ ବୁକିଂ ହେଉଥିବା ଟିକେଟ୍‌ରେ ଅଫ୍‌ଲାଇନ୍ ଟିକେଟ୍‌ଠାରୁ ଢ଼େର ଅଧିକ ଯାତ୍ରୀଙ୍କଠୁ ନିଆଯାଉଛି। ବେଳେବେଳେ ଦୁଇଗୁଣା ଭଡା ମଧ୍ୟ ନିଆଯାଉଛି। ଏ ସଂକ୍ରାନ୍ତରେ ଯାତ୍ରୀମାନେ ଅନେକ ସମୟରେ ଆଞ୍ଚଳିକ ପରିବହନ ଅଧିକାରୀଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ନିୟମିତ ବ୍ୟବଧାନରେ ବସ୍‌ଗୁଡ଼ିକ ଯାଞ୍ଚ କରାଯାଉ ନଥିବାରୁ କିଛି ବସ୍ ମାଲିକ ମାସ ମାସ ଧରି ଯାତ୍ରୀଙ୍କଠୁ ଲୁଟି ଚାଲିଛନ୍ତି। ଯଦି କୌଣସି ଯାତ୍ରୀ ଶେଷ ମୁହୂର୍ତ୍ତରେ ଟିକେଟ୍ ବାତିଲ କରିବାକୁ ଚାହୁଁଛି, ତାକୁ ତା'ର ଟିକେଟ୍ ଅର୍ଥ ଫେରସ୍ତ କରାଯାଉ ନାହିଁ। ପାର୍ବଣ ସମୟରେ ଅଧିକ ଭଡ଼ା ନେଉଥିବା ବସ୍‌ଲିକ ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବାକୁ ବିଭିନ୍ନ ମହଲରୁ ଦାବି ହେଉଛି।

**ନିର୍ଦ୍ଧାରିତ ଭଡ଼ା**

| | |
|---|---|
| ସାଧାରଣ ବସ୍ | ଟ. ୦.୮୮/କିମି |
| ଦ୍ରୁତଗାମୀ ବସ୍ | ଟ. ୦.୯୨/କିମି |
| ଡିଲକ୍ସ ବସ୍ | ଟ. ୧.୨୭/ କିମି |
| ଏସି ଡିଲକ୍ସ ବସ୍ | ଟ. ୧.୫୫/କିମି |
| ସୁପର୍ ପ୍ରିମିୟମ୍ ବସ୍ | ଟ. ୨.୪୧/କିମି |

## ଏମ୍‌ଏଲ୍‌ଏ ଲ୍ୟାଡ୍ ୱେବ୍ ପୋର୍ଟାଲ ଉଦ୍‌ଘାଟିତ

ଭୁବନେଶ୍ୱର,୧୩।୮ (ସମିସ): ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ବୁଧବାର ଲୋକସେବା ଭବନରେ ଏମ୍‌ଏଲ୍‌ଏ ଲ୍ୟାଡ୍ ୱେବ୍ ପୋର୍ଟାଲର ଶୁଭାରମ୍ଭ କରିଛନ୍ତି। ଏହାସହ ମୁଖ୍ୟମନ୍ତ୍ରୀ ଏମ୍‌ଏଲ୍‌ଏ ଲ୍ୟାଡ୍ (ବିଧାୟକ ଆଞ୍ଚଳିକ ଉନ୍ନୟନ ପାଣ୍ଠି) ଓ ସିଏମ୍-ଏସ୍‌ଏ (ମୁଖ୍ୟମନ୍ତ୍ରୀ ସ୍ୱତନ୍ତ୍ର ସହାୟତା) ର ସରଳୀକୃତ ମାର୍ଗଦର୍ଶିକାକୁ ମଧ୍ୟ ଉନ୍ମୋଚନ କରିଛନ୍ତି। ଏହି ଅବସରରେ ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଏହି ପରିବର୍ତ୍ତିତ ନିର୍ଦ୍ଦେଶାବଳୀ ପ୍ରଶାସନିକ ପ୍ରକ୍ରିୟାରେ ସରଳତା ଆଣିବା ସହିତ ଜନସାଧାରଣଙ୍କ ପାଇଁ ଅତି ଆବଶ୍ୟକ ଓ ଛୋଟ ଛୋଟ ମୌଳିକ ଭିତ୍ତିଭୂମିଗୁଡିକୁ ଶୀଘ୍ର ଓ ସ୍ୱଚ୍ଛତାର ସହ ସମ୍ପାଦନ କରିବାରେ ସହାୟକ ହେବ।

ନୂଆ ମାର୍ଗଦର୍ଶିକାରେ ବିଭିନ୍ନ କ୍ଷେତ୍ରକୁ ଧ୍ୟାନ ଦିଆଯିବା ସହ ଅତ୍ୟାବଶ୍ୟକ ପ୍ରକଳ୍ପଗୁଡିକୁ ଗ୍ରହଣ କରିବାର ବ୍ୟବସ୍ଥା ଥିବାବେଳେ ଅନାବଶ୍ୟକ ପ୍ରକଳ୍ପଗୁଡ଼ିକୁ ବାଦ୍ ଦିଆଯିବାର ବ୍ୟବସ୍ଥା କରାଯାଇଛି। ଏହା ସହିତ ପ୍ରକଳ୍ପର ସୁପାରିସଠାରୁ ଅନୁମୋଦନ ପ୍ରକ୍ରିୟା ସମାପ୍ତ ହେବା ପର୍ଯ୍ୟନ୍ତ (କାର୍ଯ୍ୟାଦେଶ ପର୍ଯ୍ୟନ୍ତ) ସମୟ ଅବଧି ୩୦ ଦିନ ରଖାଯାଇଛି। ସେହିପରି ପରିବର୍ତ୍ତିତ ସିଏମ୍-ଏସ୍‌ଏ ମାର୍ଗଦର୍ଶିକା ଦ୍ୱାରା ପ୍ରକଳ୍ପଗୁଡ଼ିକ ତ୍ୱରାନ୍ୱିତ ଭାବେ କାର୍ଯ୍ୟକାରୀ କରାଯାଇପାରିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ଏହି ନୂତନ ଏମ୍‌ଏଲ୍‌ଏ ଲ୍ୟାଡ୍ ୱେବପୋର୍ଟାଲରେ ବିଧାୟକମାନଙ୍କ ଦ୍ୱାରା ପ୍ରକଳ୍ପ ସୁପାରିସ, ପ୍ରକଳ୍ପ ଆବଶ୍ୟକତାର ତର୍ଜମା, ଯୋଜନା ଓ ବ୍ୟୟ ଅଟକଳ ପ୍ରସ୍ତୁତି, ପ୍ରକଳ୍ପର ଅନୁମୋଦନ, କାର୍ଯ୍ୟାଦେଶ, ତଦାରଖ, ନିରୀକ୍ଷଣ, ବ୍ୟୟ ଓ କାର୍ଯ୍ୟ ସମ୍ପାଦନ ଆଦି ନିର୍ଦ୍ଧାରିତ ସମୟରେ ସମ୍ପାଦନ କରାଯାଇପାରିବ। ଏହି ପୋର୍ଟାଲ ମାଧ୍ୟମରେ ବିଧାୟକମାନେ ସେମାନଙ୍କର ନିର୍ବାଚନମଣ୍ଡଳୀରେ ସୁପାରିସ କରିଥିବା ସମସ୍ତ ପ୍ରକଳ୍ପର ବାସ୍ତବ ସ୍ଥିତି ବିଷୟରେ ଅବଗତ ହୋଇପାରିବେ ଓ ଜନସାଧାରଣଙ୍କ ପାଇଁ ଯୋଜନା ସମ୍ବନ୍ଧୀୟ ସବିଶେଷ ତଥ୍ୟ ଏହି ପୋର୍ଟାଲରେ ଉପଲବ୍ଧ ହେବ।

# କର୍ପୋରେଟ ଲୁଣ୍ଠନ ବିରୋଧରେ ବିକ୍ଷୋଭ

ଅନୁଗୋଳ, ୧୩।୮ (ସମିସ)




ଭାରତ ଉପରେ ଟ୍ରମ୍ପଙ୍କ ଟାରିଫ ଧମକ, ଭାରତ-ବ୍ରିଟେନ ସିଇଟିଏ ଓ କର୍ପୋରେଟ ଲୁଣ୍ଠନ ବିରୋଧରେ ସଂଯୁକ୍ତ କିଷାନ ମୋର୍ଚ୍ଚା ଓ କେନ୍ଦ୍ରୀୟ ଟ୍ରେଡ ୟୁନିୟନ ମିଳିତ ମଞ୍ଚ ଆହ୍ୱାନରେ ଦେଶବ୍ୟାପୀ ପ୍ରତିବାଦ/ବିକ୍ଷୋଭ ପ୍ରଦର୍ଶନ କରାଯାଇଛି । ଏହି ପରିପ୍ରେକ୍ଷୀରେ ଅନୁଗୋଳ ଜିଲ୍ଲାପାଳ ଅଫିସ ସମ୍ମୁଖରେ ବିକ୍ଷୋଭ ପ୍ରଦର୍ଶନ ସହ ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଜିଲ୍ଲାପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରାଯାଇଛି । ବିକ୍ଷୋଭରେ ଏଆଇକେକେଏମଏସର ଜିଲ୍ଲା ସଭାପତି ସୁବାସ ପ୍ରଧାନ, ଉପସଭାପତି ନବକିଶୋର ପ୍ରଧାନ, ଏଆଇୟୁଟିୟୁସି ଜିଲ୍ଲା ସମ୍ପାଦକ ବ୍ରଜବନ୍ଧୁ ସାହୁ, ଆଇଏନଟିୟୁସି ଜିଲ୍ଲା ସଭାପତି ଦିଗମ୍ବର ଗଡ଼ନାୟକ, ଏଆଇସିସିଟିୟୁ ଜିଲ୍ଲା ନେତା ତପନ ମହାନ୍ତି ପ୍ରମୁଖ ବକ୍ତବ୍ୟ ରଖି କେନ୍ଦ୍ର ବିଜେପି ସରକାରଙ୍କ ସାମ୍ରାଜ୍ୟବାଦ ଓ କର୍ପୋରେଟ ତୋଷଣ ନୀତିର ଦୃଢ଼ ନିନ୍ଦା କରିଥିଲେ । ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଭାରତୀୟ ରପ୍ତାନୀ ଉପରେ ୨୫ ପ୍ରତିଶତ ଟାରିଫ ଓ ୨୫ ପ୍ରତିଶତ ଜରିମାନା (ମୋଟ ୫୦ ପ୍ରତିଶତ) ଏବଂ ରୁଷିଆ ସହ ତୈଳ ବ୍ୟବସାୟ ଉପରେ ଜରିମାନା ଲଗାଇବା ନିଷ୍ପତ୍ତିକୁ ବକ୍ତାମାନେ ତୀବ୍ର ନିନ୍ଦା କରିଥିଲେ । ଆମେରିକା ନିଜ କର୍ପୋରେଟ କମ୍ପାନୀଙ୍କ ପାଇଁ ଖୋଲା ବଜାର ଦାବି କରୁଛି କିନ୍ତୁ ଅନ୍ୟ ଦେଶକୁ ଧମକ ଦେବା ପାଇଁ ଟାରିଫକୁ ଅସ୍ତ୍ର ଭାବେ ବ୍ୟବହାର କରୁଛି ବୋଲି ଅଭିଯୋଗ କରିଥିଲେ । ଭାରତ-ବ୍ରିଟେନ ବ୍ୟାପକ ଅର୍ଥନୈତିକ ଓ ବାଣିଜ୍ୟ ଚୁକ୍ତି (ସିଇଟିଏ) ଭାରତୀୟ କୃଷକ, ଶ୍ରମିକ ଓ ଦେଶର ଅର୍ଥନୀତିକୁ କ୍ଷତିଗ୍ରସ୍ତ କରିବ । ପରିଣାମ ସ୍ୱରୂପ ଦୁଗ୍ଧ, କୃଷି ଓ କୃଷି ସମ୍ପର୍କିତ କ୍ଷେତ୍ରଗୁଡ଼ିକ ବିଦେଶୀ କମ୍ପାନୀ ପାଇଁ ଖୋଲା ହେବ, ଯାହା ଦେଶୀୟ ମୂଲ୍ୟ ହ୍ରାସ, ଗ୍ରାମୀଣ ଜୀବିକା ନଷ୍ଟ ଓ ଖାଦ୍ୟ ସୁରକ୍ଷାକୁ ବିପଦରେ ପକାଇବ । ଶିଳ୍ପୀକରଣ ହ୍ରାସ ପାଇବ ଓ ବହୁସଂଖ୍ୟକ ବେକାରୀ ସୃଷ୍ଟି ହେବେ । ବ୍ରିଟେନରୁ ଶସ୍ତା ଦୁଗ୍ଧ, ଗହମ ଓ ମାଂସ ଭାରତୀୟ ବଜାରକୁ ପ୍ରବେଶ କରି ଧ୍ୱଂସ ସୃଷ୍ଟି କରିବ, ଯେପରି ଭାରତ-ଆସିଆନ ଏଫଟିଏ ପରେ କେରଳରେ ରବର ମୂଲ୍ୟ ୭୦ ପ୍ରତିଶତ ହ୍ରାସ ପାଇଥିଲା । ବ୍ରିଟିଶ କମ୍ପାନୀମାନେ ଭାରତର ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ଆଧିପତ୍ୟ ବିସ୍ତାର କରିବେ, ଯାହା ଘରୋଇକରଣକୁ ତ୍ୱରାନ୍ୱିତ କରି ଔଷଧ ମୂଲ୍ୟ ବୃଦ୍ଧି କରିବ । ଶ୍ରମିକ ଓ କୃଷକଙ୍କ ବହୁ ପ୍ରତିବାଦ ସତ୍ତ୍ୱେ କେନ୍ଦ୍ର ବିଜେପି ସରକାର ଶ୍ରମିକ ଓ କୃଷକ ବିରୋଧୀ ନୀତି ଜାରି ରଖିଛନ୍ତି । ଶ୍ରମିକ ବିରୋଧୀ ଚାରିଟି ଶ୍ରମ କୋଡ୍ ରଦ୍ଦ କରିବା, ସି୨+୫୦ ପ୍ରତିଶତ ଅନୁଯାୟୀ କୃଷିଜାତ ଦ୍ରବ୍ୟର ଏମଏସପିର ଆଇନଗତ ଗ୍ୟାରେଣ୍ଟି ଓ ଋଣଛାଡ଼ ଦାବିକୁ ସରକାର ଉପେକ୍ଷା କରି ଆସୁଛନ୍ତି । ରାଷ୍ଟ୍ରାୟତ୍ତ ଓ ସରକାରୀ ଉଦ୍ୟୋଗ ଏବଂ ସେବା କ୍ଷେତ୍ରକୁ ଘରୋଇକରଣ କରିବା ଉଦ୍ୟମ ଜାରି ରଖିଛନ୍ତି । ଜଳ, ଜଙ୍ଗଲ, ଜମି ଉପରେ ଜବରଦସ୍ତ ଅଧିଗ୍ରହଣ ଓ ପରିବେଶ ଧ୍ୱଂସକାରୀ ପ୍ରକଳ୍ପ ଜାରି ରଖିଛନ୍ତି । ଏହି ପରିସ୍ଥିତିରେ ଆମେରିକାର ଟାରିଫ ଧମକକୁ ପ୍ରତ୍ୟାଖ୍ୟାନ କରି ରୁଷିଆ ସମେତ ସମସ୍ତ ଦେଶ ସହ ବାଣିଜ୍ୟ କରିବା, ଭାରତ-ବ୍ରିଟେନ ସିଇଟିଏକୁ ତୁରନ୍ତ ସମୀକ୍ଷା ଓ ସଂଶୋଧନ କରିବା ଏବଂ ଜନସାଧାରଣଙ୍କ ମତାମତ ବିନା ଏହାକୁ ସଂସଦରେ ଅନୁମୋଦନ ନ କରିବା, ଆମେରିକା-ଭାରତ ବାଣିଜ୍ୟ ଚୁକ୍ତି ଆଲୋଚନା ବନ୍ଦ କରିବା, ଗୁପ୍ତ ବାଣିଜ୍ୟ ଚୁକ୍ତି ବନ୍ଦ କରି ସମସ୍ତ ଭବିଷ୍ୟତ ଚୁକ୍ତି ସଂସଦୀୟ ଚର୍ଚ୍ଚା, ଆଲୋଚନା ଏବଂ ବିତର୍କ ଓ ଜନସାଧାରଣଙ୍କ ମତାମତ ଅନୁଯାୟୀ କରିବା ଆଦି ଦାବି ସମ୍ବଳିତ ସ୍ମାରକପାତ୍ର ପ୍ରଧାନମନ୍ତ୍ରୀଙ୍କୁ ଜିଲ୍ଲାପାଳଙ୍କ ଜରିଆରେ ପ୍ରେରଣ କରାଯାଇଛି । ବିକ୍ଷୋଭରେ ସଞ୍ଜୟ ସାହୁ, ବଳରାମ ନାୟକ, ପ୍ରଦୀପ ପ୍ରଧାନ, କାଳୀଚରଣ ପ୍ରଧାନ, ସନାତନ ସାହୁ, କୁମର ସାହୁ ପ୍ରମୁଖ ସାମିଲ ହୋଇଥିଲେ ।

## ■ ଧଳାଜହର ବିକ୍ରି ବେଳେ ମାଡ଼ିବସିଲା ପୁଲିସ

# ଲକ୍ଷେ ଟଙ୍କାର ବ୍ରାଉନସୁଗର ଜବତ; ୨ ଗିରଫ

ଅନୁଗୋଳ, ୧୩।୮ (ସମିସ): ବ୍ରାଉନସୁଗର ବିକ୍ରି ପାଇଁ ଗ୍ରାହକ ଅପେକ୍ଷାରେ ଥିବା ବେଳେ ଅନୁଗୋଳ ଜିଲ୍ଲା ନାଲକୋନଗର ଥାନା ଆଲୁମିନିୟମ ପାର୍କ ଅଞ୍ଚଳରୁ ମଙ୍ଗଳବାର ପୁଲିସ ଦୁଇଜଣଙ୍କୁ ଗିରଫ କରିଛି । ସେମାନେ ହେଲେ ଅନୁଗୋଳ ହେମସୁରପଡ଼ାର ରାଜା ବେହେରା ଓ ମଣ୍ଟୁ ଗୋଛୟତ । ପୁଲିସ ସୂଚନା ଅନୁସାରେ ଏହି ଅଞ୍ଚଳରେ ବ୍ୟାପକ ବ୍ରାଉନସୁଗର କାରବାର ହେଉଥିବା ଜଣାପଡ଼ିବା ପରେ ବିଭିନ୍ନ ସମୟରେ ପୁଲିସ ଚଢ଼ଉ କରୁଛି । ମଙ୍ଗଳବାର ନାଲକୋ ଆଲୁମିନିୟମ ପାର୍କ ଅଞ୍ଚଳରେ ବ୍ରାଉନସୁଗର ବିକ୍ରି ହେଉଥିବା ସୂଚନା ମିଳିବା ପରେ ଥାନା ଏସଆଇ ଅର୍ଚ୍ଚନା ନାୟକଙ୍କ ନେତୃତ୍ୱରେ ଏକ ଟିମ୍ ଚଢ଼ଉ କରିଥିଲା । ଏହି ସମୟରେ ଆଲୁମିନିୟମ ପାର୍କ ବସଷ୍ଟାଣ୍ଡ ନିକଟରେ ଥିବା ରାଜା ଓ ମଣ୍ଟୁଙ୍କୁ ସନ୍ଦେହରେ କାବୁ କରି ଯାଞ୍ଚ କରାଯାଇଥିଲା । ଯାଞ୍ଚ ବେଳେ ସେମାନଙ୍କ ନିକଟରୁ ୧୫.୨୪୦ ଗ୍ରାମ ବ୍ରାଉନସୁଗର ଜବତ ହୋଇଥିଲା । ଜବତ ବ୍ରାଉନସୁଗରର ଆନୁମାନିକ ମୂଲ୍ୟ ପ୍ରାୟ ଏକ ଲକ୍ଷ ଟଙ୍କା ହେବ । ଉଭୟ ଏହି ବ୍ରାଉନସୁଗର ବାଲେଶ୍ୱରରୁ ଆଣି ଅନୁଗୋଳ, ନାଲୋକନଗର ଆଦି ଅଞ୍ଚଳରେ ବିକ୍ରି କରୁଥିବା ପୁଲିସ ନିକଟରେ ସ୍ୱୀକାର କରିଛନ୍ତି । ବୁଧବାର ଅଭିଯୁକ୍ତ ଦ୍ୱୟଙ୍କୁ କୋର୍ଟ ଚାଲାଣ କରାଯାଇଛି ।

# ଶିଶୁ ମନ୍ଦିରରେ ମାତୃ ସମ୍ମିଳନୀ

ବଇଣ୍ଡା, ୧୩।୮ (ସମିସ): ଅନୁଗୋଳ ଜିଲ୍ଲା କିଶୋରନଗର ବ୍ଲକ ବଇଣ୍ଡା ଶିଶୁ ମନ୍ଦିର ପରିସରରେ ସୋମବାର ମାତୃ ସମ୍ମିଳନୀ ଅନୁଷ୍ଠିତ ହୋଇଛି । ପ୍ରଧାନଆଚାର୍ଯ୍ୟ ରବୀନ୍ଦ୍ରନାଥ ଜେନାଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ବିଦ୍ୟାଳୟର ଉପସଭାପତି ଚୈତନ୍ୟ ବେହେରା, ମୁଖ୍ୟବକ୍ତା ଭାବେ ସହ ପ୍ରଧାନ ଆଚାର୍ଯ୍ୟ ଜ୍ୟୋସ୍ନାମୟୀ ପ୍ରଧାନ ଯୋଗଦେଇ ଶିଶୁମାନଙ୍କ ପ୍ରତି ମା'ର ଭୂମିକା ସମ୍ପର୍କରେ ବକ୍ତବ୍ୟ ରଖିଥିଲେ । ଅନ୍ନପୂର୍ଣ୍ଣା ରାଉତ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ । ସୁମତି ପ୍ରଧାନ, ରଶ୍ମିତା ମହାନ୍ତି, ନିରୁପମା ବେହେରା, ରତ୍ନମଞ୍ଜରୀ ସାହୁ, ଲିପିକା ସାହୁ, ମମତା ବିଶ୍ୱାଳ, ସୋମାଲିନ ସାହୁ ସହଯୋଗ କରିଥିଲେ ।

# କେନାଲରେ ବୁଡ଼ି ବୃଦ୍ଧ ମୃତ

କଣିହାଁ, ୧୩।୮ (ସମିସ): କଣିହାଁ ବ୍ଲକ ସମଲ ଥାନା କୁଲେଇ ଗ୍ରାମ ଦେଇ ଯାଇଥିବା ସମଲ ବ୍ୟାରେଜ ବାମ କେନାଲର ବୁଧବାର ଗାଧୋଇବା ବେଳେ ପାଣିରେ ବୁଡ଼ି ଜଣେ ବୃଦ୍ଧଙ୍କ ମୃତ୍ୟୁ ହୋଇଛି । ମୃତକ ହେଲେ ସେହି ଗ୍ରାମର ହରିଆ ଦେହୁରୀ (୬୦) । ଅପରାହ୍ନ ସାଢ଼େ ୧ଟାରେ ହରିଆ କେନାଲକୁ ଗାଧୋଇବା ପାଇଁ ଯାଇଥିଲେ । ଗାଧୋଇବା ବେଳେ ଗୋଡ଼ ଖସିଯିବାରୁ ସେ ବୁଡ଼ିଯାଇଥିଲେ । ପାଖରେ ଥିବା ଲୋକ ଖୋଜାଖୋଜି କରି ଅପରାହ୍ନ ପ୍ରାୟ ୩ଟାରେ ତାଙ୍କୁ ଉଦ୍ଧାର କରିଥିଲେ । କଣିହାଁ ଅଗ୍ନିଶମ ବାହିନୀ ଘଟଣାସ୍ଥଳରେ ପହଞ୍ଚିଥିଲା । ତାଙ୍କୁ ନିକଟସ୍ଥ ଗୋଡ଼ିବନ୍ଧ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ନିଆଯାଇଥିବା ବେଳେ ସେଠାରେ ତାଙ୍କୁ ମୃତ ଘୋଷଣା କରାଯାଇଥିଲା । ମୃତଦେହ ବ୍ୟବଚ୍ଛେଦ ପାଇଁ ତାଳଚେର ଉପଖଣ୍ଡ ଚିକିତ୍ସାଳୟ ନିଆଯାଇଛି । ଏ ନେଇ ଥାନାରେ ଏକ ଅପମୃତ୍ୟୁ ମାମଲା ରୁଜୁ ହୋଇଛି ।

# ତାଳଚେରରେ ପୂର୍ଣ୍ଣକାଳୀନ ସ୍ୱତନ୍ତ୍ର ଟ୍ରିବ୍ୟୁନାଲ କାର୍ଯ୍ୟକ୍ଷମ

ତାଳଚେର, ୧୩।୮ (ସମିସ): ତାଳଚେର କୋଇଲା କ୍ଷେତ୍ରପାଇଁ ସ୍ୱତନ୍ତ୍ର ସିବିଏ ଟ୍ରିବ୍ୟୁନାଲ (ପୂର୍ଣ୍ଣକାଳୀନ) ବୁଧବାର ଜଗନ୍ନାଥ ଜିଏମ କ୍ୟାମ୍ପସ୍ ପଛପାର୍ଶ୍ୱରେ ପ୍ରିଜାଇଡିଂ ଅଫିସର ଶୀତିକଣ୍ଠ ସାମଲଙ୍କ ଦ୍ୱାରା ଉଦଘାଟିତ ହୋଇଛି । ଏଥିରେ ତାଳଚେର ଉପଜିଲ୍ଲାପାଳ, ତହସିଲଦାର, ଜଗନ୍ନାଥ ଜିଏମ ଅଶୋକ ଧଳ, ଜିଏମ ଗିରୀଶ ପଟ୍ଟନାୟକ (ବିଧି ଏମସିଏଲ), ସରକାରୀ ଓକିଲ ପରାମାନନ୍ଦ ମିଶ୍ର ଓ ଅନ୍ୟ ଅଧିକାରୀ ଯୋଗଦେଇଥିଲେ । ପୂର୍ବରୁ ଏଠାରେ ଥିବା ଉପବିଭାଗୀୟ ବିଚାର ମାଜିଷ୍ଟ୍ରେଟ୍ ତାଳଚେର ସହ ଥିବା ଅଂଶକାଳୀନ ଟ୍ରିବ୍ୟୁନାଲ ବନ୍ଦ ହୋଇଯାଇଛି । ଏହି ସ୍ୱତନ୍ତ୍ର ସିବିଏ ଟ୍ରିବ୍ୟୁନାଲ ତାଳଚେର କୋଇଲା କ୍ଷେତ୍ରର ଜମିହରା ପ୍ରଜାଙ୍କ ମଧ୍ୟରେ କ୍ଷତିପୂରଣ ସମ୍ବନ୍ଧୀୟ ବିବାଦର ଦ୍ରୁତ ସମାଧାନକୁ ସହଜ କରିବ, ଯେଉଁଠାରେ ସିବିଏ ଆଇନ ଅନୁଯାୟୀ ବୃହତ ପରିମାଣରେ କୋଇଲା ଧାରକ ଜମି ଅଧିଗ୍ରହଣ କରାଯିବ ବୋଲି ଜଣାପଡ଼ିଛି ।

# ଅବସରପ୍ରାପ୍ତ ପ୍ରଧାନଶିକ୍ଷକଙ୍କ ପରଲୋକ

କିଶୋରନଗର, ୧୩।୮ (ସମିସ): କିଶୋରନଗର ସରକାରୀ ଉଚ୍ଚ ବିଦ୍ୟାଳୟର ପ୍ରାକ୍ତନ ପ୍ରଧାନଶିକ୍ଷକ ସତ୍ୟନାରାୟଣ ମିଶ୍ରଙ୍କ ବୁଧବାର ସକାଳ ୬ଟାରେ କଟକସ୍ଥିତ ଏକ ଘରୋଇ ମେଡିକାଲରେ ପରଲୋକ ହୋଇଛି । ସେ ୨୦୧୭ରୁ ଏହି ବିଦ୍ୟାଳୟରେ କାର୍ଯ୍ୟକରି ୨୦୨୨ରେ



ଅବସର ଗ୍ରହଣ କରିଥିଲେ । ଜଣେ ସରଳ, ଅମାୟିକ, ମିଷ୍ଟଭାଷୀ ଓ ଆଦର୍ଶ ଶିକ୍ଷକ ଭାବେ ପରିଚିତ ଥିଲେ । ଅବସର ପରେ ସେ ଅନୁଗୋଳ ସୁସୁଡ଼ାସ୍ଥିତ ନିଜସ୍ୱ ବାସଭବନରେ ଅବସ୍ଥାନ କରୁଥିଲେ । ତାଙ୍କ ବିୟୋଗରେ କିଶୋରନଗର ଉଚ୍ଚ ବିଦ୍ୟାଳୟରେ ଏକ ଶୋକସଭା ଅନୁଷ୍ଠିତ ହୋଇଛି । ପ୍ରଧାନଶିକ୍ଷୟିତ୍ରୀ ସୁପ୍ରଭା ସାହୁଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି ସ୍ମୃତିଚାରଣ ସଭାରେ ଶିକ୍ଷକ ବିନାୟକ ଦେହୁରୀ, ସଂଗ୍ରାମ କେଶରୀ ପୃଷ୍ଟି, ଭୈରବ କୁମାର ଦେହୁରୀ, ପ୍ରସନ୍ନ ପ୍ରଧାନ, ଶିକ୍ଷୟିତ୍ରୀ ଚିନ୍ମୟୀ ମହାପାତ୍ର, ସୋମାଞ୍ଜଳି ସାହୁ, ପ୍ରମୋଦିନୀ ପ୍ରଧାନ, ପ୍ରିୟଙ୍କା ପ୍ରିୟଦର୍ଶିନୀ ସାହୁ, ମଞ୍ଜୁ କଅଁର, ପଙ୍କଜିନୀ ସାହୁ, ଶୁଭଲକ୍ଷ୍ମୀ ସାହୁଙ୍କ ସମେତ ସମସ୍ତ ଶିକ୍ଷକ, କର୍ମଚାରୀ ଓ ଛାତ୍ରଛାତ୍ରୀ ଉପସ୍ଥିତ ରହି ତାଙ୍କ ଆତ୍ମାର ସଦଗତି ପାଇଁ ନିରବ ପ୍ରାର୍ଥନା କରିଥିଲେ ।

# ମା' ଖମ୍ବେଶ୍ୱରୀଙ୍କ ବାର୍ଷିକ ପୂଜା

## ■ ହଜାର ହଜାର ଭକ୍ତଙ୍କ ସମାଗମ



ଛେଣ୍ଡିପଦା, ୧୩।୮ (ସମିସ): ଅନୁଗୋଳ ଜିଲ୍ଲା ଛେଣ୍ଡିପଦା ବ୍ଲକ ଶିମିଳିପାଳ ପଞ୍ଚାୟତ ଚରାକାନୀଠାରେ ରହିଛି ମା' ଖମ୍ବେଶ୍ୱରୀଙ୍କ ପ୍ରସିଦ୍ଧ ଶକ୍ତିପୀଠ । ପ୍ରତିବର୍ଷ ପରି ଚଳିତ ବର୍ଷ ଭାଦ୍ରବ ମାସ କୃଷ୍ଣପକ୍ଷ ତୃତୀୟା ତିଥିରେ ମା'ଙ୍କ ବାର୍ଷିକ ପୂଜା ଆଡ଼ମ୍ବରରେ ପାଳିତ ହୋଇଛି । ଦୂରଦୂରାନ୍ତରୁ ଆସିଥିବା ହଜାର ହଜାର ଭକ୍ତଙ୍କ ସମାଗମ ହୋଇଥିଲା ।

ମାତ୍ର ଶକ୍ତି ରୁପେଣୀ ଖମ୍ବେଶ୍ୱରୀ କାଠରେ ନିର୍ମିତ ଛୋଟ ଖୁମ୍ବ ଏବଂ ଅନତିଦୂରରେ ରହିଛି ପାତାଳଭେଦୀ ଶବଲିଙ୍ଗ । ଯାହା ଖୁମ୍ବେଶ୍ୱରୀ ନାମରେ ପ୍ରସିଦ୍ଧ । କାଠରେ ନିର୍ମିତ ଛୋଟ ଖୁମ୍ବ ଓସରୁ ଆକୃତି ଏବଂ ୧୬ ଶିରା ବିଶିଷ୍ଟ, ଖୁମ୍ବେଶ୍ୱରୀ ହିଁ ବରଦାନ ପୂର୍ବକ ଭକ୍ତର ମନସ୍କାମନା ପୂରଣ କରିଥାନ୍ତି । ପର୍ବ ଆରମ୍ଭ ପୂଜାଦିନ ପ୍ରତ୍ୟୁଷରେ ଦେହୁରୀ (ପୂଜକ) ପୀଠ ପୂଜା ଓ ବାଳଧୂପ କରନ୍ତି । ଦିନ ୨ଟାରୁ ସନ୍ଧ୍ୟା ପର୍ଯ୍ୟନ୍ତ ଭକ୍ତମାନେ ମା'ଙ୍କ ଦର୍ଶନ ଲାଭ କରିଥାନ୍ତି । ଢୋଲ, ନିଶାଣ, ଛତି, ତରାଶ ସହ ଏକ ବିରାଟ ଥାଳିରେ ଦେହୁରୀ ପୂଜା ଭୋଗ ଧରି ଛୋଟ ଖୁମ୍ବ ଓ ଖୁମ୍ବେଶ୍ୱରୀଙ୍କ ପୂଜାରେ ଦିଆଣୀକୁ ଫଳଚନ୍ଦନ ଦେଇ ପୂଜା କରିଥାନ୍ତି ।

ଏହି ପୂଜାରେ ଛେଣ୍ଡିପଦା ବିଧାୟକ ଅଗସ୍ତୀ ବେହେରା, ପୂର୍ବତନ ବିଧାୟକ ସୁଶାନ୍ତ କୁମାର ବେହେରା, କଂଗ୍ରେସ ସଭାନେତ୍ରୀ ସସ୍ମିତା ବେହେରା, ଅକ୍ଷୟପାଦ ବେହେରା, ଗୋପବନ୍ଧୁ ସାହୁ, ଜିଲ୍ଲା ପରିଷଦ ସଭ୍ୟ ଯଶୋବନ୍ତ ବେହେରା, ଶିମିଳିପାଳ ସରପଞ୍ଚ ଗିରୀଶ ଚନ୍ଦ୍ର ପ୍ରଧାନ, କୁନ୍ତଳା ମାଝୀ, ବିଜୟ କୁମାର ପ୍ରଧାନଙ୍କ ସମେତ ବହୁ ମାନ୍ୟଗଣ୍ୟ ବ୍ୟକ୍ତି ଯୋଗଦେଇଥିଲେ । ଚରାକାନୀ ଗ୍ରାମ୍ୟ କମିଟି ସଦସ୍ୟ ପରେଶ ମାଝୀ, ପ୍ରକାଶ ଚନ୍ଦ୍ର ସାହୁ, ଅମର ସାହୁ, ସଚିନ ମାଝୀ, ଆଶିଷ ସାହୁ ପ୍ରମୁଖ ସହଯୋଗ କରିଥିଲେ । ଭକ୍ତଙ୍କ ପାଇଁ ପ୍ରସାଦ ସେବନ ବ୍ୟବସ୍ଥା କରାଯାଇଥିଲା ।

# ସଂସ୍କୃତ ସପ୍ତାହ ପାଳିତ

ବଇଣ୍ଡା, ୧୩।୮ (ସମିସ): ଅନୁଗୋଳ ଜିଲ୍ଲା ଠାକୁରଗଡ଼ ଥାନା ସାନହୁଲା ହାଇସ୍କୁଲରେ ମଙ୍ଗଳବାର ସଂସ୍କୃତ ସପ୍ତାହ ପଳନ କରାଯାଇଛି । ଏଥିରେ ଚିତ୍ରାଙ୍କନ, ବକ୍ତୃତା, ଶ୍ଳୋକ ଆବୃତି ଆଦି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା । ମୁଖ୍ୟଅତିଥି ଭାବେ ଶିକ୍ଷକ ତ୍ରିଲୋଚନ ଦେହୁରୀ ଯୋଗଦେଇ ଦିବସ ପାଳନ ସମ୍ପର୍କରେ ଆଲୋକପାତ କରିଥିଲେ । ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ଶିକ୍ଷକ ସୁଧାକର ସାହୁ, ଅନ୍ୟତମ ଅତିଥି ଭାବେ ବିଦ୍ୟାଳୟର ପ୍ରଧାନଶିକ୍ଷକ ବିଶ୍ୱନାଥ ପ୍ରଧାନ ଯୋଗଦେଇଥିଲେ । ସଂସ୍କୃତ ଶିକ୍ଷକ ଜଗଦୀଶ ନନ୍ଦ କାର୍ଯ୍ୟକ୍ରମରେ ସଭାପତିତ୍ୱ କରିଥିବା ବେଳେ କ୍ରୀଡ଼ା ଶିକ୍ଷୟିତ୍ରୀ ବିନୋଦିନୀ ସାହୁ ପରିଚାଳନା କରିଥିଲେ । ସେହିପରି ପାଇକସହି ଡିଗ୍ରୀ ମହାବିଦ୍ୟାଳୟରେ ସଂସ୍କୃତ ଦିବସ ପାଳିତ ହୋଇଛି । ମହାବିଦ୍ୟାଳୟ ଅଧ୍ୟକ୍ଷ ନିରୋଜକାନ୍ତ ପ୍ରଧାନ ଏହାକୁ ଉଦଘାଟନ କରିଥିଲେ । ଅଧ୍ୟାପକ ସାରଦା ପ୍ରସାଦ ସାହୁ, ମିଳନ କୁମାର ସାହୁ, ରଞ୍ଜନ କୁମାର ରାଉଳ, ଯସ୍ମିରାଣୀ ନାୟକ, ପ୍ରିୟଦର୍ଶିନୀ ଦେହୁରୀ ପ୍ରମୁଖ ଉପସ୍ଥିତ ଥିଲେ । ସଂସ୍କୃତ ଅଧ୍ୟାପକ ସରୋଜ କୁମାର କର କାର୍ଯ୍ୟକ୍ରମ ସମ୍ପର୍କରେ ଆଲୋକପାତ କରିଥିଲେ ।

# ୧୦ଦଫା ଦାବିରେ ରାଜସ୍ୱ ଅମଲା ସଂଘର ଆନ୍ଦୋଳନ




ତାଳଚେର, ୧୩।୮ (ସମିସ): ଜିଲ୍ଲା ଅମଲାସଂଘ ନେତୃତ୍ୱରେ ତାଳଚେର ଉପଖଣ୍ଡରେ କାର୍ଯ୍ୟରତ ରାଜସ୍ୱ ଅମଲାମାନେ ସୋମବାରଠାରୁ ସାମୂହିକ ଛୁଟିରେ ରହି ଆନ୍ଦୋଳନ କରିଛନ୍ତି । ମୂଳଦରମା ଲେବୁଲ ୯କୁ ବୃଦ୍ଧି, ନୂତନ ପଦବୀ ସୃଷ୍ଟି ଓ କ୍ୟାଡର ପୁନର୍ଗଠନ, କନିଷ୍ଠ ସହାୟକମାନଙ୍କ ରେସିଡେନ୍ସି ପିରିଅଡ ୬ବର୍ଷ ଜାଗାରେ ୪ବର୍ଷ କରାଯିବା, ବରିଷ୍ଠ ରାଜସ୍ୱ ସହାୟକ ଓ ଏଏସଓ ପଦବୀକୁ ଏକତ୍ରୀକରଣ କରାଯାଇ କେବଳ ଏଏସଓ ରଖାଯିବା, କନିଷ୍ଠ ରାଜସ୍ୱ ସହାୟକଙ୍କୁ ୪ବର୍ଷ ରେସିଡେନ୍ସ ପିରିଅଡ ରଖାଯାଇ ଏଏସଓ ପଦବୀକୁ ପଦୋନ୍ନତି, ୨୦ ଲକ୍ଷ ଟଙ୍କା ସ୍ୱାସ୍ଥ୍ୟବୀମା, ଜିଲ୍ଲା ସ୍ତରରେ କାର୍ଯ୍ୟରତ ରାଜସ୍ୱ କର୍ମଚାରୀମାନଙ୍କୁ ଓଡ଼ିଶା ରାଜସ୍ୱସେବା ପଦବୀକୁ ପଦୋନ୍ନତି, ପୁରୁଣା ପେନସନ୍ ପ୍ରଚଳନ ଆଦି ଦାବିରେ ଉପଜିଲ୍ଲାପାଳ, ତହସିଲ, ବ୍ଲକ, ଆଇସିଡିଏସ୍ କାର୍ଯ୍ୟାଳୟର ଅମଲାମାନେ ଧାରଣ ଦେଇଛନ୍ତି । ଜିଲ୍ଲା ସଭାପତି ନଗେନ ଶତପଥୀ, କ୍ରିୟାନୁଷ୍ଠାନ କମିଟି ଅଧ୍ୟକ୍ଷ ମନୋଜ ସାହୁ, କାର୍ଯ୍ୟକାରୀ ସଭାପତି ସ୍ନେହାଶ୍ରୀ ବେହେରା, କାର୍ଯ୍ୟନିର୍ବାହୀ ସଭ୍ୟ ପ୍ରଦ୍ୟୁମ୍ନ ପ୍ରଧାନଙ୍କ ସମେତ ଅମଲାମାନେ ଏଥିରେ ସାମିଲ ହୋଇଛନ୍ତି । ଆନ୍ଦୋଳନ ଫଳରେ କାର୍ଯ୍ୟାଳୟଗୁଡ଼ିକରେ କର୍ମଚାରୀ ଅଭାବ ଯୋଗୁଁ ଲୋକେ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି । ସରକାର ସେମାନଙ୍କ ଦାବି ପୂରଣ ଦିଗରେ ଦୃଷ୍ଟି ଦେବାକୁ ସାଧାରଣରେ ଦାବି ହେଉଛି ।




**କଣିହାଁ:** କଣିହାଁ ତହସିଲ କାର୍ଯ୍ୟାଳୟ ସମ୍ମୁଖରେ ଓଡ଼ିଶା ରାଜସ୍ୱ ଅମଲା ସଙ୍ଘ ପକ୍ଷରୁ କଣିହାଁ ବ୍ଲକ କାର୍ଯ୍ୟାଳୟ, ତହସିଲ କାର୍ଯ୍ୟାଳୟ ଓ ସିଡିପିଓ କାର୍ଯ୍ୟାଳୟରେ କାର୍ଯ୍ୟରତ ସମସ୍ତ ରାଜସ୍ୱ ଅମଲା ୧୦ ଦଫା ଦାବି ନେଇ ସୋମବାରଠାରୁ ଅନିର୍ଦ୍ଦିଷ୍ଟ କାଳ ଯାଏଁ କାର୍ଯ୍ୟବନ୍ଦ ଆନ୍ଦୋଳନରେ ବସିଛନ୍ତି । ଗତ ମାସ ୭ ତାରିଖ ଅମଲା ସଂଘ ତରଫରୁ କଳାବ୍ୟାଜ୍ ପିନ୍ଧି ପ୍ରତିବାଦ କରାଯିବା ସହ ଦାବି ପୂରଣ ପାଇଁ ସରକାରଙ୍କୁ ଅନୁରୋଧ କରାଯାଇଥିଲା । ତେବେ ସରକାର କୌଣସି ପଦକ୍ଷେପ ଗ୍ରହଣ ନ କରିବାରୁ କାର୍ଯ୍ୟବନ୍ଦ ଆନ୍ଦୋଳନ କରାଯାଇଛି । ଫଳରେ ସମସ୍ତ ଅଫିସ ଖୋଲା ଥିଲେ ମଧ୍ୟ କର୍ମଚାରୀ ନ ଥିବାରୁ କୌଣସି କାର୍ଯ୍ୟ ହୋଇପାରୁନାହିଁ । ଆନ୍ଦୋଳନରେ ସୁଦର୍ଶନ ନାୟକ, ଅମିୟ ତ୍ରିପାଠୀ, ଶୁଭକାନ୍ତ ପ୍ରଧାନ, ଚୁମକି ଦଳବେହେରା, ଜ୍ଞାନରଞ୍ଜନ ପ୍ରଧାନ, ସୌମ୍ୟରଞ୍ଜନ ପ୍ରଧାନ, ଜାନକୀ ସାହୁ, ଚନ୍ଦ୍ରକାନ୍ତ ପ୍ରଧାନ, ମୁକୁରା ଶୁଣ୍ଠୀ, ଇତିଶ୍ରୀ ପ୍ରଧାନ, ଦାମୟନ୍ତୀ ସାହୁ, ଦେବଦତ୍ତ ନାୟକ, ଟିକିନା ନାଥ, ବର୍ଷାରାଣୀ ସାହୁ ପ୍ରମୁଖ ସାମିଲ ହୋଇଛନ୍ତି ।

# ଲୋକଙ୍କୁ କଲବଲ କଲାଣି ବିଦ୍ୟୁତ୍ କାଟ୍

ତାଳଚେର, ୧୩।୮ (ସମିସ): ଏବେ ତାଳଚେରରୁ ବର୍ଷା ଉଭାନ ହୋଇଯିବା ପରେ ଗୁଳୁଗୁଳି ଲୋକଙ୍କୁ ଅତିଷ୍ଠ କରୁଛି । ଏଥିସହ ଘନ ଘନ ବିଦ୍ୟୁତ୍ କାଟ ଲୋକଙ୍କୁ କଲବଲ କରୁଛି । କୋମଳମତି ଛାତ୍ରଛାତ୍ରୀ ମଧ୍ୟ ଏଥିରୁ ବାଦ୍ ପଡୁନାହାନ୍ତି । ଫଳରେ ଅଭିଭାବକମାନେ ଚିନ୍ତାରେ ପଡ଼ିଛନ୍ତି । ତାଳଚେର ଅଞ୍ଚଳରେ ଆଗକୁ ଓଡ଼ିଶା ପ୍ରସିଦ୍ଧ ଗଣେଶପୂଜା ଆସୁଥିବା ବେଳେ ବିଦ୍ୟୁତ୍ ମରାମତି ନାମରେ ସକାଳ ୯ଟାରୁ ଅପରାହ୍ନ ୨ଟା ପର୍ଯ୍ୟନ୍ତ ବିଦ୍ୟୁତ୍ ସରାବରାହ ସମ୍ପୂର୍ଣ୍ଣ ବନ୍ଦ କରାଯାଉଛି । ଏହା ବାଦ୍ ଅନ୍ୟ ସମୟରେ ମଧ୍ୟ ବିଦ୍ୟୁତ୍ କାଟ ହେଉଛି । ସ୍କୁଲଗୁଡ଼ିକରେ କୌଣସି ବିକଳ୍ପ ବ୍ୟବସ୍ଥା ନ ଥିବାରୁ ଛାତ୍ରଛାତ୍ରୀମାନେ ଶ୍ରେଣୀ କକ୍ଷରେ ବସି ପାଠ ପଢ଼ିବା ଅସହ୍ୟ ହୋଇପଡୁଥିବା ଅଭିଭାବକମାନେ ପ୍ରକାଶ କରିଛନ୍ତି । ଏହି ପରିପ୍ରେକ୍ଷୀରେ ସ୍ଥାନୀୟ ଅଙ୍ଗାରୁଆସ୍ଥିତ ସେଣ୍ଟଜୋନ୍ ସ୍କୁଲ ଛାତ୍ରଛାତ୍ରୀ ସ୍କୁଲ ଯିବାକୁ ଅମଙ୍ଗ ହେଉଛନ୍ତି । ଏହି ଘରୋଇ ସ୍କୁଲ କର୍ତ୍ତୃପକ୍ଷ ପ୍ରତ୍ୟେକ ପିଲାଠାରୁ ମାସିକ ହଜାର ହଜାର ଟଙ୍କା ଆଦାୟ କରୁଥିବା ବେଳେ ବିଦ୍ୟୁତ୍ କାଟ୍ ସମୟରେ ବିକଳ୍ପ ସ୍ୱରୂପ ଜେନେରେଟର ବ୍ୟବସ୍ଥା କରୁ ନ ଥିବାରୁ ଛାତ୍ରଛାତ୍ରୀ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଥିବା ଅଭିଭାବକମାନେ ଅଭିଯୋଗ କରିଛନ୍ତି ।

## ● ବାଦ୍ ପଡୁନାହାନ୍ତି ଛାତ୍ରଛାତ୍ରୀ

# ଅନୁଗୋଳ କଲେଜରେ ବିଶାଳ ତ୍ରିରଙ୍ଗା ଶୋଭାଯାତ୍ରା



ଅନୁଗୋଳ, ୧୩।୮ (ସମିସ): ଭାରତ ସରକାର ଓ ଉଚ୍ଚଶିକ୍ଷା ବିଭାଗ ଓଡ଼ିଶା ନିର୍ଦ୍ଦେଶ ଆଧାରରେ ବୁଧବାର ଅନୁଗୋଳ ସରକାରୀ ସ୍ୱୟଂଶାସିତ ମହାବିଦ୍ୟାଳୟ ଆନୁକୂଲ୍ୟରେ ବିରାଟ ତ୍ରିରଙ୍ଗା ଶୋଭାଯାତ୍ରା ଅନୁଷ୍ଠିତ ହୋଇଛି । ଅଧ୍ୟକ୍ଷ ଡ. ନୀଳାଚଳ ପଟେଲଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନ ତଥା ଅନୁଗୋଳ ଜିଲ୍ଲା ପ୍ରଶାସନ ସହଯୋଗରେ ଅନୁଷ୍ଠିତ ଏହି ଶୋଭାଯାତ୍ରାରେ ପ୍ରାୟ ୭୦୦ ଛାତ୍ରଛାତ୍ରୀ, ଶହେ ଶିକ୍ଷକ ଓ କର୍ମଚାରୀ ଉତ୍ସାହର ସହ ଅଂଶଗ୍ରହଣ କରିଥିଲେ । ପୂର୍ବାହ୍ନ ୧୦ଟାରେ ଶୋଭାଯାତ୍ରା ଆରମ୍ଭ ହୋଇ ଅପରାହ୍ନ ୧ଟାରେ ସମ୍ପନ୍ନ ହୋଇଥିଲା । ଛାତ୍ରଛାତ୍ରୀ, ଅଧ୍ୟକ୍ଷ, ଅଧ୍ୟାପକ, ଅଧ୍ୟାପିକା, କର୍ମଚାରୀଗଣ ଜାତୀୟ ପତାକା ଧରି ବିଭିନ୍ନ ଦେଶାତ୍ମବୋଧକ ସ୍ଲୋଗାନ ଦେଇ ଶୋଭାଯାତ୍ରାରେ ମହାବିଦ୍ୟାଳୟ ପରିସରରୁ ବାହାରି, ଶିଶୁ ଉଦ୍ୟାନ ଛକ, ଥାନା ଛକ, ଟ୍ରାଫିକ ଛକ, କୋର୍ଟ ଛକ, ଶ୍ରୀ ଜଗନ୍ନାଥ ମନ୍ଦିର, ଶିକ୍ଷକଶିକ୍ଷା ମହାବିଦ୍ୟାଳୟ, କମଳା ଉଦ୍ୟାନ ଛକ ଦେଇ ମହାବିଦ୍ୟାଳୟକୁ ପ୍ରତ୍ୟାବର୍ତ୍ତନ କରିଥିଲା । ମହାବିଦ୍ୟାଳୟ ସଂଯୋଜକ କ୍ୟାପଟେନ ଡ. ଅଭିମନ୍ୟୁ ଦାସଙ୍କ ନେତୃତ୍ୱରେ ଶାଶ୍ୱତୀ ଶୁଭଦର୍ଶିନୀ, ସୂର୍ଯ୍ୟକାନ୍ତ ସ୍ୱାଇଁ, ମହାବିଦ୍ୟାଳୟ ପ୍ରଶାସକ ଅଭୟ ମଲ୍ଲିକ, ଡ. ସୁରେଶ ରାଜହଂସ ପ୍ରମୁଖ ଶୋଭାଯାତ୍ରାକୁ ପରିଚାଳନା କରିଥିଲେ ।

# କେନ୍ଦ୍ରୀୟ ଗଣେଶ ପୂଜା କମିଟି ବୈଠକ

ଅନୁଗୋଳ, ୧୩।୮ (ସମିସ)




ଅନୁଗୋଳ ମିଶ୍ରପଡ଼ାସ୍ଥିତ ଏକ ହୋଟେଲରେ ଅନୁଗୋଳ କେନ୍ଦ୍ରୀୟ ଗଣେଶ ପୂଜା କମିଟିର ବୈଠକ ଅନୁଷ୍ଠିତ ହୋଇଛି । ଏଥିରେ କେନ୍ଦ୍ରୀୟ ପୂଜା କମିଟି ସଭାପତି ସୌମ୍ୟରଞ୍ଜନ ସାହୁ, ସମ୍ପାଦକ ଦିପୁନ ବେହେରା, ଉପସଭାପତି ଆକାଶ ମହାରଣା, ଶାନ୍ତନୁ ସେଠୀ, ସହସମ୍ପାଦକ ସୁଶୀଲ ମୁଖି, କୋଷାଧ୍ୟକ୍ଷ ସୁଶାନ୍ତ ସାମଲ, ଉପଦେଷ୍ଟା ବ୍ରହ୍ମଜ୍ୟୋତି ମିଶ୍ର, ସୂର୍ଯ୍ୟକାନ୍ତ ନନ୍ଦ, ପ୍ରଦ୍ୟୁମ୍ନ ସାହୁଙ୍କ ସହିତ ମୋଟ ୧୫ ପୂଜା କମିଟିର ସଭାପତି ସମ୍ପାଦକ ଓ ସଦସ୍ୟ ଉପସ୍ଥିତ ଥିଲେ । ସଭାପତି ସାହୁଙ୍କ ନିବେଦନ କ୍ରମେ ଉପଦେଷ୍ଟା ମିଶ୍ର ସଭା ପରିଚାଳନା କରିଥିଲେ । ପ୍ରଥମେ ଆମ ପୂଜା କମିଟି ସଦସ୍ୟ ରାଜେଶ ମିଶ୍ର ଓ ଦେବାଶିଷ ମିଶ୍ରଙ୍କ ସ୍ୱର୍ଗତ ପିତା ଯଜ୍ଞେଶ୍ୱର ମିଶ୍ରଙ୍କ ଉଦ୍ଦେଶ୍ୟରେ ନିରବ ପ୍ରାର୍ଥନା କରାଯାଇଥିଲା । କୁନିଝିଅ ନିଷ୍ଠାଙ୍କ ଦ୍ୱାରା ସମସ୍ତ ପୂଜାକମିଟିକୁ କ୍ରମାଙ୍କ ଟୋକନ ଦିଆଯାଇଥିଲା । ଯାହାର ଯେଉଁ ନମ୍ବର ହେଲା ସେ ପୂଜା କମିଟି ତାକୁ ମାନି କ୍ରମାନ୍ୱୟରେ ମେଢ଼ ନେବେ ବୋଲି ନିଷ୍ପତ୍ତି ହୋଇଥିଲା । ପ୍ରତେକ ବର୍ଷ ଜିଲ୍ଲା ପ୍ରଶାସନ ଓ କେନ୍ଦ୍ରୀୟ ପୂଜା କମିଟିକୁ ନେଇ ଯେଉଁ ସଭା ଅନୁଷ୍ଠିତ ହେଉଛି ଅତିରିକ୍ତ ଜିଲ୍ଲାପାଳ ବିଦ୍ୟୁତ୍ କର୍ମଚାରୀ, ମ୍ୟୁନିସିପାଲଟି କର୍ମଚାରୀ, ଓ ଅନ୍ୟା କର୍ମଚାରୀଙ୍କୁ ଯାହା ନିର୍ଦ୍ଦେଶ ଦେଉଛନ୍ତି ତାକୁ ସୁଚାରୁ ରୂପେ ପାଳୁନାହାନ୍ତି । ଅନୁଗୋଳ ମୁଖ୍ୟ ଚିକିତ୍ସାଳୟ ପାଖରେ ଯେଉଁ ପୂଜା କମିଟି ପହଞ୍ଚିବେ ସେ ତାଙ୍କ ସାଉଣ୍ଡ କମାଇ ଆଗକୁ ବଢ଼ିବେ । ଚିକିତ୍ସାଳୟରେ ଥିବା ରୋଗୀ ଯେପରି ହଇରାଣ ନ ହେବେ ସେ ନେଇ ଆଲୋଚନା ହୋଇଥିଲା । ଜିଲ୍ଲା ପ୍ରଶାସନ ଓ କେନ୍ଦ୍ରୀୟ ପୂଜା କମିଟିର ଆଲୋଚନା ପରେ ଯାହା ନିଷ୍ପତ୍ତି ହେବ ତାକୁ ସମସ୍ତ ପୂଜା କମିଟି କାର୍ଯ୍ୟକାରୀ କରିବେ । ଯେଉଁ ପୂଜା କମିଟି ଆଇନ ଅମାନ୍ୟ କରିବେ କିମ୍ବା ଆଇନକୁ ହାତକୁ ନେବେ, କେନ୍ଦ୍ରୀୟ ପୂଜା କମିଟି ତାଙ୍କର କୌଣସି ବି କଥାକୁ ଗୁରୁତ୍ୱ ଦେବନାହିଁ । କେନ୍ଦ୍ରୀୟ ପୂଜା କମିଟି ପୂଜା ପ୍ରସେସନ ସରିବା ପରେ ସେପ୍ଟେମ୍ବର ୭ରେ ପୁନର୍ବାର ସଭା ବସିବ ଓ ସମସ୍ତ ହିସାବ କିତାବ ହେବ ବୋଲି ବୈଠକରେ ସ୍ଥିର ହୋଇଛି ।

## ଡେରାବିଶ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଔଷଧ ପୋଡ଼ି ଘଟଣା

# ଏଡିଏମ୍‌ଓଙ୍କ ନେତୃତ୍ୱରେ ତଦନ୍ତ ପାଇଁ ଆସିଲେ ୫ଜଣିଆ ଟିମ୍

ଡେରାବିଶ,୧୩।୮ (ସମିସ)






ସରକାର ଲୋକମାନଙ୍କୁ ନିରାମୟ ଯୋଜନାରେ ମାଗଣାରେ ଔଷଧ ଯୋଗାଇ ଦେଉଛନ୍ତି। ଯେପରି କୌଣସି ରୋଗୀ ସରକାରୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଆସି ଡାକ୍ତରଙ୍କ ଦ୍ୱାରା ଚିକିତ୍ସା ହେବା ସହିତ ରୋଗ ଭଲ ହେବା ପାଇଁ ମାଗଣାରେ ଔଷଧ ଡାକ୍ତରଖାନା ପରିସରକୁ ପାଇବ। ଏଥିପାଇଁ ସରକାର କୋଟି କୋଟି ଟଙ୍କାର ବିଭିନ୍ନ ପ୍ରକାର ଔଷଧ ସରକାରୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଯୋଗାଇ ଦେଉଛନ୍ତି। ହେଲେ ବିଭାଗୀୟ କର୍ତ୍ତୃପକ୍ଷଙ୍କ ଅବହେଳା ହେଉ କିମ୍ବା ମନମାନୀ ହେଉ ସରକାରଙ୍କ ପକ୍ଷରୁ ରୋଗୀମାନଙ୍କ ନିମନ୍ତେ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଯୋଗାଇ ଦିଆଯାଉଥିବା କୋଟି କୋଟି ଟଙ୍କାର ଔଷଧ କେତେବେଳେ ଏକ୍ସପାରୀ ହେଉଛିତ ପୁଣି କେତେବେଳେ ଏଗୁଡ଼ିକୁ ପୋଡ଼ି ଦିଆଯାଉଛି। ଏପରି ଔଷଧ ପୋଡ଼ି ଘଟଣା ଦେଖିବାକୁ ମିଳିଛି ଡେରାବିଶ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ପରିସରରେ। ଏହି ସ୍ୱାସ୍ଥ୍ୟ କେନ୍ଦ୍ର ପରିସରରେ ବିପୁଳ ପରିମାଣରେ ଔଷଧ ପୋଡ଼ାଯାଉଥିବାର ଭିଡ଼ିଓ ଏବେ ମୋବାଇଲରୁ ମୋବାଇଲ୍ ଭାଇରାଲ ହେବାରେ ଲାଗିଛି। ଏପରିକି ପୋଡ଼ାଯାଉଥିବା ଔଷଧ ମଧ୍ୟରେ କିଛି ଔଷଧର ଏକ୍ସପାରୀ ଅବଧି ୨୦୨୬ ଡିସେମ୍ବର ଯାଏ ରହିଥିବା ଦେଖିବାକୁ ମିଳିଛି। ଏ ସମ୍ପର୍କରେ ଜଣେ ଗଣମାଧ୍ୟମ ପ୍ରତିନିଧି ଭିଡ଼ିଓ ଉତୋଳନ କରୁଥିବା ବେଳେ ମେଡ଼ିକାଲ୍ କର୍ତ୍ତୃପକ୍ଷ ତାଙ୍କୁ ଏପରି କରିବାକୁ ବାରଣ କରୁଥିବା ଓ ଏଥିପାଇଁ ଗଣମାଧ୍ୟମ ପ୍ରତିନିଧି ଜଣଙ୍କୁ ଘଟଣାଟିକୁ ରଫାଦଫା କରିବା ପାଇଁ ଟଙ୍କା ଯାଚୁଥିବାର ଭିଡ଼ିଓ ମଧ୍ୟ ଏବେ ଭାଇରାଲ ହେବାରେ ଲାଗିଛି। ଏହି ଘଟଣା ସମ୍ପର୍କରେ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡାକ୍ତର ମନୋରଜ ରାଉତ ଅବଗତ ହେବା ପରେ ଏହି ଘଟଣାର ତଦନ୍ତ ନିର୍ଦ୍ଦେଶ ଦେଇଥିବା ବେଳେ ଏହାର ତଦନ୍ତ କରିବା ପାଇଁ କମିଟି ଗଠନ କରାଯାଇଥିଲା। ଏହି କେନ୍ଦ୍ରପଡ଼ା ଅତିରିକ୍ତ ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀଙ୍କ ନେତୃତ୍ୱରେ ଏକ ପାଚଜଣିଆ ଟିମ୍ ଡେରାବିଶ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ପରିସରକୁ ଆସି ତଦନ୍ତ କରି ଫେରିଥିବା ଜଣାପଡ଼ିଛି। ତେବେ ତଦନ୍ତ ପୂର୍ବରୁ ଡେରାବିଶ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର କର୍ତ୍ତୃପକ୍ଷ ଏହି ମେଡିସିନ୍ ପୋଡ଼ି ସ୍ଥଳକୁ ସମ୍ପୂର୍ଣ୍ଣ ଭାବେ ସଫା କରିଦେଇଥିବା ଜଣାପଡ଼ିଛି। ଏହି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରଟି ଡେରାବିଶ ବ୍ଲକର ମୁଖ୍ୟ ଚିକିତ୍ସା କେନ୍ଦ୍ର ହୋଇଥିବା ବେଳେ ଏହି ସ୍ୱାସ୍ଥ୍ୟ କେନ୍ଦ୍ର ଉପରେ ଡେରାବିଶ ବ୍ଲକର ୨୬ଟି ପଂଚାୟତର ଜନସାଧାରଣ ନିର୍ଭର କରିଥାନ୍ତି। ଏଠାରେ ରୋଗୀମାନଙ୍କ ନିମନ୍ତେ ବେଡ଼୍‌ର ବ୍ୟବସ୍ଥା ରହିଥିବା ବେଳେ ୨୪ ଘଣ୍ଟିଆ ସ୍ୱାସ୍ଥ୍ୟ ସେବାର ବ୍ୟବସ୍ଥା କରାଯାଇଛି। ଏହି ସ୍ୱାସ୍ଥ୍ୟ କେନ୍ଦ୍ରରେ ପ୍ରତିଦିନ ୧୦୦ରୁ ଉର୍ଦ୍ଧ୍ୱ ରୋଗୀ ସେମାନଙ୍କ ଚିକିତ୍ସା ପାଇଁ ଆସିଥାଁ"। ସେଥିପାଇଁ ଏହି ସ୍ୱାସ୍ଥ୍ୟ କେନ୍ଦ୍ରକୁ ବହୁ ପରିମାଣରେ ଔଷଧ ଯୋଗାଇ ଦିଆଯାଇଥାଏ। ଏହି ସ୍ୱାସ୍ଥ୍ୟ କେନ୍ଦ୍ରରେ ସ୍ୱାସ୍ଥ୍ୟ ସେବା ସଠିକ ଭାବେ କରାଯାଉନଥିବାର ବିଭିନ୍ନ ଅଭିଯୋଗ ପାଇ ଗତ ସପ୍ତାହରେ ପାଟକୁରା ବିଧାୟକ ଅରବିନ୍ଦ ମହାପାତ୍ର ଅଚାନକ ଏହି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ସରପ୍ରାଇଜ୍ ଭିଜିଟରେ ଯାଇଥିଲେ। ସେଠାରେ ବିଭିନ୍ନ ପ୍ରକାର ଅବ୍ୟବସ୍ଥା ଦେଖିବା ସହିତ ନିରାମୟ କେନ୍ଦ୍ରରେ ବହୁ ଔଷଧ ଏକ୍ସପାରୀ ହୋଇଯାଇଥିବା ଦେଖିବାକୁ ପାଇଥିଲେ। ଏହି ଘଟଣାରେ ବିଧାୟକ ଶ୍ରୀ ମହାପାତ୍ର ଅସନ୍ତୋଷ ବ୍ୟକ୍ତ କରିବା ସହିତ ତୁରନ୍ତ ଏହି ଅବ୍ୟବସ୍ଥା ଗୁଡ଼ିକୁ ସୁଧାରିବା ପାଇଁ ନିର୍ଦ୍ଦେଶ ଦେଇଥିଲେ। ଏହି ସ୍ୱାସ୍ଥ୍ୟ କେନ୍ଦ୍ର ଅଧିନରେ ଚାନ୍ଦୋଳ, ଦାନପୁର, ହରିଅଙ୍କ, ସନ୍ଥପୁରା ଓ ବୀରନୀଳକଣ୍ଠପୁର ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ସମେତ ୨୪ଟି ସ୍ୱାସ୍ଥ୍ୟ ଉପକେନ୍ଦ୍ର ରହିଛି। ଏଠାରେ ପ୍ରଶ୍ନ ଉଠୁଛି ଯଦି ଏହି ସ୍ୱାସ୍ଥ୍ୟ କେନ୍ଦ୍ରକୁ ଆସୁଥିବା ଔଷଧ ବଳିପଡ଼ିଲା ତେବେ ଏହାକୁ କେନ୍ଦ୍ରାପଡ଼ା ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ଫେରାଇ ଦିଆଯାଇ ପାରିଥାନ୍ତା କିମ୍ବା ଏହି ସ୍ୱାସ୍ଥ୍ୟ କେନ୍ଦ୍ର ଅଧିନସ୍ଥ ପାଂଚୋଟି ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ରକୁ ମଧ୍ୟ ପଠାଯାଇ ପାରିଥାନ୍ତା। ଏକ ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି ଉପରୋକ୍ତ ପାଚୋଟି ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ମଧ୍ୟରୁ ଗୋଟିଏ ଦୁଇଟିକୁ ଛାଡ଼ିଦେଲେ ଅନ୍ୟ ସବୁ ସ୍ୱାସ୍ଥ୍ୟ କେନ୍ଦ୍ରରେ ମଧ୍ୟ ଅବସ୍ଥା ତଦ୍ରୂପ। ସମୟ ସମୟରେ ସେଠାରେ ମଧ୍ୟ ଔଷଧ ଫୋପଡ଼ାଯାଏ ନଚେତ ପୋଡି ଦିଆଯାଇଥାଏ। ଏହି ଘଟଣାକୁ ଗୁରୁତ୍ୱର ସହ ନେଇ ତୁରନ୍ତ ତଦନ୍ତ କରାଯାଇ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ଅଂଚଳବାସୀ ଦାବି କରିଛନ୍ତି।

## ନଳକୂପ ଖନନ ନେଇ ବିଡିଓଙ୍କୁ ଭେଟିଲେ ଗ୍ରାମବାସୀ

ମହାକାଳପଡ଼ା,୧୩।୮ (ସମିସ): ମହାକାଳପଡ଼ା ବ୍ଲକ୍ ବାରଡାଙ୍ଗ ପଞ୍ଚାୟତ ବାଟିପଡ଼ାରେ ନଳକୂପ ଖନନ ପାଇଁ ଗ୍ରାମବାସୀ ମହାକାଳପଡ଼ା ବିଡିଓ ଦେବିଶ୍ରୀ ଦାସଙ୍କୁ ହସ୍ତକ୍ଷେପ କରିବାକୁ ନିବେଦନ କରିଛନ୍ତି। ବାରଡାଙ୍ଗ ବାଟିପଡ଼ାରେ ପିଇବା ପାଣି ସମସ୍ୟା ଦ୍ୱାରାରୁ ସେହି ପଡ଼ାରେ ଏକ ନଳକୂପ ଖନନ ପାଇଁ ନିଷ୍ପତ୍ତି ନିଆଯାଇଥିଲା। ନଳକୂପ ଖନନ ସ୍ଥାନ ନିରୂପଣ ପାଇଁ ଆରଡବ୍ଲୁଏସଏସ ବିଭାଗ ପକ୍ଷରୁ ଏକ ଟିମ ଗ୍ରାମକୁ ଯାଇଥିଲା ବେଳେ କିଛି ଖଳ ପ୍ରକୃତିର ଲୋକ ସେହି ଟିମକୁ ସହଯୋଗ ନ କରି ଗାଳି ଗୁଲଜ କରିଥିଲେ। ଫଳରେ ସେ ଟିମ ସ୍ଥାନ ନିରୂପଣ କରି ନ ପାରି ଫେରିଯାଇଥିଲେ। ଫଳରେ ନଳକୂପ ଖନନ ହୋଇପାରି ନାହିଁ। ପଡ଼ାରେ ପାନୀୟ ଜଳ ସମସ୍ୟା ନେଇ ଗ୍ରାମବାସୀ ଏକତ୍ରିତ ହୋଇ ନଳକୂପ ଖନନ ସ୍ଥାନ ଚୟନ କରିବା ସହିତ ସେହି ସ୍ଥାନରେ ନଳକୂପ ବସାଇବାକୁ ନିଷ୍ପତ୍ତି ହୋଇଥିବା ନେଇ ନିବେଦନ ପତ୍ରରେ ଜଣାଇଛନ୍ତି ଷଷ୍ଠିଶିଳ କୁମାର ସ୍ୱାଇଁ, ମନୋରମା ନାଉରି, କୁନିଲତା ରାଉତ, ପ୍ରଭାସିନୀ ଜେନା, ଝରଣା ଦାସ, ସଞ୍ଜୟ ଦାସ ପ୍ରମୁଖ ପତ୍ର ଜରିଆରେ ନିବେଦନ କରିଛନ୍ତି। ସ୍ଥିରୀକୃତ ସ୍ଥାନରେ ତୁରନ୍ତ ନଳକୂପ ଖୋଳିବା ପାଇଁ ପଦକ୍ଷେପ ନେବାକୁ ଆରଡବ୍ଲୁଏସଏସ ସହକାରୀ ନିର୍ବାହୀ ଯନ୍ତ୍ରୀଙ୍କୁ ସୁପାରିଶ କରିଥିବା ଜଣାପଡ଼ିଛି।

## ହର୍‌ଘର୍ ତ୍ରିରଙ୍ଗା ଶୋଭାଯାତ୍ରା

ରାଜନଗର,୧୩।୮ (ସମିସ): ରାଜନଗରସ୍ଥିତ ଶ୍ରୀଶ୍ରୀ ଜଗନ୍ନାଥ ମହାବିଦ୍ୟାଳୟରେ ଅଧକ୍ଷ ମେଜର ମନୋରଞ୍ଜନ ମହାନ୍ତିଙ୍କ ତତ୍ତ୍ୱାବଧାନରେ ହରଘର ତ୍ରିରଙ୍ଗା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି ତ୍ରିରଙ୍ଗା ଶୋଭାଯାତ୍ରା ସକାଳ ୮.୩୦ରୁ ମହାବିଦ୍ୟାଳୟ ପରିସରରୁ ବାହାରିଥିଲା। ଏଥିରେ ୫୦୦ରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ ୧୦୦ ମିଟରର ତ୍ରିରଙ୍ଗା ପତାକା ଧରି ଶୋଭାଯାତ୍ରାରେ ଯାଇଥିଲେ। ସେମାନେ ମହିଷାସୁର, ବାସୁଦେବପୁର, ରାଜନଗର ଗାଁ ଓ ବଜାର ପରିକ୍ରମା କରି ମହାବିଦ୍ୟାଳୟକୁ ଫେରିଥିଲେ। ଶୋଭାଯାତ୍ରାରେ ଶୈକ୍ଷିକ କୋଷାଧକ୍ଷ ଶିକ୍ଷା ବିଭାଗର ଅଧାପକ ଚିତ୍ତରଞ୍ଜନ ପାଣି, ପ୍ରଶାସନିକ କୋଷାଧ ଅଧାପକ ପ୍ରଶାନ୍ତକୁମାର ବେହେରା, ବ୍ୟୟାଧକ୍ଷକ ଅଧାପକ ବାଣିଜ୍ୟ ବିଭାଗର ଅଭିମନ୍ୟୁ ରାଉତ, ଇଂରାଜୀ ବିଭାଗର ଅଧାପକ ପର୍ଣ୍ଣଚନ୍ଦ୍ର ନାଥ, ଅର୍ଥନୀତି ଅଧାପକ ଅଭିଜିତ୍ ଖୁଣ୍ଟିଆ, ଓଡିଆ ଅଧାପକ ବିନୋଦ କୁମାର ସେଠୀ, କୁଲୋଜି ଅଧାପିକା ଅନୁସୟା ବେହେରା, ବୋଟନୀ ଅଧାପିକା ରାଜଶ୍ରୀ ସାମନ୍ତ, ରାଜନୀତି ବିଜ୍ଞାନ ଅଧାପିକା ପ୍ରୀତି ନାୟକ, ପ୍ରତାପ କୁମାର ସ୍ୱାଇଁ, ଆଲୋକ ବେହେରା, ଅଧାପକ ରତ୍ନାକର ନାୟକ ପ୍ରମୁଖ ଯୋଗଦାନ କରିଥିଲେ।

## ୫ ମନ୍ଦିରରୁ ଚୋରି ଅଭିଯୋଗ

କେନ୍ଦ୍ରାପଡ଼ା,୧୩।୮ (ସମିସ): ଗୋଟିଏ ରାତିରେ ୫ଟି ମନ୍ଦିରରୁ ଚୋରି ହୋଇଥିବା ଅଭିଯୋଗ ହୋଇଛି। ଚୋରଦଳ ଠାକୁରଙ୍କ ସୁନା ଗହଣା ସମେତ ମନ୍ଦିରର ଫଟି ଓ ଦାନବାକ୍ସ ଲୁଟି ନେଇଛନ୍ତି। କେନ୍ଦ୍ରାପଡା ନିକିରାଇ ଥାନାର ଜେଠେଳ ଗାଁରୁ ଆସିଛି ଏହି ଖବର। ମିର୍ଜାପୁର ଶିବମନ୍ଦିର, ଜୟକୃଷ୍ଣପୁର ହନୁମାନ ମନ୍ଦିର ଆଦିରୁ ଏଭଳି ଚୋରି ହୋଇଛି। ଡିଲି ଠାକୁରଙ୍କ ରାତି ପ୍ରାୟ ୧୨ ବେଳେ ମିର୍ଜାପୁର ଶିବ ମନ୍ଦିରରେ ପଶିଥିଲେ ଚୋର। ମନ୍ଦିରରୁ କିଛି ଶବ୍ଦ ଶୁଣି ଗାଁ ଲୋକେ ପହଞ୍ଚିବା ବେଳକୁ ଚୋରଦଳ ବାଇକରେ ଛୁ ମାରିଲେ। ମିର୍ଜାପୁର ପରେ ଟାର୍ଗେଟ କରିଥିଲେ ମାଳବଣ ଶନି ମନ୍ଦିରକୁ। ପରେ ପରେ ଜୟକୃଷ୍ଣପୁର ହନୁମାନ ମନ୍ଦିର, ଚାରି ଗାଁ ଫଟୁ ବାରାହୀ ମନ୍ଦିର ଓ ଶେଷରେ ଜୟକୃଷ୍ଣପୁର ହନୁମାନ ମନ୍ଦିରରେ କଳାକନା ବୁଲେଇ ଦେଇଥିଲେ। ମନ୍ଦିରରେ ଝୁଲୁଥିବା ପିତଳ ଘଣ୍ଟି, ଠାକୁରଙ୍କ ପିତଳ ବାସନ ଓ ସୁନା ଚିତା ଚକ୍ଷୁ ସମେତ ଚାନ୍ଦିର ଗହଣା ବି ଲୁଟି ନେଇଥିଲେ। ରାତି ପାହିଲା ବେଳକୁ ଶ୍ରୀହୀନ ହୋଇ ପଡ଼ିଥିଲା ଗାଁର ଆରାଧ୍ୟ ଦେବତାଙ୍କ ମନ୍ଦିର। ସବୁ ମନ୍ଦିରରୁ ଗୋଟିଏ ଶୈଳୀରେ ହିଁ ଚୋରି ହୋଇଥିବା ଦେଖିବାକୁ ମିଳିଛି। ମନ୍ଦିରର ଗ୍ରିଲ କାଟି ଚୋର ଭିତରକୁ ପଶିଛନ୍ତି। ପରେ ଜିନିଷପତ୍ର ଲୁଟ କରିଛନ୍ତି। ସବୁ ମନ୍ଦିରରେ ଝୁଲୁଥିବା ପିତଳ ଘଣ୍ଟି କାଟି ଚୋର ନେଇଯାଇଛନ୍ତି। ତେବେ ଗ୍ରିଲ ଓ ପିତଳ ଘଣ୍ଟି କାଟିବା ପାଇଁ ସେମାନେ ଗ୍ୟାସ୍ କଟର ମଧ୍ୟ ବ୍ୟବହାର କରିଥିବା ଦେଖିବାକୁ ମିଳିଛି। ଯେଉଁ ମନ୍ଦିରରୁ ଚୋରି ହୋଇଛି ତାହାର ଆଖପାଖ ଅଂଚଳରେ ସିସି କ୍ୟାମେରା ନଥିବା ଦେଖିବାକୁ ମିଳିଛି। ଅର୍ଥାତ୍ ପୂର୍ବରୁ ମନ୍ଦିରର ପାରିପାର୍ଶ୍ୱିକ ସ୍ଥିତି ଠାବ କରିବା ପରେ ଚୋରଦଳ ଚୋରି କରିଥିବା ଅନୁମାନ କରାଯାଉଛି। ତେବେ ଏହି ଗୋଟିଏ ଘଟଣା ନୁହେଁ ବର୍ଷ ଏହି ସବୁ ଅଂଚଳରୁ ବାରମ୍ବାର ଏହି ଭଳି ଚୋରି ହେଉଥିବା ଦେଖିବାକୁ ମିଳିଛି। ଏହାକୁ ନେଇ ଲୋକମାନଙ୍କ ମଧ୍ୟରେ ଅସନ୍ତୋଷ ଦେଖା ଦେଇଛି ଓ ଚୋରି ଯାଇଥିବା ସାମଗ୍ରୀର ଆନୁମାନିକ ମୂଲ୍ୟ ସାଢେ ୩ ଲକ୍ଷ ଟଙ୍କା ହେବ ବୋଲି ଜଣାପଡିଛି। ବିଜନ୍ତି ରାତିରେ ଗ୍ରାମାଂଚଳରେ ପୋଲିସ ପାଟ୍ରୋଲିଂ କରିବା ପାଇଁ ଅଞ୍ଚଳବାସୀ ଦାବି କରିଛନ୍ତି।

## ପୁଣି ଆତ୍ମହତ୍ୟା କଲେ ଆଉଜଣେ ଛାତ୍ରୀ

ପଟ୍ଟାମୁଣ୍ଡାଇ,୧୩।୮ (ସମିସ): ଗତ କିଛି ଦିନ ହେଲା ବିବାଦ ପଟ୍ଟାମୁଣ୍ଡାଇ ପିଛା ଛାଡ଼ୁନାହିଁ। ଗୋଟିଏ ପରେ ଗୋଟିଏ ବିବାଦୀୟ ଘଟଣା ଘଟି ଚାଲିଛି। ଗତ ୬ ତାରିଖରେ ପଟ୍ଟାମୁଣ୍ଡାଇ ଗ୍ରାମାଞ୍ଚଳ ଥାନା ଅନ୍ତର୍ଗତ ବଡ଼ପଡ଼ା ପଞ୍ଚାୟତ କାଠିଆପଡ଼ା ଗ୍ରାମର କଲେଜ ଛାତ୍ରୀ ଆତ୍ମହତ୍ୟା ଘଟଣା ଲୋକଙ୍କ ମନରୁ ଲିଭିଥିବା ଆଜି ପଟ୍ଟାମୁଣ୍ଡାଇ ଆଦର୍ଶ ଥାନା ଅନ୍ତର୍ଗତ ମାଟିଆ ଗ୍ରାମରେ ଜଣେ ନାବାଳିକା ଆତ୍ମହତ୍ୟା କରିଛନ୍ତି। ପୁଲିସ ସାଇଣ୍ଟିଫିକ ଟିମ ସହିତ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ଆଦର୍ଶ ଥାନା ମାଟିଆ ଗ୍ରାମର ପ୍ରକାଶ ଗିରିଙ୍କ ୧୩ବର୍ଷ ବୟସ୍କା ନାବାଳିକା ପ୍ରତ୍ୟାଶା ବେକରେ ଓଢ଼ଣୀ ଗୁଡ଼ାଇ ଆତ୍ମହତ୍ୟା କରିଛନ୍ତି। ସେ ପଟ୍ଟାମୁଣ୍ଡାଇ ବାଳିକା ହାଇସ୍କୁଲରେ ୯ମ ଶ୍ରେଣୀରେ ପଢ଼ୁଥିଲେ। ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

## ଶ୍ରୀଶ୍ରୀ ଜଗନ୍ନାଥ ମହାବିଦ୍ୟାଳୟରେ ଷ୍ଟାର୍ଟଅପ୍ ପ୍ରଶିକ୍ଷଣ ଶିବିର

ରାଜନଗର,୧୩।୮ (ସମିସ): ଶ୍ରୀଶ୍ରୀ ଜଗନ୍ନାଥ ମହାବିଦ୍ୟାଳୟ ସମ୍ମିଳନୀ କକ୍ଷରେ ଇନୋଭେସନ ଆଣ୍ଡ ଷ୍ଟାର୍ଟ ଅପ୍ ଶୀର୍ଷକ ଏକ ପ୍ରଶିକ୍ଷଣ ଶିବିର ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମକୁ କଲେଜର ଅଧକ୍ଷ ମେଜର ମନୋରଞ୍ଜନ ମହାନ୍ତି ଉଦ୍‌ଘାଟନ କରିଥିଲେ। ଏଥିରେ ମୁଖ୍ୟ ଅତିଥି ଭାବେ ଷ୍ଟେଟ ବ୍ୟାଙ୍କ ଅଫ ଇଣ୍ଡିଆ ରାଜନଗର



ଶାଖାର ପରିଚାଳକ ଦୀପକ ମହାନ୍ତି ଯୋଗଦେଇ ଯୁବଗୋଷ୍ଠୀଙ୍କୁ ଷ୍ଟାର୍ଟଅପର ବିଭିନ୍ନ ଦିଗ ପ୍ରତି ଆଲୋକପାତ କରିଥିଲେ। ସେଥିପାଇଁ ଥିବା ସରକାରୀ ଆର୍ଥିକ ସାହାଯ୍ୟ ବିଷୟରେ ଆଲୋଚନା କରିଥିଲେ। ବାଣିଜ୍ୟ ବିଭାଗର ମୁଖ୍ୟ ଅଭିମନ୍ୟୁ ରାଉତ ବିଭିନ୍ନ ଷ୍ଟାର୍ଟଅପ କାର୍ଯ୍ୟକ୍ରମ ବିଷୟରେ ସମ୍ୟକ ସୂଚନା ଦେଇଥିଲେ। ଅର୍ଥନୀତି ବିଭାଗର ମୁଖ୍ୟ ବସନ୍ତ କୁମାର ବେହେରା ଛାତ୍ର ଛାତ୍ରୀ ମାନେ ନିଜର ସୃଜନାତ୍ମକ ଚିନ୍ତା ଧାରାକୁ କିପରି ବ୍ୟବସାୟକୁ ରୂପାନ୍ତରିତ କରିପାରିବେ ସେ ବିଷୟରେ ବୁଝାଇଥିଲେ। ପ୍ରାଣୀ ବିଜ୍ଞାନ ଅଧାପିକା ଅନୁସୟା ବେହେରା ବିଭିନ୍ନ ଯୁବ ଉଦ୍ୟୋଗୀ ମାନଙ୍କର ସଫଳତା ବିଷୟରେ ଆଲୋଚନା କରିଥିଲେ। ଗଣିତ ବିଭାଗର ମୁଖ୍ୟ ଅଧାପକ ସନ୍ଦୀପକୁମାର ମହାପାତ୍ର ମଞ୍ଚ ପରିଚାଳନା କରୁଥିଲେ। ଏଥିରେ ଅଧାପକ ଅଜୟ ପାତ୍ର ସମେତ ମହାବିଦ୍ୟାଳୟର ସମସ୍ତ ଅଧାପକ, ଅଧାପିକା ଏବଂ ଛାତ୍ରଛାତ୍ରୀ ଯୋଗ ଦେଇଥିଲେ।

## ହରିଅଙ୍କ ପଞ୍ଚାୟତରେ ଘରେ ଘରେ ତ୍ରିରଙ୍ଗା ଓ ସ୍ୱଚ୍ଛତା କାର୍ଯ୍ୟକ୍ରମ

ଡେରାବିଶ,୧୩।୮ (ସମିସ): ଡେରାବିଶ ବ୍ଲକ ଅନ୍ତର୍ଗତ ହରିଅଙ୍କ ପଞ୍ଚାୟତରେ ଘରେ ଘରେ ତ୍ରିରଙ୍ଗା ଓ ସ୍ୱଚ୍ଛତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ସମାଜସେବୀ ସୁଖାନନ୍ଦ ପ୍ରଧାନଙ୍କ ପୌରହିତ୍ୟରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ପଂଚାୟତର ମହିଳା ସ୍ୱୟଂ ସହାୟିକା ଗୋଷ୍ଠୀର ସଦସ୍ୟା, ସ୍ୱେଚ୍ଛାସେବୀ ଓ ବୁଦ୍ଧିଜୀବୀମାନେ ଯୋଗଦେଇ ପଂଚାୟତ



ଅନ୍ତର୍ଗତ ବିଭିନ୍ନ ଗ୍ରାମକୁ ତ୍ରିରଙ୍ଗା ଶୋଭାଯାତ୍ରାରେ ଯିବା ସହ ଗ୍ରାମ ପରିବେଶକୁ ସ୍ୱଚ୍ଛ ରଖିବା ପାଇଁ ଲୋକମାନଙ୍କୁ ବୁଝାଇଥିଲେ। ଏଥିସହିତ ପଞ୍ଚାୟତ ବିଭିନ୍ନ ଗ୍ରାମରେ ଏହି ଶୋଭାଯାତ୍ରାରେ ସାମିଲ ହୋଇଥିବା ବ୍ୟକ୍ତିମାନେ ପଂଚାୟତ ପରିସର ଓ ବିଭିନ୍ନ ଗ୍ରାମର ରାସ୍ତାକୁ ସଫେଇ କରିଥିଲେ। ଏହି କାର୍ଯ୍ୟକ୍ରମକୁ ଗ୍ରାମ ପରିଚାଳନ ଓ ପାନୀୟଜଳ ଯୋଗାଣ ବିଭାଗର ପ୍ରତାପ କୁମାର ରାଉତ, ଏଡିଇଓ ଏଡ଼ୟସନାୟକ, କାର୍ଯ୍ୟନିର୍ବାହୀ ପ୍ରକାଶ ଦାସ ପ୍ରମୁଖ ପରିଚାଳନାରେ ସହଯୋଗ କରିଥିଲେ।

## ସଂସ୍କୃତ ଦିବସ ଉଦ୍‌ଯାପିତ

ରାଜନଗର,୧୩।୮ (ସମିସ): ରାଜନଗର ବ୍ଲକ କୁରୁଣ୍ଡି ପଞ୍ଚାୟତ ଚନ୍ଦ୍ରଶେଖରସ୍ଥିତ ଅଷ୍ଟଶମ୍ଭୁ ସଂସ୍କୃତ ବିଦ୍ୟାପୀଠ ସଂସ୍କୃତ ଦିବସ ଉଦ୍‌ଯାପିତ ହୋଇଯାଇଛି। ପ୍ରଧାନ ପଣ୍ଡିତ କୃଷ୍ଣଚନ୍ଦ୍ର ଷଡ଼ଙ୍ଗୀ ଅଧକ୍ଷତା କରିଥିଲେ। ମୁଖ୍ୟ ଅତିଥି ପ୍ରାଧ୍ୟାପକ ଅକ୍ଷୟ କୁମାର ମିଶ୍ର ପ୍ରଦୀପ ପ୍ରଜ୍ୱଳନ କରିଥିଲେ। ଅଧାପକ ରାଜ କିଶୋର ପାଣି ବେଦପାଠ କରିଥିଲେ। ସଭାରେ ଉପସ୍ଥିତ ଛାତ୍ରଛାତ୍ରୀ ଅତିଥିଙ୍କୁ ଉଦ୍‌ବୋଧନ ଦେଇ ସଂସ୍କୃତ ଭାଷାର ଗୁରୁତ୍ୱ ସମ୍ପର୍କରେ ମତବ୍ୟକ୍ତ



କରିଥିଲେ। ଅନ୍ୟ ଅତିଥିଙ୍କ ମଧ୍ୟରେ ଅଷ୍ଟଶମ୍ଭୁ ସଂସ୍କୃତ ମହାବିଦ୍ୟାଳୟ ଅଧକ୍ଷ ସର୍ବେଶ୍ୱର ଜେନା, ସହକାରୀ ପଣ୍ଡିତ ରଜନୀକର ଦାସ, ଶରତ ରାଉତ, ସହକାରୀ ଶିକ୍ଷକ ଘନଶ୍ୟାମ ପରିଡା, ନଳିନୀକାନ୍ତ କର, ସଂସ୍କାରି ମଣିଷ ହେବାକୁ ହେଲେ ସଂସ୍କୃତ ଭାଷାଜ୍ଞାନର ଆବଶ୍ୟକତା ରହିଛି। ସଂସ୍କୃତ ଭାଷା, ସାହିତ୍ୟ, ଭଗବତ ଗୀତା, ପୁରାଣ ଗ୍ରନ୍ଥ, ବେଦ, ଉପନିଷଦ, ଦର୍ଶନ ଶାସ୍ତ୍ର ଅଧ୍ୟୟନ କରିବା ଦ୍ୱାରା ଆମ୍ଭେମାନେ ଜଣେ ଜଣେ ସଂସ୍କାରୀ ମଣିଷ ଭାବେ ସମାଜରେ ତିଷ୍ଠି ରହିବା। ବିଭିନ୍ନ ପ୍ରତିଯୋଗିତାରେ ଭାଗନେଇ ଥିବା ଛାତ୍ର ଛାତ୍ରୀ ମାନଙ୍କୁ ସାର୍ଟିଫିକେଟ ଓ ପୁରସ୍କାର ବିତରଣ କରାଯାଇଥିଲା। ବିଶ୍ୱନାଥ ରାଉତ ସଭା କାର୍ଯ୍ୟ ପରିଚାଳନାରେ ସହାୟତା କରିଥିଲେ।

## ଭିଜିଲାନ୍ସ ଜାଲରେ ପଡ଼ିଲେ କିରାଣି, ୧୫ ହଜାର ଟଙ୍କା ଜବତ

ଡେରାବିଶ,୧୩।୮ (ସମିସ): ପ୍ରଧାନ ଶିକ୍ଷକଙ୍କ ବକେୟା ବିଲ ପାସ କରିବାକୁ ୧୫ହଜାର ଟଙ୍କା ଲାଞ୍ଚ ନେବା ଅଭିଯୋଗରେ ମହାକାଳପଡ଼ା ବ୍ଲକ ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟର କିରାଣି ନାରାୟଣ ପ୍ରସାଦ ଲେଙ୍କାଙ୍କୁ ଭିଜିଲାନ୍ସ ଟିମ କାବୁ କରିଛି। ମାର୍ଶାଘାଇ ବଜାରର କୁମାରସାହି ନିକଟ ଗଣପତି ଛକ ଏକ ଜଳଖିଆ ଦୋକାନ ପାଖରେ ଭିଜିଲାନ୍ସ ଟିମର ଦୁଇଜଣ ସଦସ୍ୟ ବୁଧବାର ସନ୍ଧ୍ୟାରେ ଛକି ରହିଥିଲେ। ସମ୍ପୃକ୍ତ କିରାଣୀ ଏବଂ ଅନ୍ୟ ଦୁଇ ଜଣ ଜଳଖିଆ ଖାଉଥିବା ଯାଇ ଫେରି ଆସି କେନାଲ ରୋଡ଼ରେ ଛିଡ଼ା ହୋଇଥିବା ବେଳେ ସାଧା ପୋଷାକରେ ଆସିଥିବା ଭିଜିଲାନ୍ସ ଟିମର ଦୁଇଜଣ ହଠାତ ତାଙ୍କୁ କାବୁ କରିନେଇଥିଲେ। କେହି କିଛି ବୁଝିବା ପୂର୍ବରୁ କିଛି ଦୂରରେ ଥିବା ଏକ ବୋଲେରୋ ଆସି ପହଞ୍ଚିବା ପରେ ତାଙ୍କୁ ସାଙ୍ଗରେ ନେଇ ଚାଲିଯାଇଥିଲେ। ଅନ୍ୟ ଏକ ଟିମ କୁଶ ଗ୍ରାମରେ ଥିବା ତାଙ୍କ ଭଡା ଘରେ ପହଞ୍ଚି ରେଡ କରିଛି। ରିପୋର୍ଟ ଲେଖା ହେବା ପର୍ଯ୍ୟନ୍ତ ଭଡା ଘରେ ରେଡ ଜାରି ରହିଥିଲା। ମହାକାଳପଡ଼ା ବ୍ଲକ ରାମନଗର ଅଂଚଳର ଜନୈକ ପ୍ରଧାନ ଶିକ୍ଷକଙ୍କ ହାଉସିଂ ଲୋନର କାଗଜପତ୍ର ପ୍ରସ୍ତୁତି, ବକେୟା ଦରମା ବିଲ, ଟିଏ ଆଦିର କ୍ଲିୟରାନ୍ସ ଦେବା ପାଇଁ ପ୍ରଧାନଶିକ୍ଷକ ଜଣକ ବାରମ୍ବାର ଅଫିସ ଦୌଡ଼ି ନିରାଶ ହୋଇଥିଲେ। ସମ୍ପୃକ୍ତ କିରାଣି ତାଙ୍କୁ ୧୫ହଜାର ଟଙ୍କା ଲାଞ୍ଚ ମାଗିଥିବା ନେଇ ସେ କଟକ ଭିଜିଲାନ୍ସରେ ଅଭିଯୋଗ କରିଥିଲେ। ସେହି ଅଭିଯୋଗ ଆଧାରରେ ଭିଜିଲାନ୍ସ ଟିମ ପୂର୍ବରୁ ସଜାଗ ହୋଇ ରହିଥିଲେ। ଜଳଖିଆ ଦୋକାନରୁ ବାହାରି କେନାଲ ରୋଡ଼ରେ ଛିଡ଼ା ହୋଇଥିବା ସମୟରେ ଭିଜିଲାନ୍ସ ଜାଲରେ ପଡିଯାଇଥିଲେ।



## ଛାତ୍ରୀଙ୍କୁ ଗଣଦୁଷ୍କର୍ମ ଘଟଣା

# ଆଉ ୪ ଅଭିଯୁକ୍ତ କୋର୍ଟ ଚାଲାଣ

ରାଜନଗର,୧୩।୮ (ସମିସ): ରାଜନଗର ଥାନା ଅଞ୍ଚଳରେ ଦଶମ ଶ୍ରେଣୀ ଛାତ୍ରୀଙ୍କୁ ଗଣଦୁଷ୍କର୍ମ ଭଳି ଅମାନବୀୟ ଘଟଣା ସମଗ୍ର ରାଜ୍ୟରେ ଆଲୋଡନ ସୃଷ୍ଟି କରିଛି। ପୁଲିସ ଏକା ସାଙ୍ଗରେ ୫ ଜଣଙ୍କୁ ଗିରଫ କରିଥିବା ବେଳେ ଗତକାଲି କେବଳ ପାଡ଼ିତାଙ୍କ ପିଉସୀଙ୍କୁ କୋର୍ଟ ଚାଲାଣ କରିଥିଲା। ଅନ୍ୟ ୪ ଅଭିଯୁକ୍ତଙ୍କୁ ଛାଡ଼ିଦେବା ପାଇଁ ପୁଲିସ ଉପରେ ବିଭିନ୍ନ ସ୍ତରରେ ଚାପ ପଡ଼ିଥିଲା। ପୁଲିସ ମଧ୍ୟ ଏମାନଙ୍କ ସମ୍ପୃକ୍ତି ନାହିଁ ବୋଲି ପରୋକ୍ଷରେ କହିବାକୁ ପଛାଉନଥିଲା। ୪ ଅଭିଯୁକ୍ତଙ୍କ ନାଁରେ ପାଡ଼ିତା ନିଜେ ଲିଖିତ ଅଭିଯୋଗ କରିଥିବା ବେଳେ ପୁଲିସ ସେମାନଙ୍କ ସଂପୃକ୍ତି ନାହିଁ କହି ଛାଡ଼ି ଦେବ ବୋଲି ରାଜନଗରରେ ଚର୍ଚ୍ଚା ବଢ଼ିଥିଲା। ସାଧାରଣରେ ଏହି ଘଟଣାକୁ ନେଇ ପ୍ରତିକ୍ରିୟା ବଢ଼ିବାରେ ଲାଗିଥିଲା। ଶେଷରେ ଆଜି ପୁଲିସ ପଟ୍ଟାମୁଣ୍ଡାଇ ଗ୍ରାମାଞ୍ଚଳ ଥାନା ଅନ୍ତର୍ଗତ କୁହୁପୁରୁ ଗାଁର ଜ୍ୟୋତି ରଞ୍ଜନ ଦାଶ (୨୦), ଦୀପକ କୁମାର ଦାଶ (୨୦), ସୌରଭ ଦାଶ (୨୫) ଓ ଆଲୋକ ସାହୁ (୧୯) ଙ୍କୁ ରାଜନଗର ଥାନାରେ କେସ ନମ୍ବର ୨୭୬ /୨୦୨୫ , ଗଣଦୁଷ୍କର୍ମ ଦଫା ୭୦ (୨) , ମାଡପିଟ ଦଫା ୧୧୫ (୨) , ଧମକ ଚମକ ୩୫୧ (୩) , ୨୦୨୨ , ୨୦୨୯ ପୋକ୍ସୋ ଆକ୍ଟ ୬ (୧) ରେ ଆଜି ଡାକ୍ତରୀ ମାଜନା ପରେ କୋର୍ଟ ଚାଲାଣ କରିଛି ପୁଲିସ। ଏହି ଘଟଣାରେ ଗତକାଲି ମୁଖ୍ୟ ଅଭିଯୁକ୍ତ ଚିତ୍ତ ରଞ୍ଜନ ମଲିକ ଓରଫ ହାପିଙ୍କୁ କୋର୍ଟ ଚାଲାଣ କରିଥିଲା। ରାଜନଗର ଥାନାରେ ହୋଇଥିବା ଅଭିଯୋଗ ମୁତାବକ ରାଖୀ ପୂର୍ଣ୍ଣିମା ଦିନ ଅପରାହ୍ନ ୫ଟାରେ ନିଜର ପିଉସୀ ସହ ଦଶମଶ୍ରେଣୀ ଛାତ୍ରୀ ଖୁଡ଼ୁରୁଣୀ ମୂର୍ତ୍ତି ଆଣିବାକୁ ଉପଦାୟ ବାହାରିଥିଲେ। ଓଉପଦା ନେବା ପରିବର୍ତ୍ତେ କୁହୁପୁର ମଶାଣିକୁ ଥିବା ମାଟି ରାସ୍ତାରେ ଥିବା ନିଛାଟିଆ ସ୍ଥାନରେ ପାଡ଼ିତାର ବିରୋଧ ସତ୍ତ୍ୱେ ଝିଆରୀକୁ ଦୁଷ୍କର୍ମ କରିଥିଲା ପିଉସୀ। ଚିତ୍ତାର ଶୁଣି ସେଠାରେ ମଦ ପିଉଥିବା ୪ ଜଣ ଯୁବକ ଆସି ଉଭୟଙ୍କ ନଗ୍ନ ଫଟୋ ଉଠାଇବା ସହିତ ନାବାଳିକା ସହ ଦୁଷ୍କର୍ମ କରିଥିବା ଅଭିଯୋଗ ହୋଇଥିଲା।

# ଶିକ୍ଷାବିତ ଧ୍ରୁବ ଚରଣ ଦାଶଙ୍କ ପରଲୋକ

କେନ୍ଦ୍ରାପଡ଼ା,୧୩।୮ (ସମିସ): ନିଗମାନନ୍ଦ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ପ୍ରତିଷ୍ଠାତା ତଥା ଗଗ୍ଗୁଆ ପଞ୍ଚାୟତର ରାହାମାସ୍ଥିତ ନିଗମାନନ୍ଦ ହାଇସ୍କୁଲର ପୂର୍ବତନ ପ୍ରଧାନଶିକ୍ଷକ ଧ୍ରୁବ ଚରଣ ଦାଶ(୮୩) ଙ୍କ ପରଲୋକ ହୋଇଯାଇଛି। ସେ କିଛିଦିନ ହେବ ବାର୍ଦ୍ଧକ୍ୟଜନିତ ରୋଗରେ ପୀଡ଼ିତ ଥାଇ ଭୁବନେଶ୍ୱରସ୍ଥିତ ଏକ ଘରୋଇ ଡାକ୍ତରଖାନାରେ ଚିକିତ୍ସିତ ହେଉଥିଲେ। ତାଙ୍କ ମୃତ୍ୟୁଶଯ୍ୟା ନିକଟରେ ପତ୍ନୀ, ୨ଝିଅ ଓ ୩ପୁଅ ଉପସ୍ଥିତ ଥିଲେ। ସେ ଜଣେ ସମାଜ ସଂସ୍କାରକ, ପରୋପକାରୀ ଓ ମିଷ୍ଟଭାଷୀ ବ୍ୟକ୍ତି ଭାବରେ ସାଧାରଣରେ ପରିଚିତ ଥିଲେ। ସ୍ୱର୍ଗତ ଦାଶଙ୍କ ଉଦ୍ୟମରେ ଠାକୁର ନିଗମାନନ୍ଦ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ଧନ୍ଦାମୂଳକ ବିଦ୍ୟାଳୟ, ମହାବିଦ୍ୟାଳୟ, ବାବର ଡାକ୍ତରଖାନା ଓ ବ୍ୟାଙ୍କ ପ୍ରଭୃତି ପ୍ରତିଷ୍ଠା ହୋଇପାରିଥିଲା। ତାଙ୍କ ବିୟୋଗରେ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି। ତାଙ୍କ ମରଶରୀରକୁ ଭୁବନେଶ୍ୱରରୁ ଅଣାଯାଇ ସାନରାହାମା, ବଡରାହାମା, ପଟଣା, ବାବର ବଜାର ଓ ମହାବିଦ୍ୟାଳୟ ପରିସରକୁ ନିଆଯାଇଥିଲା। ସବୁସ୍ଥାନରେ ତାଙ୍କ ମର ଶରୀରରେ ପୁଷ୍ପମାଲ୍ୟ ଅର୍ପଣ ପୂର୍ବକ ଶ୍ରଦ୍ଧାସୁମନ ଅର୍ପଣ କରାଯିବା ପରେ ପୁରୀ ନିଆଯାଇ ସ୍ୱର୍ଗଦ୍ୱାରରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା। ତାଙ୍କ ବିୟୋଗରେ ଠାକୁର ନିଗମାନନ୍ଦ ଉଚ୍ଚମାଧ୍ୟମିକ ବିଦ୍ୟାଳୟରେ ଅଧକ୍ଷ ମନ୍ମଥ କୁମାର ପାତ୍ରଙ୍କ ନିର୍ଦ୍ଦେଶରେ ବିଦ୍ୟାଳୟର ପ୍ରଶାସନିକ ଅଧିକାରୀ ଅଧାପକ ପ୍ରତାପ କିଶୋର ମହାନ୍ତିଙ୍କ ଅଧକ୍ଷତାରେ ଏକ ଶୋକସଭା ଅନୁଷ୍ଠିତ ହୋଇଥିଲା। ଏଥିରେ ଅଧାପକ ପ୍ରତାପ କୁମାର ପ୍ରଧାନ, ସୁଦାମ ଚରଣ କର, ରମେଶ ଚନ୍ଦ୍ର ସାମଲ, ଅଧାପିକା ରୋଜାଲିନ ବିଶାଳ, ମଧୁସ୍ମିତା ପଟ୍ଟନାୟକ, ସସ୍ମିତା ସାହୁ, ଝୁନୁଲତା ପ୍ରଧାନ ଓ ଅଣଶିକ୍ଷା କର୍ମଚାରୀ ରତିକାନ୍ତ ବେହେରା, ସମିର ବେହେରା, ମଦନ ଦାସ, ନଳିନିକାନ୍ତ ଦାସ, ଆଦିକନ୍ଦ ରାଉଳ, ବରଦା ଚୌଧୁରୀ, ଜିତେନ୍ଦ୍ର ପଣ୍ଡା, ବନବିହାରୀ ନାୟକ, ଭିକାରୀ ଚରଣ ଦାସ, ନଳିନୀପ୍ରଭା ଜେନା ଓ ବିପିନ ବାରିକ ପ୍ରମୁଖ ଶ୍ରଦ୍ଧାସୁମନ ଅର୍ପଣ କରିଥିଲେ।

## ସୋସିଆଲ ମିଡିଆରେ ବନ୍ଧୁତା କରି ଲକ୍ଷାଧିକ ଲୁଟିନେଲେ

ପଞ୍ଚଗାଁଡ଼ବ,୧୩।୮ (ସମିସ): ନିକିରାଇ ଥାନା ଅଧୀନରେ ଥିବା ଡେରାବିଶ ବ୍ଲକ ବେଣାପୁର ପଞ୍ଚାୟତ ସଦାନନ୍ଦପୁର ଗ୍ରାମର ଜଣେ ମହିଳା ସୋସିଆଲ ମିଡିଆରେ ବନ୍ଧୁତା କରି ଲକ୍ଷାଧିକ ଟଙ୍କା ହରାଇଛନ୍ତି। ଗ୍ରାମର ରଜିତା ବିବିଙ୍କୁ ଏକ ଫୋନ କଲ୍ ଆସିଥିଲା ବେଳେ ପରେ ବନ୍ଧୁତା ହୋଇଥିଲା। କିଛି ଦିନପରେ ଲକ୍ଷାଧିକ ଟଙ୍କା ଲୋଭ ଦେଖାଇ ଏ ମହିଳାଙ୍କୁ ଟଙ୍କା ଲୁଟ୍ କରିବାରେ ଯୋଜନା କରିଥିଲା। ପ୍ରଥମେ ଲକ୍ଷାଧିକ ଟଙ୍କାର ଗହଣା ଅନ୍ ଲାଇନ୍‌ରେ ଯିବ କହି ୧୨ ହଜାର ଟଙ୍କା ଏହି ନମ୍ବର ରେ ପଠାନ୍ତୁ ବୋଲି କହୁ କହିଥିଲା। ଟଙ୍କା ଦେଇଥିଲେ କିଛିଦିନ ପରେ ତୁମ ଜିନିଷ ବିମାନରେ ଯିବାରଥିଲା। କୌଣସି କାରଣରୁ ଯାଇପାରି ନାହିଁ। ୩୦ ହଜାର ଟଙ୍କା ପଠାଇଲେ ତୁମ ଜିନିଷ ତୁମ ଘରେ ପହଞ୍ଚିବ ନଚେତ୍ ତୁମେ ବହୁତ୍ ହଇରାଣ ହେବ ବୋଲି ଜଣେ ପୁଲିସ ଅଧିକାରୀର ପରିଚୟ ଦେଇ ଫୋନ ଯୋଗେ କହିଥିଲା। ମହିଳା ଜଣଙ୍କ କୌଣସି କଥା ଘରେ ନ କହି କିଛି ସୁନା ଗହଣା ବନ୍ଧକ ରଖି ତାଙ୍କ ପାଖକୁ ପୁଣି ଟଙ୍କା ପଠାଇଥିଲେ। ଏମିତି ଲକ୍ଷାଧିକ ଟଙ୍କା ଠକେଇର ଶିକାର ହୋଇଥିବା ଘର ଲୋକେ କହିଛନ୍ତି। ଏ ବାବଦରେ ମହିଳାଙ୍କ ସ୍ୱାମୀ ଯୋସେଫ୍ ଅଲ୍ଲା କହିଛନ୍ତି ଆମର ଘର କରିବା ପାଇଁ କିଛି ଟଙ୍କା ସଞ୍ଚୟ କରି ରଖିଥିଲୁ ଏବଂ କିଛି ସୁନା ଗହଣା ଥିଲା ବେଳେ ଆମ ଅଜାଣତରେ ଠକାମିର ଶିକାର ହୋଇଥିବା କହିଛନ୍ତି। ଏହାକୁ ଘରଲୋକେ ଜାଣିବା ପରେ ଘର ଲୋକେ ଆର୍ଥିକ ଅବସ୍ଥାରେ ଭାଙ୍ଗି ଯାଇଥିବା ଜଣାପଡିଛି। ଏ ବିଷୟରେ ଥାନାରେ କୌଣସି ଅଭିଯୋଗ ହୋଇ ନ ଥିବା ଜଣା ପଡ଼ିଛି। ଏମିତି କୌଣସି ସୋସିଆଲ ମିଡିଆରେ ଲୋଭ ମାୟାରେ ନ ଫସିବା ପାଇଁ ବୁଦ୍ଧିଜୀବୀ ମାନେ କହିଛନ୍ତି।

## ନୂତନ ଡିଏଫ୍‌ଓଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା

ରାଜନଗର,୧୩।୮ (ସମିସ): ରାଜନଗର ବନଖଣ୍ଡରେ ନୂତନ ଡିଏଫଓ ଭାବେ ଭଉରରାଜ ଗାଡ଼ିଙ୍କର ଯୋଗ ଦେବା ପରେ ଆଜି ଓଡ଼ିଶା ଅଣ ଗେଜେଟେଡ୍ ବନ ସେବା ସଂଘ ରାଜନଗର ଶାଖା ପକ୍ଷରୁ ସ୍ୱାଗତ ସମ୍ବର୍ଦ୍ଧନା ଦିଆଯାଇଛି। ରାଜନଗର ସଂଘର ସଭାପତି ବିଭୂତି ଭୂଷଣ ତରାଇ ସହିତ ସଂଘର କର୍ମକର୍ତ୍ତା ମାନେ ଡିଭିଜନରେ ହେଉଥିବା ବିଭିନ୍ନ ସମସ୍ୟା ସମ୍ପର୍କରେ ଆଲୋଚନା କରିଥିଲେ। ଏଥିରେ ସଂଘର ସଂପାଦକ ଫରେଷ୍ଟର ରଂଜନ କୁମାର ପାଣି, ଫରେଷ୍ଟର ବିଜୟ କୁମାର ପାତ୍ର, ଫରେଷ୍ଟର ନିର୍ମଳ କୁମାର ନାୟକ, ଚିନ୍ମୟ ପାତ୍ରଙ୍କ ସମେତ ବନ କର୍ମଚାରୀ ମାନେ ଉପସ୍ଥିତ ଥିଲେ।

## ପଟ୍ଟାମୁଣ୍ଡାଇ ପୌର ପରିଷଦ ବୈଠକ

# ସ୍ୱଚ୍ଛତାର ସହ ବିକାଶ ତ୍ୱରାନ୍ୱିତ କରିବାକୁ ନିର୍ଦ୍ଦେଶ

ପଟ୍ଟାମୁଣ୍ଡାଇ,୧୩।୮ (ସମିସ)



ପଟ୍ଟାମୁଣ୍ଡାଇ ପୌର ପରିଷଦର ପ୍ରତ୍ୟେକ ଜନକଲ୍ୟାଣ ଯୋଜନା ଓ ବିକାଶମୂଳକ କାର୍ଯ୍ୟକ୍ରମକୁ ସ୍ୱଚ୍ଛତାର ସହ କାଉନସିଲ ପ୍ରତିନିଧି ଙ୍କ ସହଯୋଗରେ ତ୍ୱରାନ୍ୱିତ କରିବାକୁ ରାଜନଗର ବିଧାୟକ ଧ୍ରୁବ ସାହୁ ପଟ୍ଟାମୁଣ୍ଡାଇ ପୌର ପରିଷଦର ୧୭ତମ ବୈଠକରେ ନିର୍ଦ୍ଦେଶ ଦେଇଛନ୍ତି। ମୁଖ୍ୟ ଅତିଥି ଭାବେ ଯୋଗଦେଇ ସେ ଏନେଇ ଆଲୋଚନା କରିଥିଲେ। ପଟ୍ଟାମୁଣ୍ଡାଇ ପୌର ପରିଷଦ ଅଧକ୍ଷ ହେମନ୍ତ ସାହୁଙ୍କ ପୌରୋହିତ୍ୟରେ ଆୟୋଜିତ ବୈଠକରେ ମୁଖ୍ୟଅତିଥି ବିଧାୟକ ଶ୍ରୀ ସାହୁ କହିଲେ ବହୁ ଆଶା ଭରସା ନେଇ ପୌରାଞ୍ଚଳର ଜନସାଧାରଣ ପଟ୍ଟାମୁଣ୍ଡାଇ ପୌର ପରିଷଦକୁ ନିର୍ବାଚିତ କରିଛନ୍ତି ଓ ପ୍ରତ୍ୟେକ ସରକାରୀ ଯୋଜନା, ବିକାଶମୂଳକ କାର୍ଯ୍ୟକ୍ରମ ସର୍ବୋପରି ଜଳନିଷ୍କାସନ ଓ ଡ୍ରେନ ଗାଈ ଗୋରୁ ହଟାଇବା ଓ ଉଠାଦୋକାନୀ ଅଥଇମ ପ୍ରତି ବିଶେଷ ଦୃଷ୍ଟି ଦେଇ ସମସ୍ତ କାର୍ଯ୍ୟକ୍ରମକୁ ସ୍ୱଚ୍ଛତାର ସହ ତ୍ୱରାନ୍ୱିତ କରିବା ଆବଶ୍ୟକ। ପୌରାଧକ୍ଷ ହେମନ୍ତ ସାହୁ ପୌର ପରିଷଦର ଆଗାମୀ କାର୍ଯ୍ୟକ୍ରମ ସମ୍ପର୍କରେ ସୂଚନା ଦେଇଥିଲେ। ପୌର ନିର୍ବାହୀ ଅଧିକାରୀ ରଞ୍ଜନ ଦାଶ ବିଗତ ବୈଠକର ବିବରଣୀ ପାଠ କରିଥିଲେ ଓ କାଉନସିଲର ଗୋପୀକୃଷ୍ଣ ନାୟକ, ପ୍ରଶାନ୍ତ ବାରିକ, ଲକ୍ଷ୍ମୀପ୍ରିୟା ସାହୁ, ସନ୍ତୋଷ ଦାସ, ବନିତା ମଲିକ, ମଧୁସ୍ମିତା ମଲିକ, ସୁଧାମୟ ମଲିକ, ମଲୟଦାଶ ପ୍ରିୟଙ୍କା ସେଠୀ ବିଦ୍ୟାଧର ସେଠୀ, ସାନିଆ ପରମିନ ସାହେବା, ଝରଣା ବେହେରା, ଲାବଣ୍ୟମୟୀ ସାହୁ, ମୃତ୍ୟୁଞ୍ଜୟ ପାଡ଼ୀ, ସୁବାଷ ମଲିକ ପ୍ରମୁଖ ଯୋଗ ଦେଇ ନିଜ ନିଜ ୱାର୍ଡର ସମସ୍ୟା ଉପସ୍ଥାପନ କରିଥିଲେ। ଓ ଶେଷରେ ପୌର ଉପାଧକ୍ଷା ଅନୁପ୍ରିୟା ସାହୁ ଧନ୍ୟବାଦ ଦେଇଥିଲେ। ବୈଠକକୁ ଖଗେଶ ପଣ୍ଡା, ପ୍ରଫୁଲ୍ଲ ଦାଶ ତପସ୍ୱିନୀ ଦାଶ, ହୃଷିକେଶ ନାଥ, ଗଙ୍ଗାଧର ନାୟକ, ଗଣେଶ ଦାସ ଓ ମନୋରଞ୍ଜନ ଦାଶ ପରିଚାଳନା କରିଥିଲେ।

ସକାଳ
THE SAKALA

# ସମ୍ପାଦକୀୟ



ପ୍ରତିଯୋଗୀଙ୍କ ସହିତ ଯୁଦ୍ଧ ଯେପରି ଅପରିହାର୍ଯ୍ୟ, ପ୍ରତିବେଶୀଙ୍କ ସହିତ ବନ୍ଧୁତା ସେପରି ଜରୁରୀ ।
-ବେଞ୍ଜାମିନ୍ ଫ୍ରାଙ୍କଲିନ୍

## ମେଲେରିଆ କମ୍ପନ

ରୋଗ ସଂକ୍ରମଣକୁ ଏକ ନିୟନ୍ତ୍ରିତ ସ୍ଥିତିରେ ରଖିବାକୁ ହେଲେ ନିବାରଣ ବା ନିରାକରଣକୁ ଅଧିକ ପ୍ରାଧାନ୍ୟ ଦେବା ଜରୁରୀ । ମେଲେରିଆ ଓ କଲେରା (ହଇଜା) ଭଳି ବ୍ୟାଧିକୁ ନିୟନ୍ତ୍ରଣ କରାଯାଇପାରିଛି କେବଳ ପାନୀୟ ଉପଯୋଗୀ ବିଶୁଦ୍ଧ ଜଳଯୋଗାଣ ଓ ପରିବେଶଗତ ସନ୍ତୁଳନ ରକ୍ଷା ମାଧ୍ୟମରେ । ଏକ୍ଷେତ୍ରରେ ଆମ ରାଜ୍ୟ କିନ୍ତୁ ଏକ ବ୍ୟତିକ୍ରମ । ନିକଟରେ ଯାଜପୁର ଜିଲ୍ଲାରେ ଦୂଷିତ ପାନୀୟ ଜଳ ଯୋଗୁଁ ଝାଡ଼ାବାନ୍ତି ସହ ହଇଜା ସଂକ୍ରମିତ ହୋଇଥିଲା । ନିକଟରେ ହସ୍ତଗତ ହୋଇଥିବା ଏକ ରିପୋର୍ଟରୁ ପ୍ରକାଶ ଯେ ଆମ ରାଜ୍ୟରେ ମେଲେରିଆ ରୋଗୀଙ୍କ ସଂଖ୍ୟା ଦେଶରେ ସର୍ବାଧିକ । ଜୁନ ଶେଷସୁଦ୍ଧା ୬ ମାସ ମଧ୍ୟରେ ମେଲେରିଆ ରୋଗୀଙ୍କ ସଂଖ୍ୟା ୩୬,୩୮୮ ଅତିକ୍ରମ କରିଛି । ଏହି ରୋଗ ସଂକ୍ରମଣର ବାହକ ହେଲେ ମଶା । ବର୍ଷା ଋତୁରେ ମଶାଙ୍କ ବଂଶବୃଦ୍ଧି ଘଟିଥାଏ । ଏବେ ଯେଉଁ ପରିସଂଖ୍ୟାନ ସାମ୍ନାକୁ ଆସିଛି ଆସନ୍ତା ଦୁଇତିନିମାସ ମଧ୍ୟରେ ତାହା କେତେ ବୃଦ୍ଧି ପାଇବ ଆକଳନ କରିବା କଷ୍ଟକର ।

ଜାତୀୟ ସଞ୍ଚାରଧର୍ମୀ ରୋଗ ନିୟନ୍ତ୍ରଣ କେନ୍ଦ୍ର (ଏନ୍‌ସିଭିବିଡିସି) ରିପୋର୍ଟରୁ ପ୍ରକାଶ ଯେ କିଛି ବର୍ଷ ତଳେ ମେଲେରିଆ ରୋଗ ସଂକ୍ରମଣ ହ୍ରାସ କ୍ଷେତ୍ରରେ ଓଡ଼ିଶା ଉଦାହରଣ ସୃଷ୍ଟି କଲା ଭଳି ରାଜ୍ୟ ହୋଇଥିବା ବେଳେ ହଠାତ୍ ଏହି ପରିବର୍ତ୍ତନ ଉଦ୍‌ବେଗର କାରଣ ହୋଇଛି । ଏଥିଲାଗି କେନ୍ଦ୍ରର ଅସହଯୋଗ ଦର୍ଶାଇ ରାଜ୍ୟର ସ୍ୱାସ୍ଥ୍ୟ ବିଭାଗ ନିଜ ମୁଣ୍ଡରୁ ଦାୟିତ୍ୱ ଖସାଇଦେଲେ ଯେ ପରିସ୍ଥିତି ସୁଧୁରିଯିବ ଏକଥା ନୁହେଁ । ରାଜ୍ୟର ଯେଉଁ ଅଞ୍ଚଳ ବା ଜିଲ୍ଲାରେ ମେଲେରିଆ ସଂକ୍ରମଣ ବୃଦ୍ଧି ପାଇଛି ସେଠାକାର ଜନସାଧାରଣଙ୍କ ମଧ୍ୟରେ ସଚେତନତା ଅଭାବ ମୁଖ୍ୟ କାରଣ । ପରିବର୍ତ୍ତିତ ଜୀବନ ଧାରାରେ ମଶାଙ୍କ ପ୍ରାଦୁର୍ଭାବ ହ୍ରାସ ପାଇଁ ପ୍ରତିଷେଧକ ବ୍ୟବସ୍ଥା ବା ସଚେତନତା କ୍ରମେ ଗୁରୁତ୍ୱ ହରାଇଥିବାରୁ ମେଲେରିଆ ବଢ଼ିଚାଲିଛି । ସେହିଭଳି ମଶା ନିରାକରଣ ପାଇଁ ଔଷଧଯୁକ୍ତ ମଶାରି ବ୍ୟବହାର କ୍ରମେ ଗୁରୁତ୍ୱ ହରାଇଛି । କେନ୍ଦ୍ରସରକାରଙ୍କ ପକ୍ଷରୁ ଔଷଧଯୁକ୍ତି ମଶାରି (ଏଲଏଲଆଇଏନ) ଯୋଗଣ କ୍ରମାଗତ ଭାବେ ବନ୍ଦ ରହୁଛି । ଏକ୍ଷେତ୍ରରେ ରାଜ୍ୟ ସ୍ୱାସ୍ଥ୍ୟବିଭାଗ ଚାହିଁଥିଲେ ନିଜସ୍ୱ ସୂତ୍ର ଓ ସମ୍ବଳରୁ ଔଷଧଯୁକ୍ତ ମଶାରି ସଂଗ୍ରହ କରି ବଣ୍ଟନ କରିପାରିଥା'ନ୍ତେ । ଏଥିଲାଗି ଯେ ଏକ ବଡ଼ଧରଣର ବ୍ୟୟଭାର ରାଜ୍ୟ ସରକାରଙ୍କୁ ବହନ କରିବାକୁ ପଡ଼ି ଥା'ନ୍ତା, ଏକଥା ନୁହେଁ । ବରଂ ଏହାକୁ ସଚେତନା ଓ ଦୂରଦୃଷ୍ଟିର ଅଭାବ କୁହାଯାଇପାରେ । ଅବଶ୍ୟ ବିଭାଗୀୟ ନିର୍ଦ୍ଦେଶକ ଦର୍ଶାଇଛନ୍ତି ଯେ ଗତବର୍ଷ କେନ୍ଦ୍ରୀୟ ଯୋଗାଣରେ ବିଳମ୍ବ ଘଟିବାରୁ ରାଜ୍ୟସରକାର ୫୬ ଲକ୍ଷ ଔଷଧଯୁକ୍ତ ମଶାରି କ୍ରୟ କରିଥିଲେ । ଗତ ନଭେମ୍ବର ଓ ଡିସେମ୍ବର ମାସରେ ରାଜ୍ୟର ୧୦ଟି ଜିଲ୍ଲାରେ ଏହି ମଶାରି ବଣ୍ଟନ କରାଯାଇଛି । ଛାତ୍ରଛାତ୍ରୀ ଆବାସସ୍ଥଳ ସକାଶେ ଆଉ ୩ ଲକ୍ଷ ଔଷଧଯୁକ୍ତ ମଶାରି ସଂଗ୍ରହ କରାଯାଇଛି ।

ଓଡ଼ିଶା ପଛକୁ ଯେଉଁ ରାଜ୍ୟରେ ମେଲେରିଆ ପ୍ରାଦୁର୍ଭାବ ବୃଦ୍ଧିପାଉଥିବାର ପରିଲକ୍ଷିତ ହେଉଛି ସେଗୁଡ଼ିକ ହେଲା – ଝାଡ଼ଖଣ୍ଡ (୧୪,୭୮୧), ଛତିଶଗଡ଼(୧୪,୭୧୩), ମହାରାଷ୍ଟ୍ର (୬,୮୧୭), ପଶ୍ଚିମବଙ୍ଗ(୩,୭୬୨), ଉତ୍ତର ପ୍ରଦେଶ(୨,୮୫୧), ମିରୋରାମ (୪,୯୯୯) ଓ ତ୍ରିପୁରା (୩,୪୫୬) । ସଂପୃକ୍ତ ରାଜ୍ୟଗୁଡ଼ିକର ଆୟତନ ଓ ଲୋକସଂଖ୍ୟା ଦୃଷ୍ଟିରୁ ବିଚାର କଲେ ମନେହୁଏ ଅନଗ୍ରସରତା ଓ ସଚେତନତାର ଅଭାବ ହିଁ ମେଲେରିଆ ସଂକ୍ରମଣର ମୁଖ୍ୟ କାରଣ । ଆମ ରାଜ୍ୟ ଏବେ ମଧ୍ୟ ଝାଡ଼ଖଣ୍ଡ, ଛତିଶଗଡ଼, ମିଜୋରାମ ଓ ତ୍ରିପୁରା ଭଳି ରାଜ୍ୟଠାରୁ ଏ କ୍ଷେତ୍ରରେ ପଛରେ ପଡ଼ିଛି । ଋତୁକାଳୀନ ବର୍ଷାଜଳ ଦିନ ଦିନ ଧରି ଜମି ରହିବା, ଅଳିଆ ଓ ଅବର୍ଜନା ପଡ଼ି ରହୁଥିବାରୁ ଅସମ୍ଭବ ଭାବେ ମଶାବଂଶ ବୃଦ୍ଧିପାଉଛି । ମେଲେରିଆ ଓ ଡେଙ୍ଗୁ ରୋଗ ବ୍ୟାପିବା ପଛରେ ଏହାର ଭୂମିକା ରହୁଥିଲେ ମଧ୍ୟ ପରିବେଶକୁ ପରିଷ୍କାର ଓ ପରିଚ୍ଛନ୍ନ କରିବା ପଛରେ ମ୍ୟୁନିସିପାଲିଟି କର୍ତ୍ତୃପକ୍ଷଙ୍କ ନିଷ୍ଠାର ଅଭାବ ସାଙ୍ଗକୁ ନାଗରିକମାନଙ୍କର ମଧ୍ୟ ସେଭଳି ସଚେତନା ଥିବା ଭଳି ମନେ ହେଉନାହିଁ । କିନ୍ତୁ ଏକଥା ସତ ଯେ ବର୍ଦ୍ଧିତ ମେଲେରିଆ ପ୍ରାଦୁର୍ଭାବ ପାଇଁ ଆମ ରାଜ୍ୟ ଏକ ନିନ୍ଦିତ ସ୍ଥିତିରେ ରହିଛି ।

ରାଜ୍ୟର ଦକ୍ଷିଣ ଓ ପଶ୍ଚିମାଞ୍ଚଳ ହିଁ ସବୁଠାରୁ ଅଧିକ ମେଲେରିଆ ପ୍ରବଣ ଅଞ୍ଚଳ ରୂପେ ପରିଗଣିତ ହେଉଛି । କଳାହାଣ୍ଡି ଜିଲ୍ଲାରେ ସର୍ବାଧିକ ୮,୦୨୯ ମେଲେରିଆ ରୋଗୀ ଚିହ୍ନଟ ହୋଇଥିବା ବେଳେ ରାୟଗଡ଼ାରେ ୭୦୮୧, କନ୍ଧମାଳରେ ୪୩୮୧, ମାଲକାନଗିରିରେ ୪,୨୪୩, କୋରାପୁଟରେ ୩୮୯୬ ଓ ମୟୂରଭଞ୍ଜରେ ରୋଗୀସଂଖ୍ୟା ୩,୪୨୧ । ଆମେ ଏଠାରେ ଯେଉଁ ୬ଟି ଜିଲ୍ଲା କଥା ଉଲ୍ଲେଖ କରୁଛୁ ତାହା ମୁଖ୍ୟତଃ ଆଦିବାସୀ ଓ ଜନଜାତି ଅଞ୍ଚଳ ରୂପେ ପରିଗଣିତ । ସେମାନଙ୍କ ମଧ୍ୟରେ ଅପେକ୍ଷାକୃତ ରୋଗ ସଚେତନତା କମ । ମେଲେରିଆ କେନ୍ଦ୍ର କର୍ମଚାରୀଙ୍କ ପକ୍ଷରୁ ନିୟମିତ ସଚେନତା ସୃଷ୍ଟି ସାଙ୍ଗକୁ ରକ୍ତ ପରୀକ୍ଷା କରି ଔଷଧ ବଣ୍ଟନ କରିବାର ଆବଶ୍ୟକତା ରହିଛି । ଅଥଚ ମେଲେରିଆ କେନ୍ଦ୍ର କର୍ମଚାରୀଙ୍କ ସଂଖ୍ୟା ଦିନକୁ ଦିନ ହ୍ରାସ ପାଉଛି । ସତେଯେପରି ଏହି ରୋଗ ସଂକ୍ରମଣକୁ ନିୟନ୍ତ୍ରଣ କରିବା ଦାୟିତ୍ୱ ସରକାରଙ୍କର ନୁହେଁ । ଏହି ବିଭାଗରେ ଖାଲି ପଡ଼ିଥିବା ପଦ ପୂରଣ ହେଉନାହିଁ । ଏମିତିରେ ରାଜ୍ୟ ସରକାରଙ୍କ ସ୍ୱାସ୍ଥ୍ୟ ବିଭାଗର ସବୁ ସ୍ତରରେ ପଦ ପଦବୀ ଖାଲି ପଡ଼ିଛି । ପାରାମେଡିକାଲ କର୍ମଚାରୀ ଅଭାବ ମଧ୍ୟ ପରିଲକ୍ଷିତ ହେଉଛି । କେବଳ ମେଡିକାଲ କଲେଜ ଖୋଲି ନିଅଣ୍ଟିଆ ପରିସ୍ଥିତିର ମୁକାବିଲା କରାଯାଇ ପାରିବ ଏକଥା ନୁହେଁ । ରାଜ୍ୟର ତିନିଟି ପ୍ରମୁଖ ମେଡିକାଲ କଲେଜ, ଯାହା ଉପରେ ରାଜ୍ୟବାସୀଙ୍କ ଭରସା ଓ ବିଶ୍ୱାସ ରହିଛି ସେଠାରେ ମଧ୍ୟ ଠିକଣା ଭାବେ ଚିକିତ୍ସା ସୁବିଧା ମିଳୁନି । ନୂଆ ମେଡିକାଲ କଲେଜକୁ ସକ୍ରିୟ କରିବା ସକାଶେ ପୁରୁଣାରୁ ନୂଆକୁ ଡାକ୍ତର ଓ ସ୍ୱାସ୍ଥ୍ୟ କର୍ମର୍ଚରୀ ସ୍ଥାନାନ୍ତର କରାଯାଥିବାରୁ ଦୁଇ ବ୍ୟବସ୍ଥା ଏକାବେଳେ ଭୁଶୁଡ଼ି ପଡ଼ିଛି ।

ରାଜ୍ୟର ସରକାରୀ ସ୍ୱାସ୍ଥ୍ୟ ବ୍ୟବସ୍ଥା ଉପରେ କ୍ରମେ ନିର୍ଭରଶୀଳତା ହ୍ରାସ ପାଇଥିବାର ପରିଲକ୍ଷିତ ହେଉଛି । ସରକାରୀ ସ୍ୱାସ୍ଥ୍ୟବୀମା ସୁବିଧା ପାଇଥିବା ଉପଭୋକ୍ତାଙ୍କୁ ଲୁଟିବା ସକାଶେ ଅପେକ୍ଷା କରି ବସିଛନ୍ତି କର୍ପୋରେଟ ହସପିଟାଲ । ବିଭିନ୍ନ ସ୍ତରରେ ବୀମା ଅର୍ଥ ଲୁଟପାଟ ଚାଲିଛି । ପାଞ୍ଚ ପଇସାର ରୋଗ ପାଇଁ ଦଶ ପଇସାର ଚିକିତ୍ସା । ଆବଶ୍ୟକତାଠାରୁ ଅଧିକ ଅର୍ଥ ଦାବି କରାଯାଇଥିବାରୁ ବୀମା ସରହଦ ମଧ୍ୟରେ ତାହାକୁ ଭରଣା କରଯାଇପାରୁନି । ତେଣୁ ଦିନକୁ ଦିନ ଜନ ଯନ୍ତ୍ରଣା ଓ ଜଞ୍ଜାଳ ବଢ଼ିବାର ଲାଗିଛି । ଯେଉଁ ନିମ୍ନ-ମଧ୍ୟବିତ୍ତ ବର୍ଗ ଲୋକ ସରକାରୀ ସୁବିଧାରୁ ବଞ୍ଚିତ, ସେମାନଙ୍କୁ ଆହା କହିବାକୁ କେହି ନାହାଁ । ଜିଲ୍ଲା ଜିଲ୍ଲାରେ ମେଡିକାଲ କଲେଜର ସୁଦୃଶ୍ୟ କୋଠା ଦେଖି ରାଜ୍ୟବାସୀଙ୍କ ପେଟ ପୂରିଯାଇଛି ସିନା ଚିକତ୍ସା ଓ ନିଦାନ ବ୍ୟବସ୍ଥା ଯେଉଁ ତିମିରେକୁ ସେଇ ତିମିରେ ରହିଯାଇଛି ।

## ସମାଜ-ବିରୋଧୀ ବ୍ୟକ୍ତିତ୍ୱ

ପ୍ରଫେସର ଫକୀର ମୋହନ ସାହୁ

ଆମର ସମସାମୟିକ ଜୀବନରେ ଯେଉଁ ବିଷବଳୟ କ୍ରମପ୍ରସାରିତ ହେବାରେ ଲାଗିଛି, ସେହି ଜୀବନମଞ୍ଚର ମୁଖ୍ୟ ଖଳନାୟକ ହେଉଛି ସମାଜ-ବିରୋଧୀ ବ୍ୟକ୍ତିତ୍ୱ । ପ୍ରତିଦିନ ସକାଳବେଳାର ମୁହଁରେ ଚା'ର ତୃପ୍ତିକର ଆସ୍ୱାଦନର ଅନୁଭବ ପୂର୍ବରୁ ନାରୀ ନିର୍ଯାତନା ଏବଂ ମଣିଷ ଚରିତ୍ରର ନଗ୍ନ ଦୃଶ୍ୟାବଳୀ ମନପ୍ରାଣକୁ ବିଷାକ୍ତ କରିଦେଉଛି । ଓଡ଼ିଶା ପରି ପରମ୍ପରାପ୍ରିୟ ରାଜ୍ୟରେ ମଧ୍ୟ ନାରକୀୟ କାର୍ଯ୍ୟକଳାପର ମାତ୍ରା ବଢ଼ି ଚାଲିଛି ।



ସବୁସମୟରେ ମନୋବିଜ୍ଞାନୀ ଏବଂ ମନୋଚିକିତ୍ସକମାନେ ମାନସିକ ବିପର୍ଯ୍ୟୟର ଏ ଦିଗଟି ପ୍ରତି ସଚେତନ ଥିଲେ । ଅତୀତରେ ଏ ଦିଗରେ ବିଶେଷ ଚର୍ଚ୍ଚା ହୋଇଛି ଏବଂ ପ୍ରତିକାର ବ୍ୟବସ୍ଥାର ପରାମର୍ଶ ମଧ୍ୟ ଦିଆଯାଇଛି । କିନ୍ତୁ ଏବେ ଅଧୋଗତିର ମାତ୍ରା ଏତେ ଅଧିକ ଯେ ପ୍ରତିକାର ବ୍ୟବସ୍ଥା ଆଶାନୁରୂପ ଭାବରେ ସଫଳ ହେଉନାହିଁ । ମାନସିକ ବିପର୍ଯ୍ୟୟର ଯେଉଁ ମାର୍ଗଦର୍ଶକ ପୁସ୍ତିକା ରହିଛି, ତାହାର ସୂଚନା ଅନୁଯାୟୀ ସମାଜବିରୋଧୀ ବ୍ୟକ୍ତିତ୍ୱର ମୁଖ୍ୟ ଲକ୍ଷଣ ହେଉଛି ଅନ୍ୟର ଅଧିକାର ପ୍ରତି ଅସମ୍ମାନ ଏବଂ ଅନ୍ୟର ଅଧିକାରକୁ ବିପର୍ଯ୍ୟସ୍ତ କରିବା । ଏହି ମାନସିକତା ନେଇ ସେମାନେ ଦାୟିତ୍ୱହୀନ, ଆକ୍ରମଣାତ୍ମକ ଓ ଛଳନାପୂର୍ଣ୍ଣ ବ୍ୟବହାର କରନ୍ତି ଏବଂ ଅନ୍ୟକୁ କ୍ଷତିଗ୍ରସ୍ତ କରନ୍ତି । ଅନେକ ସମୟରେ ଏଥିପାଇଁ ସେମାନଙ୍କୁ ପୁଲିସ୍ ଓ ନ୍ୟାୟିକ ବ୍ୟବସ୍ଥାର ସମ୍ମୁଖୀନ ହେବାକୁ ହୁଏ । କିନ୍ତୁ ଶଠତା, ନାଟକୀୟତା ଓ ଛଳନା ମାଧ୍ୟମରେ ନିଜକୁ ରକ୍ଷା କରିବାର ଉଦ୍ୟମ କରନ୍ତି ।

ମନୋବିଜ୍ଞାନୀ ଓ ମନୋଚିକିତ୍ସକମାନେ ସମାଜବିରୋଧୀ ବ୍ୟକ୍ତିତ୍ୱ ଚିହ୍ନଟ କରିବା ସମୟରେ କେତେଗୁଡ଼ିଏ ତାଲିକାଭୁକ୍ତ ଖରାପ ବ୍ୟବହାର ମଧ୍ୟରୁ ଅନ୍ତତଃ ତିନୋଟିର ଉପସ୍ଥିତି ଠାବ କରି ବିପର୍ଯ୍ୟୟର ଚିହ୍ନଟ କରନ୍ତି । ସେହି ଲକ୍ଷଣସମୂହ ହେଉଛି ସମାଜର ମାନଦଣ୍ଡକୁ ମାନିନେବାରେ ବିଫଳତା, ମିଥ୍ୟାଚାର, ମାତ୍ରାଧିକ ଆବେଗପ୍ରବଣତା, ଆକ୍ରମଣାତ୍ମକ ବ୍ୟବହାର, ନିଜର ଓ ଅନ୍ୟର ସୁରକ୍ଷା ପ୍ରତି ଅବହେଳା, ଶିକ୍ଷାର୍ଥୀ ହୋଇଥିଲେ ଶିକ୍ଷାନୁଷ୍ଠାନରେ ଏବଂ କର୍ମଚାରୀ ହୋଇଥିଲେ କର୍ମସଂସ୍ଥାରେ ରୀତିମତ ଅବହେଳା, ଦୋଷକରି ଅନୁତାପ ନ କରିବା ଏବଂ କୌଣସି ପ୍ରକାର ସାମାଜିକ କଟକଣା କିମ୍ବା ଶାସ୍ତିବିଧାନକୁ ଭ୍ରୂକ୍ଷେପ ନ କରିବା ।

ସମାଜବିରୋଧୀ ବ୍ୟକ୍ତିତ୍ୱ ସଂପର୍କରେ ଯେଉଁ ସମସ୍ତ ମନସ୍ତାତ୍ତ୍ୱିକ ଗବେଷଣା ହୋଇଛି, ତାହାର ଫଳସ୍ୱରୂପ ଏହି ବିପର୍ଯ୍ୟୟର ଦୁଇଟି ପୃଥକ୍ ଉପାଦାନକୁ ଚିହ୍ନଟ କରାଯାଇଛି । ପ୍ରଥମଟି ହେଉଛି ଆବେଗିକ ଓ ସାମାଜିକ ଦିଗ । ଏପରି ବିକୃତିସମ୍ପନ୍ନ ଲୋକମାନଙ୍କର କୌଣସି ଅପରାଧବୋଧ ନ ଥାଏ । ସମାନାନୁଭୂତି ଓ ସମ୍ବେଦନଶୀଳତା ପ୍ରାୟ ନ ଥାଏ । ବହୁ ସମାଜବିରୋଧୀ ବ୍ୟକ୍ତିଙ୍କର ବାଲ୍ୟକାଳୀନ ଇତିହାସରୁ ଦେଖାଯାଏ ଯେ କୌଣସି ଦୁଃଖଦ ଘଟଣା ସମୟରେ କାନ୍ଦିବା କିମ୍ବା ଦୁଃଖପ୍ରକାଶ କରିବାର ଉଦାହରଣ ବିରଳ । ନିଜର ଉପରଠାଉରିଆ ଆକର୍ଷଣଶୀଳତାର ସୁଯୋଗ ବ୍ୟବହାର କରି ଏମାନେ ଅନ୍ୟମାନଙ୍କୁ ପ୍ରତାରିତ କରନ୍ତି । ଦ୍ୱିତୀୟ ଉପାଦନଟି ବ୍ୟବହାରିକ ଦିଗ । ସମାଜବିରୋଧୀ କାର୍ଯ୍ୟ (ଯଥା- ଚୋରିକରିବା, ଜାତୀୟ ସମ୍ପତ୍ତି ନଷ୍ଟ କରିବା) କରିଥା'ନ୍ତି । ଦାୟିତ୍ୱହୀନ ଭାବରେ ଆତ୍ମନିୟନ୍ତ୍ରଣ ହରାଇବସନ୍ତି । ଅତିମାତ୍ରାରେ ପରନିର୍ଭରଶୀଳତା ଓ ଉତ୍ତେଜନାପ୍ରବଣ କାର୍ଯ୍ୟକଳାପ ପରିଦୃଷ୍ଟ ହୁଏ ।

ସମାଜବିରୋଧୀ ବ୍ୟକ୍ତିତ୍ୱର କାରଣ ଅନୁସନ୍ଧାନ କରିବା ସମୟରେ ଗବେଷକମାନେ ଅଳ୍ପକିଛି ପରିମାଣର ବଂଶାନୁଗତର ପ୍ରମାଣ ପାଇଥିଲେ ମଧ୍ୟ ଯେଉଁ ମୂଳ ଉପାଦାନଟି ସର୍ବାଧିକ ଦୃଷ୍ଟି ଆକର୍ଷଣ କରିଛି, ତାହା ହେଉଛି ଭୟ ସମ୍ପର୍କିତ ସିଦ୍ଧାନ୍ତ । ଆମେ ସମସ୍ତେ ଜାଣୁ ଯେ, ଭୟ ଏକ ନକାରାତ୍ମକ ଆବେଗ । ସବୁ ସମୟରେ ଆମକୁ ନିର୍ଭୀକ ରହିବା ପାଇଁ ଉପଦେଶ ଦିଆଯାଏ । ଏହା ସତ ହେଲେ ମଧ୍ୟ କିଛି ପରିମାଣରେ ଭୟ ପ୍ରାଣୀଜୀବନରେ ସକାରାତ୍ମକ ଭୂମିକା ନିଏ । ମନୁଷ୍ୟ ଭୟପାଇ ହିଂସ୍ର ଜୀବଜନ୍ତୁଙ୍କ କବଳରୁ ରକ୍ଷା ପାଇବା ପାଇଁ ଉଦ୍‌ବର୍ତ୍ତନ ତା' ମଧ୍ୟରେ କିଛି ଭୟ ଦେଇଛି । ଫଳରେ ମନୁଷ୍ୟ ସୁରକ୍ଷା ଦିଗରେ ପଦକ୍ଷେପ ନେଇପାରୁଛି । ଠିକ୍ ସେହିପରି ଆମେ ଭୟ ପ୍ରଦର୍ଶନର ସହାୟତା ନେଇ ଲୋକମନରେ ବାଞ୍ଛନୀୟ ବ୍ୟବହାର ଗଠନ କରୁ । ତୁମେ ଅଧିକ ଧୂମପାନ କଲେ ହୃଦ୍‌ଘାତର ଶିକାର ହେବ - ଏପରି ଭୟ ଦେଖାଇ ବ୍ୟକ୍ତିକୁ ସୁସ୍ଥ ରଖିବାର ପ୍ରୟାସ କରୁ । ଜୀବନର ଆରମ୍ଭରୁ ପରିବାର ଓ ସମାଜରେ ଯେଉଁ ସାମାଜୀକରଣ ପ୍ରକ୍ରିୟା ଆରମ୍ଭ ହୁଏ, ତାହା ମଧ୍ୟ ଭୟ ଓ ଶାସ୍ତିବିଧାନର ନୀତିଉପରେ ପ୍ରତିଷ୍ଠିତ । ନିୟମକୁ ମାନିବା ପାଇଁ ପୁରସ୍କାର ସହିତ ନିୟମର ଅବମାନନାରେ ଶାସ୍ତିର ବ୍ୟବସ୍ଥା ଥାଏ ।

ଗବେଷଣାରୁ ଦେଖାଯାଉଛି ଯେ ସମାଜବିରୋଧୀ ଶିଶୁ, କିଶୋର/କିଶୋରୀ ଏବଂ ଯୁବକଯୁବତୀ ମଧ୍ୟରେ ଏପରି ସକାରାତ୍ମକ ଭୟର ମାତ୍ରା କମ୍ । ଏହାଫଳରେ ସେମାନଙ୍କର ବିବେକ (ଭଲମନ୍ଦର ଜ୍ଞାନ) ମନ୍ଥର ହୁଏ । ଅନୈତିକ କାର୍ଯ୍ୟ ନ କରିବା ପାଇଁ ଯେଉଁ ଅନ୍ତର୍ବୋଧ ଓ ସଂଯମ ଆବଶ୍ୟକ, ତାହାର ଅଭାବ ହୁଏ ।

ସମାଜବିରୋଧୀ ବ୍ୟକ୍ତିତ୍ୱର ପ୍ରତିରୋଧ ପାଇଁ ମନୋଚିକିତ୍ସକମାନେ କେତେକ ଔଷଧପତ୍ରର ଉପଯୋଗ କରୁଥିଲେ ମଧ୍ୟ ସଫଳତା ସେପରି ପ୍ରଶଂସନୀୟ ନୁହେଁ । ଔଷଧ ମାଧ୍ୟମରେ ମୁଖ୍ୟତଃ ଅତିଚଞ୍ଚଳତା, ଆବେଗପ୍ରବଣତା ଏବଂ ଆକ୍ରମଣାତ୍ମକ ମନୋଭାବର ହ୍ରାସ କରିବାର ପ୍ରୟାସ କରାଯାଏ । ମନୋବିଜ୍ଞାନୀମାନେ ସେମାନଙ୍କ ତାଲିମ କାର୍ଯ୍ୟକ୍ରମରେ ଆତ୍ମସଂଯମ, ସମାନୁଭୂତି ବା ଏମ୍ପାଥ୍, ଅନ୍ୟର ଦୃଷ୍ଟିଭଙ୍ଗୀକୁ ବିଚାର କରିବାର ଉଦାରତା ଶିକ୍ଷା ଦିଅନ୍ତୁ । ସମାଜବିରୋଧୀ ମାନସିକତା କିପରି ନିଜର ଓ ଅନ୍ୟର କ୍ଷତିସାଧନ କରିବ, ତାହାର ବିଶଦ ବ୍ୟାଖ୍ୟା ଦିଅନ୍ତୁ । ସମାଜବିରୋଧୀ ବ୍ୟକ୍ତିତ୍ୱର ପ୍ରତିରୋଧ କ୍ଷେତ୍ରରେ ସମ୍ମିଳିତ ଭାବରେ ଏକାଧିକ ପନ୍ଥା ଏବଂ ଏକାଧିକ ବିଶେଷଜ୍ଞଙ୍କ ସହାୟତା ଉପଯୋଗୀ ମନେ ହୁଏ ।

ଭୁବନେଶ୍ୱର, ମୋ: ୯୪୩୭୧୨୧୨୭୯

## ସମୃଦ୍ଧ ଓଡ଼ିଶାର ପ୍ରତୀକ: କୋଟପାଡ଼ ହସ୍ତତନ୍ତ

ରାଜେଶ ରାୟ

ଓଡ଼ିଶାର ଦକ୍ଷିଣ ରାଇଜରେ ଶୋଭା ପାଉଥିବା କୋରାପୁଟ ଜିଲ୍ଲା ପ୍ରାକୃତିକ ପରିବେଶକୁ ନେଇ ଯେତିକି ପ୍ରସିଦ୍ଧ, ସେତିକି ନିଜର ଐତିହ୍ୟ ଓ ପରମ୍ପରାକୁ ନେଇ ସମୃଦ୍ଧ । ଜିଲ୍ଲାର ବିଭିନ୍ନ କୋଣରେ ବସବାସ କରୁଥିବା ଆଦିମ ଆଦିବାସୀମାନଙ୍କ ପାଖରେ ଦେଖିବାକୁ ମିଳେ ନିଆରା ପରମ୍ପରା, ଯାହା ବିଶ୍ୱବିଦିତ । ଆଦିବାସୀମାନେ ପ୍ରସ୍ତୁତ କରୁଥିବା ବିଭିନ୍ନ ଉତ୍ପାଦରେ ଉଙ୍କିମାରେ ସେମାନଙ୍କ ସରଳ ଜୀବନଶୈଳୀ ଏବଂ ଅଭିନବ ସଂସ୍କୃତିର ପ୍ରତିଛବି । ଏହାର ଏକ ଜ୍ୱଳନ୍ତ ଉଦାହରଣ ହେଉଛି କୋଟପାଡ଼ର ହସ୍ତତନ୍ତ ।



କୋରାପୁଟ ଜିଲ୍ଲାର ଏକ ବ୍ଲକ ତଥା ବିଧାନସଭା କ୍ଷେତ୍ରର ନାମ ହେଉଛି କୋଟପାଡ଼ । ଆଦିବାସୀ ହସ୍ତତନ୍ତର ଏକ ପ୍ରମୁଖ କେନ୍ଦ୍ରସ୍ଥଳୀ ଭାବେ କୋଟପାଡ଼ କେବଳ ଓଡ଼ିଶାରେ ନୁହେଁ, ବରଂ ଦେଶବିଦେଶରେ ବେଶ୍ ପରିଚିତ । କୋଟପାଡ଼ରେ ବସବାସ କରୁଥିବା ମିର୍ଗାନ୍ ସମ୍ପ୍ରଦାୟର ଆଦିବାସୀମାନେ ହସ୍ତତନ୍ତ ବୁଣାକାର ଭାବେ ଖ୍ୟାତି ଅର୍ଜନ କରିଛନ୍ତି । ସେମାନେ ପ୍ରାକୃତିକ ଉପାୟରେ ଲାଲ୍, ମାଟିଆ, କଳା ଓ ଧଳା ରଙ୍ଗର କୋମଳ ସୂତାରୁ ଶାଢ଼ି ଓ ଓଢ଼ଣି ଆଦି ବୁଣିଥା'ନ୍ତି, ଯାହା ଓଡ଼ିଶା ଓ ବିଦେଶରେ ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରିପାରିଛି ।

ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଲା ମିର୍ଗାନ୍ ସମ୍ପ୍ରଦାୟର ଆଦିବାସୀମାନେ ପ୍ରାକୃତିକ ଉପାୟରେ ଧଳା ସୂତାକୁ ରଙ୍ଗଦେଇ କଳା, ମାଟିଆ ଓ ଲାଲ୍ ଏହିପରି ତିନି ରଙ୍ଗର ସୂତା ପ୍ରସ୍ତୁତ କରିଥା'ନ୍ତି । ଏଥିପାଇଁ ସେମାନେ ପ୍ରାକୃତିକ ଜୈବିକ ପଦାର୍ଥ ଯଥା ଗୋବର, ଜଡ଼ାତେଲ, ପାଉଁଶ ଆଦି ବ୍ୟବହାର କରନ୍ତି । ସୂତାକୁ ରଙ୍ଗଦେବା ପ୍ରକ୍ରିୟାରେ କେବଳ ମିର୍ଗାନ୍ ସମ୍ପ୍ରଦାୟର ମହିଳାମାନେ ଭାଗ ନିଅନ୍ତି, ଯାହା ନାରୀ ସଶକ୍ତୀକରଣର ଛବିକୁ ଉପସ୍ଥାପନ କରେ ଏବଂ ପୁରୁଷମାନେ ବୁଣାକାର ଭାବେ କାର୍ଯ୍ୟ କରନ୍ତି । ଏଠାରେ ସୂତାକୁ ରଙ୍ଗ ଦେବା ପ୍ରକ୍ରିୟାଟି ଖୁବ୍ ଆକର୍ଷଣୀୟ । ପ୍ରଥମେ ଧଳା ସୂତାକୁ ଆଣି ୧୨ ଘଣ୍ଟା ପର୍ଯ୍ୟନ୍ତ ପାଣିରେ ବୁଡ଼ାଇ ରଖାଯାଏ । ପରେ ଆବଶ୍ୟକ ମୁତାବକ ଗୋବର ଓ ଜଡ଼ାତେଲର ମିଶ୍ରଣକୁ ଲେପ ଦିଆଯାଇ କାଠ ସାହାଯ୍ୟରେ ଶୁଖାଯାଏ (ଏଥିରେ ଗୋବର ବ୍ଲିଚିଂ ଏଜେଣ୍ଟ ପରି କାମକରେ) । ସୂତାଗୁଡ଼ିକ ମେହେନ୍ଦି ରଙ୍ଗ ପଡ଼ି ଆସିଲେ ତା'କୁ ନେଇ ପାଉଁଶ ପାଣିରେ ବୁଡ଼ାଇ ୧୫ ରୁ ୨୦ ଦିନ ଯାଏଁ ରଖାଯାଏ । ସୂତାକୁ ନାଲିରଙ୍ଗ ଦେବା ପାଇଁ ଆଲ୍ ନାମକ ଏକ ଗଛର ଛାଲିକୁ ପାଣିରେ ପକାଇ ସେଥିରେ ପୂର୍ବରୁ ପ୍ରସ୍ତୁତ ହୋଇଥିବା ମେହେନ୍ଦି ରଙ୍ଗର ସୂତା ନେଇ ସିଝାଯାଏ । ମେରୁନ୍ ବା ମାଟିଆ ରଙ୍ଗ ପାଇଁ ମଧ୍ୟ ଆଲ୍ ଗଛର ଛାଲିକୁ ଅଳ୍ପ କିମ୍ବା ବହୁତ ପରିମାଣର ବ୍ୟବହାର କରାଯାଏ ଏବଂ ସୂତାକୁ କଳା ରଙ୍ଗ ଦେବା ପାଇଁ ହରିଡ଼ା, ହୀରାକଷି(ଏକ ଗଛର ମଞ୍ଜି) ଆଦିକୁ ମିର୍ଗାନ୍ ସମ୍ପ୍ରଦାୟର ଆଦିବାସୀମାନେ ବ୍ୟବହାର କରନ୍ତି । ସୂତାଗୁଡ଼ିକୁ ପ୍ରାକୃତିକ ଉପାୟରେ ରଙ୍ଗ କରାଯାଉଥିବାରୁ ତାହା ଶରୀର ଉପରେ କୌଣସି ନକାରାତ୍ମକ ପ୍ରଭାବ ପକାଏ ନାହିଁ ।

କୋଟପାଡ଼ର ହସ୍ତତନ୍ତରେ ମିର୍ଗାନ ସମ୍ପ୍ରଦାୟର ଆଦିବାସୀମାନେ ମାଛ, ବେଙ୍ଗ, ହରିଣ, ଗଛ ଓ ମୟୂର ଆଦି ପ୍ରତିଛବିଗୁଡ଼ିକୁ ବୁଣିଥା'ନ୍ତି, ଯାହା ଅତ୍ୟନ୍ତ ହୃଦୟସ୍ପର୍ଶୀ । ଏହି ହସ୍ତତନ୍ତରେ ଆଲ୍ ଗଛର ଭୂମିକା ବେଶ୍ ଗୁରୁତ୍ୱପୂର୍ଣ୍ଣ, ଯାହାର ସଂଖ୍ୟା ଦିନକୁ ଦିନ ହ୍ରାସ ପାଇବାରେ ଲାଗିଛି । ତେଣୁ ରାଜ୍ୟ ସରକାରଙ୍କ ଉଦ୍ୟମରେ ଏବେ କୋଟପାଡ଼ର ଆଖପାଖ ଅଞ୍ଚଳରେ ଆଲ ଜଙ୍ଗଲ ସୃଷ୍ଟି କରାଯାଇଛି । କୋଟପାଡ଼ ହସ୍ତତନ୍ତର ବିଶେଷତ୍ୱ ହେଉଛି ତାହା ସଂପୂର୍ଣ୍ଣ ପ୍ରାକୃତିକ ଓ ଦୀର୍ଘସ୍ଥାୟୀ । ଏହି ହସ୍ତତନ୍ତରେ ମିର୍ଗାନ୍ ଆଦିବାସୀଙ୍କ ସରଳ ଓ ପ୍ରାକୃତିକ ଜୀବନଶୈଳୀ ଜୀବନ୍ତ ହୋଇଉଠେ । ଗୋଟିଏ ଶାଢ଼ି ସର୍ବନିମ୍ନ ୭ ହଜାର ଟଙ୍କାରୁ ଆରମ୍ଭକରି ୧୮ ହଜାର ଟଙ୍କା ପର୍ଯ୍ୟନ୍ତ ବିକ୍ରି ହୋଇଥାଏ । ସେଇଥିପାଇଁ ଆଜି କୋଟପାଡ଼ର ହସ୍ତତନ୍ତ ବୟନଶିଳ୍ପ କ୍ଷେତ୍ରରେ ନିଜର ଏକ ସ୍ୱତନ୍ତ୍ର ପାରଦର୍ଶିତାକୁ ବହନ କରୁଛି ।

ରାଜ୍ୟ ସରକାରଙ୍କ ହସ୍ତତନ୍ତ ବିଭାଗ ବୟନିକା ମାଧ୍ୟମରେ କୋଟପାଡ଼ ଆଦିବାସୀଙ୍କ ହସ୍ତତନ୍ତକୁ ଏବେ କିଣାଯାଉଛି । ସେଥିପାଇଁ ଏକ ବୁଣାକାର ସମିତି ଗଠନ କରାଯାଇଛି । ଏହାଦ୍ୱାରା ଆଦିବାସୀମାନେ ସେମାନଙ୍କ ଉତ୍ପାଦର ସଠିକ୍ ମୂଲ୍ୟ ପାଇ ପାରୁଛନ୍ତି । ଅନ୍ୟ ରାଜ୍ୟ ଓ ଦେଶରୁ ଆଗନ୍ତୁକମାନେ ଆସି କୋଟପାଡ଼ର ଆଦିବାସୀ ହସ୍ତତନ୍ତକୁ କିଣୁଛନ୍ତି । ଏବେ ମିର୍ଗାନ୍ ସମ୍ପ୍ରଦାୟର ଯୁବପିଢ଼ି ମଧ୍ୟ ଏହି କୌଳିକ ବୃତ୍ତିକୁ ଆଦରି ନେଲେଣି । ଯଦି ଏହି ହସ୍ତତନ୍ତର ସଠିକ୍ ସୁରକ୍ଷା, ପ୍ରଚାର ପ୍ରସାର ହୁଅନ୍ତା ଏବଂ ସରକାରଙ୍କ ତରଫରୁ ମିର୍ଗାନ୍ ସମ୍ପ୍ରଦାୟର ଆଦିବାସୀଙ୍କ ପାଇଁ ଯଦି କିଛି ସୁବିଧା ସୁଯୋଗ କରାଯା'ନ୍ତା ତେବେ ବୟନଶିଳ୍ପ କ୍ଷେତ୍ରରେ କୋଟପାଡ଼ ହସ୍ତତନ୍ତ ଓଡ଼ିଶାର ନାମକୁ ବିଶ୍ୱ ଦରବାରରେ ସମୃଦ୍ଧ କରିପାରନ୍ତା । ରାଜ୍ୟ ସରକାର ୨୦୩୬ ମସିହା ବେଳକୁ ପରିକଳ୍ପନା କରିଥିବା ସମୃଦ୍ଧ ଓଡ଼ିଶାର ଚିତ୍ର ଆଉଟିକେ ସ୍ପଷ୍ଟ ଦିଶନ୍ତା ।

(ଅଧ୍ୟାପକ, ବିଦ୍ୱାନ୍ ମହାବିଦ୍ୟାଳୟ)
ଜୟପୁର, ମୋ: ୬୩୭୧୫୫୫୯୪୦

## ଗୋଦାବରୀର ପବିତ୍ର ପ୍ରବାହ: ଗୋଦାବରୀଶ ମିଶ୍ର

ସାହିତ୍ୟ ସରିତ୍

ପ୍ରଫେସର ମଣୀନ୍ଦ୍ର କୁମାର ମେହେର

ସୁପ୍ରସିଦ୍ଧ, ସୁପ୍ରଶସ୍ତ, ସୁବିଶାଳ ଗୋଦାବରୀ ନଦୀର ପବିତ୍ରତା, ଉଦାରତା, ଚିର ପ୍ରବହମାନତା ଯେ ମାନବୀୟ ବିଗ୍ରହରେ ହୋଇପାରେ ଆବିର୍ଭୂତ, ଏହି ଅନ୍ତଃସତ୍ୟ ପ୍ରଦର୍ଶିତ ହୋଇଯାଇଛି ଗୋଦାବରୀଶ ମିଶ୍ରଙ୍କ ବ୍ୟକ୍ତିତ୍ୱ ଓ ସାହିତ୍ୟ ସର୍ଜନାରେ । ସତ୍ୟବାଦୀ ବନବିଦ୍ୟାଳୟର ତ୍ୟାଗପୂତ ଆଦର୍ଶ ଶିକ୍ଷକ ଭାବରେ ସେ ସୃଷ୍ଟି କରିଥିଲେ ଯେଉଁ ଜାତୀୟତାର ଭାବସ୍ରୋତ, ତାହା କ୍ରମଶଃ ଅଧିକ ପ୍ରଭାବଶାଳୀ, ଚେତନାଦୀପ୍ତ ଓ ପ୍ରେରଣାପୂର୍ଣ୍ଣ ହୋଇ ସମଗ୍ର ଓଡ଼ିଶାର ଜନମାନସକୁ ପରିପ୍ଲାବିତ କରିଦେଇଛି ଅସାମାନ୍ୟ ଶକ୍ତି ବହନ କରି । ଜଣେ ସ୍ୱଦେଶାନୁରକ୍ତ ସାହିତ୍ୟ ସ୍ରଷ୍ଟା ଭାବେ କବିତା, ଗଳ୍ପ, ନାଟକ-ଯାହା ବି ସେ ଲେଖନ୍ତୁ ନା କାହିଁକି ସର୍ବତ୍ର ଜାତୀୟ-ଗୌରବ ସ୍ପନ୍ଦିତ ହୋଇ ଉଠିଲା ଗଭୀର ଉଚ୍ଛ୍ୱାସ ବହନ କରି । 'କିଶଳୟ', 'କୁସୁମ', 'ଗୀତାୟନ', 'କବିତାୟନ', 'ଗୀତିଗୁଚ୍ଛ', 'ଚୟନିକା' ଆଦି କବିତା ଗ୍ରନ୍ଥରେ ତାଙ୍କ ପ୍ରାଣାବେଗ କି ମର୍ମସ୍ପର୍ଶୀ! ମନ୍ମୟଧର୍ମୀ ସ୍ନିଗ୍ଧତା କି ସୁଷମାମଣ୍ଡିତ! ସେହିପରି ସେ ଲେଖନ୍ତି 'ଆଲେଖିକା' । ସେଥିରେ ଅତୀତ ଓଡ଼ିଶାର କାରୁଣ୍ୟ ବିଜଡ଼ିତ ଜୀବନ ସହ ଗୌରବମୟ ଅମଳିନ ବୀରତ୍ୱ ଓ ସାହସିକତା କିପରି ମର୍ମରିତ ହୋଇ ନ ଉଠିଛି! 'କାଳିଜାଈ' ଓ 'ଦୁଃଖୀଧନ' କବିତାର କରୁଣ ମୂର୍ଚ୍ଛନା ସାମାନ୍ୟ ସମ୍ବେଦନାସିକ୍ତ ପାଠକ ଅନ୍ତରରେ ଆଜି ବି ବାରମ୍ବାର ସୃଷ୍ଟି କରି ଆସୁ ଛି ଅସଂଖ୍ୟ ଅଶ୍ରୁକଣା ।

'ଧୀରେ କରି ନାଆ ବୁହାରେ ନାଉରି, ଝିଅକୁ ମାଡୁଚି ଡର, ଗଡ଼େ ଗଡ଼୍ ଲୋକ ଚାହିଁ ବସିଥିବେ ଝିଅ ଯିବ ଶାଶୂ ଘର' କିମ୍ବା 'ବାପା ପଚାରନ୍ତି ଖୋଜି ନାଉରିରେ ଝିଅ ମୋର ଗଲା କାହିଁ?, ବୁଜି ଆଖି ଠିଆ ନାଉରି ନିଜେ ଲୋ ତୁଣ୍ଡ ତା ଫିଟଇ ନାହିଁ । ଯେତେଦିନ ପର୍ଯ୍ୟନ୍ତ ଚିଲିକାର ନୀଳ ଜଳରାଶି ଲହରାୟିତ ସେ ପର୍ଯ୍ୟନ୍ତ ଏହି ପଦଗୁଡ଼ିକର ଗୁଞ୍ଜରଣ ଛାତି ଥରାଇ ଦେଉଥିବ ନିଶ୍ଚୟ ।

ସେ ପାଶ୍ଚାତ୍ୟ ଶିକ୍ଷାରେ ଶିକ୍ଷିତ । ଅଥଚ ଗାଥା ବା ବାଲାଡ୍ ରଚନାର ପାଶ୍ଚାତ୍ୟ ପ୍ରଣାଳୀକୁ ସେ ସମ୍ପୂର୍ଣ୍ଣ ଭାବରେ ଗ୍ରହଣ ନ କରିବାର କାରଣ ହେଉଛି ତାଙ୍କର ଏହି ଅନ୍ତଃଆହ୍ୱାନ । 'ମୁକୁନ୍ଦଦେବ', 'ପୁରୁଷୋତ୍ତମଦେବ' ନାଟକ ରଚନା ପଶ୍ଚାତରେ ମଧ୍ୟ ଏହି ଆତ୍ମିକ ସମ୍ବନ୍ଧର ପ୍ରଗାଢ଼ତା ହିଁ କ୍ରିୟାଶୀଳ । 'ପୁରୁଷୋତ୍ତମଦେବ' ନାଟକରେ ଯେଉଁ ଉଦ୍‌ବୋଧନ ସଂଗୀତ ସେ ସଂଯୁକ୍ତ କରିଛନ୍ତି ତାହା ଆଜି ଉତ୍କଳ ବିଶ୍ୱବିଦ୍ୟାଳୟ ସଂଗୀତ ଭାବରେ ପ୍ରତିଟି କାର୍ଯ୍ୟକ୍ରମ ଶୁଭାରମ୍ଭ ବେଳେ ସମ୍ମିଳିତ କଣ୍ଠରେ ଗାନ କରାଯାଏ - 'ତୁଙ୍ଗ ଶିଖରୀ-ଚୂଳ କୁଞ୍ଜ କାନନ-ମାଳ ପୁଣ୍ୟ ଜଳଧି-ଜଳ ଖେଳିଉଠୁ ସଘନେ / ପ୍ରାଚୀ ଗଗନ-ଶିରେ ଭାସି କନକ-ନୀରେ ଆସ ତପନ ଉଇଁ ଏ ଉତ୍କଳ ଭୁବନେ ।' ଏ ସଂଗୀତର ଶବ୍ଦ-ସଂଯୋଜନା, ସାଙ୍ଗୀତିକ ମୂର୍ଚ୍ଛନା, ଉଦବୋଧନକ୍ଷମ ଭାବ ଓ ଭାଷାର ବୈଭବ ଯେକୌଣସି ତରୁଣପ୍ରାଣରେ ସୃଷ୍ଟି କରେ ସାମୁଦ୍ରିକ ଉତ୍ତାଳ ତରଙ୍ଗ ।

କବିତା, ନାଟକ ରଚନାରେ ଗୋଦାବରୀଶ ଯେପରି ସୁନୀଳ ଆକାଶତଳେ ସୃଷ୍ଟି କରିପାରିଛନ୍ତି ଗୋଦାବରୀର ଆବେଗମୟ ଲହରୀ, ଠିକ ସେହିପରି ଗଳ୍ପ, ଉପନ୍ୟାସ, ପ୍ରବନ୍ଧ ରଚନାରେ ପ୍ରସ୍ଫୁଟିତ କରିଦେଇଛନ୍ତି ଦୁର୍ଲଭ ମାନବିକତାର ମହାମନ୍ତ୍ର । 'ଘଟାନ୍ତର', 'ଅଭାଗିନୀ', 'ଅଠର ଶହ ସତର', 'ନିର୍ବାସିତ' ଆଦି ଉପନ୍ୟାସରେ ବାହ୍ୟ ଶିଳ୍ପକଳାଠାରୁ ଅଧିକ ମହିମାନ୍ୱିତ ମାନବତାର ଅନ୍ତଃସ୍ୱର । ମାନବ-ସଂପ୍ରୀତି, ପ୍ରକୃତି ସହ ନିବିଡ଼ ଆତ୍ମୀୟତା ଓ ବିଶ୍ୱଚେତନା ତାଙ୍କ ସାହିତ୍ୟକୁ କରିଛି ଏପରି ରସୋଚ୍ଛଳ ଯେ, ବାସ୍ତବିକ ଗୋଦାବରୀର ସମ୍ପ୍ରସାରିତ ବକ୍ଷସ୍ଥଳ ସଦୃଶ ସେ ପରିଣତ ହୋଇଯାଇଛନ୍ତି ନିର୍ମଳ ଭାବସ୍ରୋତରେ । ଆତ୍ମଜୀବନୀ 'ଅର୍ଦ୍ଧ ଶତାବ୍ଦୀର ଓଡ଼ିଶା ଓ ତହିଁରେ ମୋ ସ୍ଥାନ' ପୁସ୍ତକରେ ତାଙ୍କ ସଂଘର୍ଷମୟ ଅଥଚ ସଚ୍ଚୋଟ ଜୀବନଧାରା ସ୍ୱାଭାବିକ ଛନ୍ଦରେ ଗତିଶୀଳ । ଜୀବନୀମୂଳକ ପ୍ରବନ୍ଧ ରଚନା କରି ସେ ପ୍ରଦର୍ଶିତ କରିଛନ୍ତି ଆଲୋକର ପଥ । ତାଙ୍କ ରଚିତ 'ନେପୋଲିଅନ' ଓ 'ଦାସତ୍ୱ-ମୋଚନ' ଦୁଇଟି ଉଚ୍ଚକୋଟୀର ଜୀବନୀ ଗ୍ରନ୍ଥ । 'ଅସମ୍ଭବ' ଶବ୍ଦଟି ନେପୋଲିଅନଙ୍କ ଅଭିଧାନରେ ନଥିବା ପ୍ରସଙ୍ଗ ଚିରସ୍ମରଣୀୟ ।

ବୁକର ଟାଲିଆ ଫେରୋ ୱାସିଂଟନଙ୍କ ଦାରିଦ୍ର୍ୟ ନିପୀଡ଼ିତ ଜୀବନ ଗୋଦାବରୀଶଙ୍କୁ ପ୍ରେରଣାପ୍ଲୁତ କରିଥିବା ଉପଲବ୍ଧି କରାଯାଇପାରେ ଏଥିରୁ । ମହାତ୍ମା ଗାନ୍ଧୀ ଓ ଉତ୍କଳମଣି ଗୋପବନ୍ଧୁଙ୍କ ସମ୍ପର୍କରେ ତାଙ୍କ ଆଲୋକପାତ ବହୁଦୃଷ୍ଟିରୁ ତାତ୍ପର୍ଯ୍ୟପୂର୍ଣ୍ଣ । 'ସମ୍ବୋଧ ଗୀତିକା'ରେ ତାଙ୍କ ନଦୀ ପ୍ରତି ସ୍ୱତନ୍ତ୍ର ଆକର୍ଷଣ ହୃଦୟସ୍ପର୍ଶୀ । ପଣ୍ଡିତ ଗୋଦାବରୀଶ ମିଶ୍ରଙ୍କ ସାଧନାମଗ୍ନ ସାହିତ୍ୟଶିଳ୍ପୀର ଉତ୍ସର୍ଗୀକୃତ ପ୍ରାଣ ଥିଲା ଅନୁରୂପ ଭାବରେ ଅନନ୍ୟ ।

ଭୁବନେଶ୍ୱର, ମୋ: ୭୦୭୭୫୫୩୭୦୭

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

# ପୁରୀ-ଲାଲ୍‌ଗଡ଼ ଏକ୍ସପ୍ରେସ ସମ୍ପ୍ରସାରଣର ଶୁଭାରମ୍ଭ

**ମହୋଦଧି ସହ ଯୋଡ଼ିହେବ ମରୁଭୂମି**

ପୁରୀ,୧୩।୮ (ସମିସ): ମହୋଦଧି ସହ ଯୋଡ଼ିହେବ ମରୁଭୂମି। ବଙ୍ଗୋପସାଗର ଅଞ୍ଚଳ ସହ ରାଜସ୍ଥାନର ଥର୍ ମରୁଭୂମି ଯୋଡ଼ିହେବ। ଏଭଳି ଏକ ଐତିହାସିକ ପଦକ୍ଷେପ ନେଇଛି ଭାରତୀୟ ରେଳବାଇ। ଓଡ଼ିଶା ଓ ରାଜସ୍ଥାନ ମଧ୍ୟରେ ସାଂସ୍କୃତିକ ଓ ଅର୍ଥନୈତିକ ଅଭିବୃଦ୍ଧି ପାଇଁ ପୁରୀ-ଲାଲଗଡ଼-ପୁରୀ ଏକ୍ସପ୍ରେସ ରାଜସ୍ଥାନର ଶ୍ରୀଗଙ୍ଗାନଗର ପର୍ଯ୍ୟନ୍ତ ସମ୍ପ୍ରସାରଣ ହୋଇଛି। ବୁଧବାର ଏହି ସମ୍ପ୍ରସାରିତ ଟ୍ରେନ୍‌କୁ ସବୁଜ ପତାକା ଦେଖାଇ ଶୁଭାରମ୍ଭ କରିଛନ୍ତି ପୁରୀ ସାଂସଦ ସମ୍ବିତ ପାତ୍ର ଓ ରାଜ୍ୟସଭା ସାଂସଦ ଶୁଭାଶିଷ ଖୁଣ୍ଟିଆ। ଏହି ଅବସରରେ ପୁରୀ ବିଧାୟକ ସୁନୀଲ କୁମାର ମହାନ୍ତି ଉପସ୍ଥିତ ଥିଲେ। ଖୋର୍ଦ୍ଧା ରୋଡ୍ ରେଳମଣ୍ଡଳର ମଣ୍ଡଳ ରେଳବାଇ ପ୍ରବନ୍ଧକ ଆଲୋକ ତ୍ରିପାଠୀ ଯୋଗଦେଇ ଜାତୀୟ ସଂହତି ଏବଂ ଗତିଶୀଳତାକୁ ପ୍ରୋତ୍ସାହିତ କରିବାରେ ଏହି ସମ୍ପ୍ରସାରଣର ଗୁରୁତ୍ୱ ଉପରେ ଆଲୋକପାତ କରିଥିଲେ। ଏହି ପଦକ୍ଷେପ ବଙ୍ଗୋପସାଗର କୂଳରେ ଥିବା ପୁରୀକୁ ରାଜସ୍ଥାନର ଥର୍ ମରୁଭୂମି ନିକଟରେ ଥିବା ଶ୍ରୀଗଙ୍ଗାନଗର ସହିତ ଓଡ଼ିଶା, ଛତିଶଗଡ଼, ମଧ୍ୟପ୍ରଦେଶ, ପଞ୍ଜାବ, ହରିଆଣା ଏବଂ ରାଜସ୍ଥାନରେ ବିସ୍ତୃତ ଏକକ ରେଳ କରିଡର ମାଧ୍ୟମରେ ସଂଯୋଗ କରୁଛି। ସାପ୍ତାହିକ ଏହି ଟ୍ରେନ୍‌ଟି ପ୍ରତି ବୁଧବାର ସକାଳ ୬ଟା ୩୫ରେ ପୁରୀ ଷ୍ଟେସନ୍ ଛାଡ଼ି ତା' ପରଦିନ ରାତି ୮ଟା ୩୫ରେ ରାଜସ୍ଥାନର ଶ୍ରୀଗଙ୍ଗାନଗର ଷ୍ଟେସନ୍‌ରେ ପହଞ୍ଚିବ। ପୁରୀ ଏବଂ ଶ୍ରୀଗଙ୍ଗାନଗର ଷ୍ଟେସନ ମଧ୍ୟରେ ଏହି ଟ୍ରେନ୍ ମାତ୍ର ୯ଟି ଷ୍ଟପେଜ୍‌ରେ ରହିବ। ଦେଶ ଗଠନ ସହ ରେଳ ସଂଯୋଗୀକରଣ କ୍ଷେତ୍ରରେ ଏହି ଟ୍ରେନ୍ ଏକ ପ୍ରମୁଖ ଭୂମିକା ନିର୍ବାହ କରିବ। ଟ୍ରେନ୍ ଶୁଭାରମ୍ଭ ଅବସରରେ ପୁରୀ ସାଂସଦ ସମ୍ବିତ ପାତ୍ର କହିଛନ୍ତି, ୧୬୨ କୋଟି ଟଙ୍କା ବ୍ୟୟରେ ପୁରୀ ବିଶ୍ୱସ୍ତରୀୟ ରେଳ ଷ୍ଟେସନର ନବୀକରଣ କରାଯିବ। ରାଜ୍ୟସଭା ସାଂସଦ ତଥା ରେଲ୍‌ୱେ ଷ୍ଟାଣ୍ଡିଂ କମିଟି ସଦସ୍ୟ ଶୁଭାଶିଷ ଖୁଣ୍ଟିଆ କହିଛନ୍ତି, ଶ୍ରୀମନ୍ଦିର ନିକଟରେ ରେଳବାଇ ତରଫରୁ ଏକ ଟିକଟ୍ କାଉଣ୍ଟର କରିବାକୁ ରେଳ ବିଭାଗକୁ ପ୍ରସ୍ତାବ ଦିଆଯାଇଛି। ପୂର୍ବାଞ୍ଚଳ ଏବଂ ଉତ୍ତର ପଶ୍ଚିମାଞ୍ଚଳ ମଧ୍ୟରେ ରେଳ ସଂଯୋଗୀକରଣ କ୍ଷେତ୍ରରେ ଏହି ଟ୍ରେନ୍ ଏକ ମାଇଲଖୁଣ୍ଟ ପାଲଟିବା ସହ ଯାତ୍ରୀଙ୍କୁ ସୁଖଦ ଅନୁଭୂତି ଦେଇପାରିବ। ଏହି ଅବସରରେ ହର୍ ଘର୍ ତିରଙ୍ଗା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।



## ଋଣ ଚାପ: ବିଷ ପିଇଲେ ଚାଷୀ

ଟିଟିଲାଗଡ଼, ୧୩।୮ (ସମିସ): ବଲାଙ୍ଗିର ଜିଲ୍ଲା ଟିଟିଲାଗଡ଼ ବ୍ଲକ୍ କଣ୍ଡରା ଗାଁର ଚାଷୀ ଦୁର୍ଗାଚରଣ ଭୋଇ ବିଷପିଇ ଆତ୍ମହତ୍ୟା କରିଛନ୍ତି। ଚାଷରେ କ୍ଷତି ହେବାରୁ ମାନସିକ ଭାରସାମ୍ୟ ହରାଇ ସେ ଏପରି କରିଥିବା ପରିବାର ପକ୍ଷରୁ ଅଭିଯୋଗ ହୋଇଛି। ଦୁର୍ଗାଚରଣ ଗ୍ରୁପରଣ ଆଣି ଚାଷରେ ଲଗାଇଥିଲେ। ଚାଷରେ କ୍ଷତି ହେବା ଦେଖି ମାନସିକସ୍ତରରେ ଭାଙ୍ଗିପଡି ବିଷ ପିଇ ଦେଇଥିଲେ। ତାଙ୍କୁ ପ୍ରଥମେ ଟିଟିଲାଗଡ଼ ମେଡିକାଲ ଏବଂ ପରେ ଅବସ୍ଥା ଗୁରୁତର ହେବାରୁ ଭବାନୀପାଟଣା ମେଡିକାଲକୁ ସ୍ଥାନାନ୍ତରିତ କରିବା ବେଳେ ଅଧାବାଟରେ ତାଙ୍କର ମୃତ୍ୟୁ ହୋଇଥିବା ମୃତ ଚାଷୀଙ୍କ ଭାଇ ଭାସ୍କର ଭୋଇ ସୂଚନା ଦେଇଛନ୍ତି।

## ମଦ ପିଆଇ ହାଣିଦେଲେ

କୋଦଳା, ୧୩।୮ (ସମିସ): ପୁଣି ଅଶାନ୍ତ ଗଞ୍ଜାମ। ଜିଲ୍ଲାରେ ଅପରାଧ କମିବାର ନାଁ ନେଉନି। ବୁଧବାର ବେଗୁନିଆପଡ଼ା ଥାନା ସୋରଡ଼ାପଲ୍ଲୀରେ ଘଟିଛି ଏକ ଜଘନ୍ୟ ହତ୍ୟାକାଣ୍ଡ। ସାଙ୍ଗହୋଇ ତିନିଜଣ ମଦପିଇ କୋଦାଳ ଓ ଅନ୍ୟାନ୍ୟ ଧାରୁଆ ଅସ୍ତ୍ରରେ ଆକ୍ରମଣ କରି ସେହି ଗ୍ରାମର କୈଳାସ ଶବରଙ୍କୁ ହତ୍ୟା କରିଛନ୍ତି। ପ୍ରଥମେ କୋଦାଳରେ ମୁଣ୍ଡକୁ ହାଣିବା ପରେ ଧାରୁଆ ଅସ୍ତ୍ରରେ ବେକକୁ କାଟି ଦେଇଛନ୍ତି। ଅଭିଯୁକ୍ତଙ୍କ ମଧ୍ୟରୁ ଜଣେ ଶ୍ରୀକ୍ଷେତ୍ର ଶବର ବେଗୁନିଆପଡା ଥାନାରେ ଆତ୍ମସମର୍ପଣ କରିଥିବା ବେଳେ ଅନ୍ୟ ଦୁଇଜଣ ଫେରାର ଅଛନ୍ତି। ବେଗୁନିଆପଡା ଥାନା ଅଧିକାରୀ ଭଗବାନ ପୂଜାରୀଙ୍କ ନେତୃତ୍ୱରେ ପୁଲିସ ଛାନଭିନ ଜାରି ରଖିଛି।

## ବ୍ୟବସ୍ଥାଗତ ବିଫଳତାକୁ ସ୍ୱୀକାର କଲେ ସରକାର: ବିଜେଡି

**୨୦୨୩ରୁ କାର୍ଯ୍ୟକ୍ଷମ ହୋଇସାରିଛି ମୁଖ୍ୟମନ୍ତ୍ରୀ ଡ୍ୟାସ୍‌ବୋର୍ଡ**

ଭୁବନେଶ୍ୱର,୧୩।୮ (ସମିସ): ଲୋକସେବା ଭବନରେ ଅନୁଷ୍ଠିତ ସଚିବସ୍ତରୀୟ ବୈଠକରେ ମୁଖ୍ୟ ଶାସନ ସଚିବ ୧୦ଟି ଦିଗ ଉପରେ ଗୁରୁତ୍ୱ ଦେଇଥିଲେ। ଯେଉଁଥିରେ ରାଜ୍ୟ ସରକାରଙ୍କ ୧୪ ମାସର ବ୍ୟବସ୍ଥାଗତ ବିଫଳତାକୁ ସ୍ୱୀକାର କରାଯାଇଛି ବୋଲି ବିଜେଡି ପକ୍ଷରୁ କୁହାଯାଇଛି। ଦଳର ମୁଖପାତ୍ର ତଥା ଗଣମାଧ୍ୟମ ସଂଯୋଜକ ଡ. ଲେନିନ୍ ମହାନ୍ତି କହିଛନ୍ତି ଯେ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟରୁ ଆସିଥିବା ୟୁଆଇ ନୋଟର ତୁରନ୍ତ ଉତ୍ତର ଓ ନିଆଯାଇଥିବା ପଦକ୍ଷେପ ସଂପର୍କିତ ତଥ୍ୟ ରଖିବାକୁ ମୁଖ୍ୟ ଶାସନ ସଚିବଙ୍କ ନିର୍ଦ୍ଦେଶ ଦେଇଛନ୍ତି। ଏଥିରୁ ସ୍ପଷ୍ଟ ଜଣାପଡୁଛି ଯେ ଏହି ସରକାରରେ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ ମଧ୍ୟ ସଠିକ୍ ଭାବେ କାର୍ଯ୍ୟକାରୀ ହେଉନାହିଁ।

ଜିଲ୍ଲାସ୍ତରୀୟ ସମସ୍ତ କାର୍ଯ୍ୟାଳୟରେ ଏଆଇ କ୍ୟାମେରା ଲଗାଇବା ନିଷ୍ପତ୍ତିକୁ ନେଇ ମଧ୍ୟ ବିଜେଡି ପ୍ରଶ୍ନ କରିଛି। ପୁରୀ ରଥଯାତ୍ରାରେ ସରକାର ୨୪୩ଟି ଏଆଇ କ୍ୟାମେରା ଲଗାଇଥିଲେ। ଏହା ସତ୍ୱେ ରଥଯାତ୍ରରେ ବ୍ୟାପକ ଅବ୍ୟବସ୍ଥା ହେଲା। ଏଣୁ ଏଆଇ କ୍ୟାମେରା ଲଗାଇବାର ଫଳ କ'ଣ ହେଲା ରାଜ୍ୟବାସୀ ଦେଖିଛନ୍ତି। ଲୋକଙ୍କୁ ସେବା ପ୍ରଦାନରେ ବିଳମ୍ବର ଅନୁଧାନ କରାଯିବ ବୋଲି ସରକାର କହିଛନ୍ତି। ଏହାର ଅର୍ଥ ଲୋକମାନେ ସାଧାରଣ ସେବା ପାଉ ନାହାନ୍ତି ବୋଲି ପ୍ରରୋକ୍ଷରେ ସରକାର ସ୍ୱୀକାର କରିଛନ୍ତି। ସେହିପରି ୨୦୨୩ ମେ' ମାସରୁ ମୁଖ୍ୟମନ୍ତ୍ରୀ ଡ୍ୟାସବୋର୍ଡ କାର୍ଯ୍ୟକ୍ଷମ ହୋଇସାରିଥିଲେ ମଧ୍ୟ ବର୍ତ୍ତମାନ ସରକାର ଆଗାମୀ ଅକ୍ଟୋବର ମାସରୁ ଏହା ଆରମ୍ଭ କରାଯିବ ବୋଲି କହିବା ଅତ୍ୟନ୍ତ ଦୁର୍ଭାଗ୍ୟଜନକ। କ୍ଷମତାକୁ ଆସିବାର ୧୪ ମାସ ପରେ କେନ୍ଦ୍ରୀୟ ସ୍କିମ୍ ସଠିକ ଭାବେ କାର୍ଯ୍ୟ କରୁନାହିଁ ବୋଲି ସରକାର ବୁଝି ପାରିଛନ୍ତି। ପୂର୍ବରୁ ବିଜେଡି କରିଥିବା ଏହି ଅଭିଯୋଗ କରି ଆସୁଥିଲା, ଆଜି ଏବର ସରକାର ତାହାକୁ ସ୍ୱୀକାର କରିଛନ୍ତି। କ୍ଷେତ୍ର ପରିଦର୍ଶନ ସଂପର୍କରେ ମୁଖ୍ୟ ଶାସନ ସଚିବ ଗୁରୁତ୍ୱ ଦେବା ବିଜେଡି ସରକାରଙ୍କ ୫-ଟି କାର୍ଯ୍ୟକ୍ରମକୁ ପୁଣି ସ୍ମରଣ କରାଇ ଦେଇଛି। କ୍ଷମତାକୁ ଆସିବା ପରେ ବିଜେପି ସରକାର ବନ୍ଦ କରିଦେଇଥିବା ବିଜେଡି ସରକାରଙ୍କ ୫-ଟି କାର୍ଯ୍ୟକ୍ରମ ଅନ୍ତର୍ଗତ ରିଅଲ ଟାଇମ ମନିଟରିଂକୁ ବର୍ତ୍ତମାନ ପୁଣି ସରକାର ଆରମ୍ଭ କରିବାକୁ ଯାଉଛନ୍ତି। ତେଣୁ ନବୀନ ବାବୁଙ୍କ ନେତୃତ୍ୱରେ ବିଜେଡି ସରକାର ଦେଖାଇଥିବା ରାସ୍ତାରେ ଅଗ୍ରସର ହେବାକୁ ବିଜେପି ସରକାର ବାଧ୍ୟ ହୋଇଛନ୍ତି ବୋଲି ଲେନିନ କହିଛନ୍ତି।

## ମେସ୍‌ରେ ଝୁଲିପଡ଼ିଲେ ଛାତ୍ରୀ

କେନ୍ଦୁଝର,୧୩।୮ (ସମିସ): କେନ୍ଦୁଝର ଧରଣୀଧର ବିଦ୍ୟାଳୟ ନିକଟସ୍ଥ ଏକ ଘରୋଇ ମେସ୍‌ରେ ଜଣେ ଛାତ୍ରୀ ବେକରେ ଓଢ଼ଣୀ ଲଗାଇ ଆତ୍ମହତ୍ୟା କରିଛନ୍ତି। ଛାତ୍ରୀ ଜଣଙ୍କ ଧରଣୀଧର ବିଶ୍ୱ ବିଦ୍ୟାଳୟର ଆନ୍ଥ୍ରୋପୋଲୋଜି ବିଭାଗର ପ୍ରଥମ ବର୍ଷର ପିଜି ଛାତ୍ରୀ ବୋଲି ଜଣାପଡ଼ିଛି। ପୁଲିସ୍ ପହଞ୍ଚି ଛାତ୍ରୀଙ୍କ ଝୁଲନ୍ତା ମୃତଦେହ ଜବତ କରିଥିବା ବେଳେ, ତେବେ ସେ କେଉଁ ପରିସ୍ଥିତିରେ ବେକରେ ଓଢ଼ଣୀ ଲଗାଇ ଆତ୍ମହତ୍ୟା କରିଛନ୍ତି, ତାହା ଅଧିକ ତଦନ୍ତରୁ ଜଣାପଡ଼ିବ ବୋଲି ପୁଲିସ୍ କହିଛି। ଆତ୍ମହତ୍ୟା କରିଥିବା ଛାତ୍ରୀଙ୍କ ଘର ଆନନ୍ଦପୁର ଉପଖଣ୍ଡ ନନ୍ଦିପଦା ଥାନା ଅଞ୍ଚଳର। ସେ ମାସେ ହେବ ଏହି ଘରୋଇ ମେସରେ ରହୁଥିବା ମେସର ମାଲିକ ସୂଚନା ଦେଇଛନ୍ତି। ବୁଧବାର ୧୧ଟା ବେଳେ କ୍ଲାସ ଥିବାବେଳେ ସେ ଯାଇ ନଥିଲେ ଏବଂ ପରେ ଆତ୍ମହତ୍ୟା କରିଥିବା କୁହାଯାଉଛି। ଆତ୍ମହତ୍ୟାର କାରଣ ଅସ୍ପଷ୍ଟ ରହିଛି। ଘଟଣାସ୍ଥଳରେ କେନ୍ଦୁଝର ଏସ୍‌ପି, ଆଡିସନାଲ ଏସ୍‌ପିଙ୍କ ସହ ବରିଷ୍ଠ ପୁଲିସ ଅଧିକାରୀମାନେ ପହଞ୍ଚି ତଦନ୍ତ ଆରମ୍ଭ କରିଛନ୍ତି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ସଂଘକୁ ସରକାରଙ୍କ...

ଚିଠିରେ ମଧ୍ୟ ଅନୁରୂପ କଥା ଉଲ୍ଲେଖ ରହିଛି । ଅନଧିକୃତ ଭାବରେ ଅନୁପସ୍ଥିତ କର୍ମଚାରୀମାନଙ୍କୁ କାରଣ ଦର୍ଶାଅ ନୋଟିସ ଜାରି ସହ ସେମାନଙ୍କର ଦରମା ସ୍ଥଗିତ ରଖିବାକୁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ସେମାନଙ୍କ ଅନୁପସ୍ଥିତି ଅବଧିକୁ ସେବା ବିରତି ଭାବରେ ବିବେଚନା କରାଯିବ ଏବଂ ସମ୍ପୃକ୍ତ କର୍ମଚାରୀଙ୍କ ସେବା ପୁସ୍ତିକାରେ ମଧ୍ୟ ଏହା ରେକର୍ଡ କରାଯିବ। ଏହା ବ୍ୟତୀତ ସମ୍ପୃକ୍ତ କର୍ମଚାରୀମାନଙ୍କ ବିରୋଧରେ ସେବା ସର୍ତ୍ତାବଳୀ ଏବଂ ଆଚରଣର ଉଦ୍ଦେଶ୍ୟମୂଳକ ଏବଂ ଗମ୍ଭୀର ଉଲ୍ଲଂଘନ ପାଇଁ ଦୃଢ଼ ଶୃଙ୍ଖଳାଗତ କାର୍ଯ୍ୟାନୁଷ୍ଠାନ ଆରମ୍ଭ କରିବାକୁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି।

ଅପରପକ୍ଷରେ ରାଜସ୍ୱ ବିଭାଗ ଓ ମନ୍ତ୍ରୀଙ୍କ ନାଲିଆଖିକୁ ସଂଘ ଡ଼ରିବ ନାହିଁ ବୋଲି ଘୋଷଣା କରିଛି। ସଂଘ ପକ୍ଷରୁ କୁହାଯାଇଛି ଯେ ଗଣତାନ୍ତ୍ରିକ ରାଷ୍ଟ୍ରରେ କେହି କାହାକୁ ଚେତାବନୀ ଦେଇପାରିବେ ନାହିଁ। ସରକାରଙ୍କର ଆମେ ପରିବାର ଲୋକ। ତେଣୁ ଆମକୁ ଡାକିକି ଆଲୋଚନା କରିବା ପରେବର୍ତ୍ତେ ଦରମା ବନ୍ଦ ଓ ନାଲି ଆଖି ଦେଖାଇବାକୁ ଯେଉଁ ଉଦ୍ୟମ ହୋଇଛି, ସେଥିରେ ସଂଘ ପଛକୁ ହଟିବ ନାହିଁ। ବାରମ୍ବାର ପ୍ରତିଶୃତି ପରେ ମଧ୍ୟ ରାଜସ୍ୱ ଅମଲାଙ୍କ ନ୍ୟାଯ୍ୟ ଦାବି ପୂରଣ ହୋଇପାରୁ ନାହିଁ। ସେଥିପାଇଁ ସଂଘ ଆନ୍ଦୋଳନାତ୍ମକ ପନ୍ଥା ଆପଣାଇଛି। ଏହା ପୂର୍ବରୁ ସରକାରଙ୍କ ସହ ଆଲୋଚନା ହୋଇଥିଲା। ପ୍ରତିଶୃତି ପୂରଣ ପାଇଁ ସମୟସୀମା ମଧ୍ୟ ଦିଆଯାଇଥିଲା। ଏହା ସତ୍ତ୍ୱେ ଦାବି ପୂରଣ ହେଉନାହିଁ। ଯେପର୍ଯ୍ୟନ୍ତ ସରକାର ସଂଘର ଦାବି ପୂରଣ କରି ନାହାନ୍ତି ସେ ପର୍ଯ୍ୟନ୍ତ ଆନ୍ଦୋଳନ ବଳବତ୍ତର ରହିବ ବୋଲି ସଂଘ ପକ୍ଷରୁ କୁହାଯାଇଛି।

### ୭ ପ୍ରସ୍ତାବକୁ...

ସଂସ୍ଥାରେ ଏଲଇଡି ସାର୍ବଜନୀନ ଷ୍ଟ୍ରିଟ ଲାଇଟ ପ୍ରକଳ୍ପ କାର୍ଯ୍ୟାନ୍ୱୟନ ପ୍ରସ୍ତାବକୁ ମଧ୍ୟ କ୍ୟାବିନେଟ ଅନୁମୋଦନ ଦେଇଛି। ଏଥିପାଇଁ ମୋଟ ୩୫୦ କୋଟି ଟଙ୍କା ବ୍ୟୟବରାଦ କରାଯାଇଛି। ତନ୍ମଧ୍ୟରୁ ଓଡ଼ିଶା ସହରାଞ୍ଚଳ ଭିତ୍ତିଭୂମି ବିକାଶ ପାଣ୍ଠି ନିକଟରେ ଉପଲବ୍ଧ ଥିବା ୧୫୦ କୋଟି ଟଙ୍କା ବର୍ତ୍ତମାନ ଉପଯୋଗ କରାଯାଉଛି। ଅବଶିଷ୍ଟ ୨୦୦ କୋଟି ଟଙ୍କା ପାଇଁ ଓଡ଼ିଶା ସହରାଞ୍ଚଳ ଭିତ୍ତିଭୂମି ବିକାଶ ପାଣ୍ଠିରୁ ଉପଲବ୍ଧ ଥିବା ୨୦୦ କୋଟି ଟଙ୍କା ପର୍ଯ୍ୟନ୍ତ ପାଣ୍ଠି ବ୍ୟବହାର ହେବ। ଅନୁରୂପ ଭାବରେ ଭୁବନେଶ୍ୱର ବିଜୁ ପଟ୍ଟନାୟକ ଅନ୍ତର୍ଜାତୀୟ ବିମାନବନ୍ଦରରେ ଏକ ବିଶ୍ୱସ୍ତରୀୟ ବିମାନ ଚଳାଚଳ ମେଣ୍ଟେନାନ୍ସ, ରିପେୟାର ଆଣ୍ଡ ଓଭରହାଲ(ଏମ୍‌ଆରଓ) ସୁବିଧା ପ୍ରତିଷ୍ଠାକୁ କ୍ୟାବିନେଟ୍ ଅନୁମୋଦନ ଦେଇଛି। ଏହି ପ୍ରକଳ୍ପରେ ଭାରତର ସବୁଠାରୁ ପୁରୁଣା ଓ ବଡ଼ ତୃତୀୟ-ପକ୍ଷ ଏମଆରଓ ପ୍ରଦାନକାରୀ ମେସର୍ସ ଏୟାର ୱାର୍କସ ଇଣ୍ଡିଆ (ଇଞ୍ଜିନିୟରିଂ) ପ୍ରାଇଭେଟ ଲିମିଟେଡକୁ ମୁଖ୍ୟ ନିବେଶକ ଭାବେ ଚୟନ କରାଯାଇଛି। ସେହିପରି ସମ୍ବଲପୁର, ହୀରାକୁଦ ଓ ବୁର୍ଲା ସହରରେ ୨୪ଘଣ୍ଟିଆ ପାନୀୟ ଜଳ ଯୋଗାଣ ପାଇଁ ଏକ ବଡ଼ ପ୍ରକଳ୍ପକୁ କ୍ୟାବିନେଟ ଅନୁମୋଦନ ଦେଇଛି । ୩୮୨.୪୦ କୋଟି ଟଙ୍କା ବ୍ୟୟରେ ଏହି ପ୍ରକଳ୍ପ ମହାରାଷ୍ଟ୍ରର ଏମ/ଏସ ଇଗଲ ଇନଫ୍ରା ଇଣ୍ଡିଆ ଲିମିଟେଡ ଦ୍ୱାରା କାର୍ଯ୍ୟକାରୀ ହେବ। ଏହି କାର୍ଯ୍ୟ ସେପ୍ଟେମ୍ବର ୧ ତାରିଖରୁ ଆରମ୍ଭ ହୋଇ ୨୦୨୭ ମସିହା ଅଗଷ୍ଟ ୩୧ ତାରିଖ ସୁଦ୍ଧା ଶେଷ ହେବ। ପୁନଶ୍ଚ ଓଡ଼ିଶା ନର୍ସିଂ ଶିକ୍ଷା ସେବା ନିୟମାବଳୀ, ୨୦୨୫ ତିଆରି ପାଇଁ ଉପସ୍ଥାପିତ ପ୍ରସ୍ତାବକୁ ମଧ୍ୟ କ୍ୟାବିନେଟରେ ଅନୁମୋଦନ ମିଳିଛି। ଏହା ଗଠନ ହେବା ଦ୍ୱାରା ଏହି କ୍ୟାଡର ଅଧିନରେ ଖାଲି ପଡ଼ିଥିବା ମୂଳ ଟ୍ୟୁଟର ପଦବୀ ଗୁଡ଼ିକ ପୂରଣ କରାଯାଇପାରିବ ଏବଂ ଯୋଗ୍ୟ ଅଧ୍ୟାପକଙ୍କୁ ପରବର୍ତ୍ତୀ ଉଚ୍ଚ ପଦବୀକୁ ପଦୋନ୍ନତି ଦିଆଯାଇପାରିବ। ଏହାଦ୍ୱାରା ଓଡ଼ିଶାରେ ନର୍ସିଂ ଶିକ୍ଷା ଦୃଢ଼ୀଭୂତ ହୋଇପାରିବ । ଏହାବ୍ୟତୀତ ଓଡ଼ିଶା ଅମଲା ସେବା ନିୟମାବଳୀ ୨୦୨୫କୁ କ୍ୟାବିନେଟ ଅନୁମୋଦନ ମିଳିଛି ଏହା କମର୍ସିଆଲ ଟ୍ୟାକ୍ସ ଓ ଜିଏସଟି ସଂଗଠନରେ ଜିଲ୍ଲା ମିନିଷ୍ଟେରିଆଲ କ୍ୟାଡର ପାଇଁ ସ୍ୱତନ୍ତ୍ର ନିଯୁକ୍ତି ନିୟମ ପ୍ରଣୟନ କରିବ। ଏହି କ୍ୟାଡରରେ ଜୁନିଅର ଆସିଷ୍ଟାଣ୍ଟଙ୍କଠାରୁ ଏଷ୍ଟାବଲିସମେଣ୍ଟ ଅଫିସର ପର୍ଯ୍ୟନ୍ତ ବିଭିନ୍ନ ପଦବୀ ରହିବ । ୮୦ ପ୍ରତିଶତ ଜୁନିଅର ଆସିଷ୍ଟାଣ୍ଟ ପଦବୀ ସିଧାସଳଖ ନିଯୁକ୍ତି ଦ୍ୱାରା ଓ ୨୦ ପ୍ରତିଶତ ଗ୍ରୁପ-ଡି କର୍ମଚାରୀଙ୍କଠାରୁ ପଦୋନ୍ନତି ମାଧ୍ୟମରେ ପୂରଣ ହେବ। ରାଜ୍ୟର ସଂଗ୍ରହାଳୟ ଗୁଡ଼ିକର ସୁପରିଚାଳନା ଓ ସମନ୍ୱୟ ପାଇଁ ରାଜ୍ୟରେ ଏକ ସ୍ୱତନ୍ତ୍ର ସଂଗ୍ରହାଳୟ ନିର୍ଦ୍ଦେଶାଳୟ ସ୍ଥାପନ ପାଇଁ ରାଜ୍ୟ କ୍ୟାବିନେଟ ଗତ ୨୦୨୩ ମସିହା ଅକ୍ଟୋବର ୧୯ ତାରିଖରେ ନିଷ୍ପତ୍ତି ନେଇଥିଲେ। ତଦନୁଯାୟୀ ଏହି ନିର୍ଦ୍ଦେଶାଳୟର ପରିଚାଳନା ପାଇଁ କ୍ୟାଡର ନିୟମାବଳୀକୁ କ୍ୟାବିନେଟ ଅନୁମୋଦନ ଦେଇଛି। ଏଥିରେ ମୋଟ ୪୦ଟି ପଦବୀ ରହିବ ବୋଲି ଜଣାପଡ଼ିଛି।


**SALE**

1 Number of TRACTOR – MAHINDRA 605 DI ARJUN NOVO-50 HP 4 WD/ 2023, Registration No.- OD-11-AB-8519, Model-2023, ENGINE NO – NMJ4WBE0028, CHASSIS NO -MBNWHBDWFMNJ01002, For Details, contact – 7978329379, 8280406596, SUNDARAM FINANCE LTD., 2ndFloor, Mishra Complex , INFRONT OF SATYASAI SCHOOL, BARIPADA, MAYURBHANJ, 757001, PH. NO-06792-253348

**AFFIDAVIT**

I, Dinesh Chandra Khimji Nanda S/o Khimji Dayabhai, Resident At Plot No-515, Ambika House, BJB Nagar, PS-Badagada, Bhubaneswar, Dist-Khordha PIN-751014, Odisha declare by this affidavit No.7138 dated 13.08.2025 that now onwards I shall be known as **DINESH KHIMJI** for all future purposes.

**AFFIDAVIT**

By virtue of an affidavit sworn before Notary Public Bhubaneswar, on dated 12.08.2025, I Basanti Behera resident at Qr.No- Type-II/A, Census Campus Colony, Bhoinagar,Bhubaneswar Khurdha, PIN-751022 , declare that I have changed the name of my Son from Badal Behera to Badal Naik . Henceforth, He shall be known as **BADAL NAIK** for all future purposes.

BASANTI BEHERA

**AFFIDAVIT**

By virtue of an affidavit sworn before Executive Magistrate, Pipili, AF.NO-2975, dated 12-08-2025 I, **Dhadu Swain,** permanent resident of Village At- Maligaon, PO- Sadangoi, PS-Delang, Dist- Puri, State- Odisha, PIN- 752015, declare that I have changed my name from **DHADIA SWAIN** (Old name) to **DHADU SWAIN** (New name), Henceforth, I shall be known as **DHADU SWAIN** for all purposes.

Sd-( Dhadu Swain )

**AFFIDAVIT**

By virtue of an affidavit sworn before Notary public Bhubaneswar on dated, 12.08.2025, I Krushna Das resident At-Khurtia Sahi, Po-Balisahi, Dist-Puri, Odisha, PIN-752001 declare that I have changed my name from Krushnachandra Das to Krushna Das. Henceforth, He shall be known as **KRUSHNA DAS** for all future purposes.

KRUSHNA DAS

**AFFIDAVIT**

By virtue of an affidavit sworn before Executive Magistrate, Nandapur, Dist.- Koraput, I Kamalu Krishani, S/o- Late Dhan Krishani, resident of Vill./Po.- Kularsing, Ps.-Padwa, Dist.- Koraput, Odisha, Pin- 764038 state that, I have changed my name from **Kamala Lochan Kirsani** to **Kamalu Krishani**. Henceforth I shall be known as **Kamalu Krishani** for all future purposes.

**AFFIDAVIT**

By virtue of an affidavit sworn before Notary Public, Bargarh vide No. 504 dated 12.08.2025 I Sankalp Sarangi, S/o- Sanjib Kumar Sarangi resident of Ward No.9, Bandutikira, Bargar, Po./Ps./Dist.- Bargarh state that, in my voter I. Card my name has been mentioned as Sankalp Sarangi but in my Aadhar Card my name has been mentioned as Sankalpa Sarangi. Both the names **Sankalp Sarangi** and **Sankalpa Sarangi** is of same and one person.

**AFFIDAVIT**

By virtue of an affidavit sworn before Executive Magistrate, Jatni, AF.NO-07, dated 12-08-2025 I, **Abdul Rauf Khan,** S/o Abdul Ishaque Khan, permanent resident of At- Raja Bazar, Fakada Basti (Part) PO- Jatni, PS-Jatni, Dist- Khordha, State- Odisha, PIN- 752050, declare that I have changed my name from **RAUF KHAN** (Old name) to **ABDUL RAUF KHAN** (New name), Henceforth, I shall be known as **ABDUL RAUF KHAN** for all purposes.

Sd-( ABDUL RAUF KHAN )

**AFFIDAVIT**

I, Kajipopy Khatun, D/O- Kazi Sorabuddin, residence of Vill: Barbil, Ward No- 07, PO/PS: Barbil, Dist: Keonjhar, Pin- 758035, Odisha, India, declare by this affidavit No- 02 dated 07.08.2025 that now onwards I shall be known as **Popy Mondal** for all future purposes.

**AFFIDAVIT**

I, **Ashis Kumar Sahu**, S/o Gouranga Chandra Sahu, resident of HIG-1/77, BDA Colony, Kapilaprasad, Bhubaneswar - 751002 by affidavit No- 503, dtd-12/08/2025 state that my father's name is recorded as Gouranga Chandra Sahu in PAN, but in my HSC Certificate it is reflected as Gouranga Charan Sahu. **Gouranga Chandra Sahu** & **Gouranga Charan Sahu** refer to one and same person. The correct legal name of my father is **Gouranga Chandra Sahu** for all purposes.

Sd- ( Ashis Kumar Sahu )

**AFFIDAVIT**

I, Prasana Kumar Rout, S/o- Bhikari Charan Rout, resident of At-Duburi, Po- Duburi, Dist-Jajpur, PIN- 755026, Odisha declared by this affidavit No. 882, dtd-05/06/2024 that now onwards I shall be known as **PRASANNA KUMAR ROUT** for all future purposes.

**AFFIDAVIT**

By virtue of an affidavit before The Notary Public, Titilagarh, on dated-12/08/2025. I, **Arjuna Pradhani** (Applicant name), S/O- Purnananda Pradhani, Permanent resident of At-Tentulipada, P.O. Katarkela, P.S. Titilagarh, Dist- Balangir, (Odisha), PIN- 767033, now residing at the same place affirm that I have changed my minor daughter's name from **Pihoo Pradhani** (old name) to **Pihu Pradhani** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion she will be known as **Pihu Pradhani** (new name).

**Arjuna Pradhani**

**AFFIDAVIT**

I, Shantanu Sarkar, aged about 38 years, S/o- Sudhansu Sekhar Behera, resident of At- DDL-1145, Phase-2, Housing Board Colony, Dumduma, Ps-Khandagiri, Bhubaneswar, Dist- Khurda, Odisha, Pin-751019 declare by this affidavit No. 1616, dtd-13/08/2025, that now onwards I shall be known as **SANTANU SARAKAR** for all future purposes.

**AFFIDAVIT**

By virtue of an affidavit sworn before the Executive Magistrate, Pattamundai on Dt. 30/072025. I **Sushil Kumar Sahu,** S/o- Gouranga Charan Sahu, resident of Village- Gangarampur, Po-Jaria, P.S/Tahasil- Pattamundai, Dist-Kendrapada, Odisha. My Name has been mentioned **Sushil Sahoo** instead of **Susil Kumar Sahu** in postal savings account No- 010010882445 of Jaria Post Office branch. I declare that my self **Susil Kumar Sahu** and **Sushil Sahoo** is one and same person for all purposes.

**Sushil Kumar Sahu**

**AFFIDAVIT**

I, Sidhee Mangaraj, aged about 31 years, W/o- Sumit Kumar Mangaraj, resident of At- Kudiary, Dolamandap Sahi, Street No- 30Q, Ward No- 23, Ps-Jatni, Dist- Khurda, Odisha, Pin- 752050 declare by this affidavit No. 1606, dtd. 12/08/2025, that now onwards I shall be known as **SIDHEE** for all future purposes.

**AFFIDAVIT**

I, Susama Panda, aged about 41 years, W/o- Muna Panda, resident of At-Bajarakbati Road, Professor pada, College Chhak, Near Chandraloka Apartment, Cuttack, PO- College Square, Dist- Cuttack, PIN-753003, Odisha declare by this affidavit No. 1617, dtd-13/08/2025, that now onwards I shall be known as **SUSHAMA PANDA** for all future purposes.

**AFFIDAVIT**

I, Shaikh Rahim Bakhas, S/o- Late Shaikh Ibrar Bakhas, resident of At/Po-Gop, Ps- Gop, Dist- Puri, PIN- 752110, Odisha declared by this affidavit No-2921, dtd-19/07/2025 that now onwards I shall be known as **SK RAHIM BAKHAS** for all future purposes.

**AFFIDAVIT**

I, Suryamani Barik, H/o- Puspa Nayak, resident of At- L-345, Phase-4, HB Colony, Dumduma, Bhubaneswar, Dist-Khurda, PIN- 751019, Odisha declared by this affidavit No. 640, dtd-11/08/2025 that now onwards I shall be known as **SURYAMANI BARICK** for all future purposes.


**FORM No.1**
**SUMMONS/NOTICES FOR SERVICE BY ADVERTISEMENT IN NEWSPAPER**
(Order - 5 Rule 20)
(Succession Case)
**IN THE HON'BLE COURT OF THE CIVIL JUDGE SENIOR DIVISION, KORAPUT**
**I.C case No.01/2025**

**Application for grant of Succession Certificate**
**Indrani Namdeo & 2 others** ... Petitioners
Vs
**Relationship Mangeer, Retail Sales**
**ICICI Prudential Assy. Management Company Limited & others** ... Opposite Parties

Notice:
To
1. Relationship Manager, Retail Sales, ICICI Prudential Asset Management Company Limited, At; Ground Floor, Dharma Nagar, lane 5Berhampur, Dist; Ganjam, Odisha, PIN: 760002
2. Manager, Retail sales, ICICI Prudential Asset Manager, Po/Ps: SemiligudaDist; Koraput
3. Rambhubati, aged about 62 Years,S/O; Bhingu Saanta,Vill; Gopabandu Nagar, PO/Ps; Semiliguda, Dist; Koraput,

General Public

WHEREAS the petitioners Indrani Namdeo & 2 others have filed the above petition before this Court for the grant of succession certificate regarding the assets left by the deceased, (Ramayan Prasad Namdeo, S/O; Chooteal Namdeo of Gopabandu Nagar, Semiliguda, Po/Ps; Semiliguda, Dist; Koraput) who died on 22.8.2020.

Notice is issued in the name of respondent(s) that in case anybody has any objection for grant of succession certificate, he/she can file objection to the same on or before 06.09.2025, failing which the petition will be decided in accordance with law.

Given under my hand and seal of the Court, this **08th day of Aug, 2025.**

**Civil Judge (Sr. Division),Koraput.**

eMail: se_nerwkjr@rediffmail.com O-586

**GOVT. OF ODISHA**
**OFFICE OF THE CHIEF CONSTRUCTION ENGINEER**
**RURAL WORKS CIRCLE: KEONJHAR**
*****
**No. 3204/Date 12.08.2025**

**1st Corrigendum Notice**

Under unavoidable circumstances, **the availability of tender online for bidding & opening of Technical Bids** of the tender invited vide eProcurement Notice No. 3001 Dtd: 22.07.2025 / Bid Identification No. **NCB-10 / RWCKJR / 2025-26** of Chief Construction Engineer, Rural Works Circle, Keonjhar is hereby rescheduled as below.

| Procurement Officer | Bid Identification No. | Availability of tender Online for bidding | | Last Date & Time of seeking Tender Clarification | Date & Time of Opening of Tender in O/o C.C.E., R.W. Circle, Keonjhar. | |
|---|---|---|---|---|---|---|
| | | From | To | | Technical Bid | Financial Bid |
| 1 | 2 | 3 | 4 | 5 | 6 | 7 |
| Chief Construction Engineer, Rural Works Circle, Keonjhar | NCB-10 / RWCKJR / 2025-26 | Dt.30.07.25 at 11.00 A.M. | Dt.29.08.25 up to 5.00 P.M. | Dt.26.08.25 up to 5.00 P.M. | Dt.30.08.25 at 11.00 A.M. | Will be intimated later |

All other contents remain unchanged.
OIPR-25177/11/0084/2526

Chief Construction Engineer,
R.W. Circle, Keonjhar.

**PM SHRI SCHOOL JAWAHAR NAVODAYA VIDYALAYA, TARBHA, DIST: SONEPUR (ODISHA)**
(MINISTRY OF EDUCATION, DEPARTMENT OF SCHOOL EDUCATION & LITERACY, GOVT OF INDIA)
Dated: 13.08.2025

**WALK IN INTERVIEW**

PM SHRI SCHOOL Jawahar Navodaya Vidyalaya, Tarbha, Dist-Sonepur (Odisha) is inviting qualified and experienced teacher/person/expert purely on Part time/Contract basis for the session 2025-26 under PM Shri Scheme. Interested candidates can attend the Walk-in-Interview in the Vidyalaya on 21-08-2025 Thursday at 11.00 A.M. along with their educational qualification certificates/experience certificates and other relevant documents.

| Sl. No. | Teacher/ Coach/Expert & No. of posts | Essential Qualification/Certificate | Remuneration | For the session 2025-26 |
|---|---|---|---|---|
| 1. | Yoga Teacher 01(One) | M.P.Ed. with Yoga is compulsory subject in M.P.Ed. & B.P.Ed. OR M.A./M.Sc. in Yoga OR Graduate with 01 year Post Graduate Diploma/Certificate in Yoga OR Bachelor Degree in Yoga with 2 year work experience. (Upper Age limit upto 50 years) | Rs.34125/- per month. | 08 months. |
| 2. | Yoga Trainer (Preference will be given to female) 01(One) | Graduate with PG Diploma in Yoga or M.P.Ed with Yoga Specialization from recognized University. Priority will be given on the basis of experience. | Per month Rs. **12500/-** (for 08 month) | 03 Session Per Week |
| 3. | Sports Teacher/ Coach (Football & Handball) 02(Two) | Bachelor Degree in Physical Education or equivalent from recognized University/Institution. Priority will be given on the basis of experience. | Per month Rs. **20000/-** (for 05 month) | 04 Session in a week X 04 weeks = 16 session in a month, Rs. 1250 per session |
| 4. | Music Expert 01(One) | Skilled in instruments like Guitar, Tabla, Keyboard Congo, Flute, Octopad etc., Certificate/Diploma/Degree in Music with professional experience etc. Priority will be given on the basis of experience. | Per month Rs. **20000/-** (for 05 month) | 06 Session Per Week |
| 5. | Dance Expert 01(One) | Certificate/Diploma/Degree in Classical/Folk/Modern Dance/Local/Traditional with performance experience etc. specialized in Odishi/ Kathak Dance/Bharat Nattiyam/Kuchipudi. Priority will be given on the basis of experience. | Per month Rs. **20000/-** (for 05 month) | 06 Session per Week |
| 6. | Self Defense Trainer (Female) 01(One) | Expert in Judo/Karate (Relevant Degree/Certificate from recognized institute) Priority will be given on the basis of experience. | Per month Rs. **12500/-** (for 08 month) | 04 Times in a month |
| 7. | Atal Tinkering Lab. Facilitator 01(One) | M.Sc. in Physics with Specialization in Electronics/ Robotics/ IT or MCA in related trade | Per week Rs.2500/- | 03 days in a week. |

The candidate should attend the walk-in-interview on the above scheduled date and time alongwith the self attested Xerox copies of certificates and a pass port size photograph. The attending of walk-in-interview does not confirm any candidate for selection or appointment. No T.A./D.A. will be given to the candidate by the Vidyalaya for attending the said interview. The undersigned reserve the rights to cancel part or whole of the Walk-in-Interview. Willing candidates can submit their Bio-data, certificates/documents by hand OR through Email ID: **jnvsonepur.rect@gmail.com**

**Sd/- PRINCIPAL, PM SHRI SCHOOL JNV SONEPUR (ODISHA)**

## ହାଇମାଷ୍ଟ ପତାକା ଖମ୍ବ ମରାମତି ଘଟଣା

# ଚିକିତ୍ସାଧୀନ ବ୍ୟକ୍ତିଙ୍କର ମୃତ୍ୟୁ

**ପାରାଦୀପ,୧୩।୮ (ସମିସ):** ପାରାଦୀପ ବେଳାଭୂମି ବିଜୁ ମୈଦାନାରେ ହାଇମାଷ୍ଟ ପତାକା ଖମ୍ବ ମରାମତି ଚାଲିଥିବା ବେଳେ ମେସିନରେ ଚଢି କାମ କରୁଥିବା ବାଲେଶ୍ୱରର ସକିଲ ହାସନ (୫୦) ନାମକ ଜଣେ ବ୍ୟକ୍ତି ୧୦ ଫୁଟ ଉଚ୍ଚରୁ ତଳକୁ ଖସି ପଡିଥିଲେ। ତାଙ୍କୁ ସ୍ଥାନୀୟ ଅଠରବାଙ୍କୀ ମେଡିକାଲ ଓ ପରେ କଟକ ଏସିବି ମେଡିକାଲକୁ ସ୍ଥାନାନ୍ତରିତ କରାଯାଇଥିଲା। ଅବସ୍ଥା ସଙ୍କଟାପନ୍ନ ଥିବାରୁ ଭୁବନେଶ୍ୱରର ଏକ ଘରୋଇ ହସ୍ପିଟାଲରେ ଚିକିତ୍ସିତ କରାଯାଉଥିଲା। ତେବେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ଗତକାଲି ରାତିରେ ମୃତ୍ୟୁ ଘଟିଛି। ମୃତଦେହ ବ୍ୟବଚ୍ଛେଦ ପରେ ପରିବାର ଲୋକଙ୍କୁ ହସ୍ତାନ୍ତର କରାଯାଇଛି। ପାରାଦୀପ ପୌର ପାଳିକା ପକ୍ଷରୁ ସମୁଦ୍ର କୂଳ ବିଜୁ ମୈଦାନ ନିକଟରେ ଥିବା ହାଇମାଷ୍ଟ ପତାକା ଖମ୍ବର ମରାମତି କାମ ଭୁବନେଶ୍ୱରର ଏକ ଠିକା ସଂସ୍ଥା ନେଇଥିବା ବେଳେ ମୃତ ବ୍ୟକ୍ତି ଜଣଙ୍କ ଏହିକାର୍ଯ୍ୟ ପାଇଁ ପାରାଦୀପକୁ ଆସିଥିଲେ। କାମ କଲାବେଳେ ତଳେ ପଡି ତାଙ୍କର ବାମ ହାତ ତିନିଖଣ୍ଡ ହୋଇଯିବା ସହ ଛାତି ଓ ମୁଣ୍ଡରେ ଭୀଷଣ ଆଘାତ ଲାଗିଥିଲା।

# ଶ୍ରମିକଙ୍କ ଆତ୍ମହତ୍ୟା

**ପାରାଦୀପ,୧୩।୮ (ସମିସ):** ପାରାଦୀପ ଅଭୟଚାନ୍ଦପୁର ଥାନା ଅଧୀନ ଏକ ଠିକା ସଂସ୍ଥାରେ କାମ କରୁଥିବା ଜଣେ ଶ୍ରମିକ ଆତ୍ମହତ୍ୟା କରିଥିବା ଜଣାପଡ଼ିଛି। ମୃତ ଶ୍ରମିକ ଜଣଙ୍କ ହେଲେ ସୁକାନ୍ତ ନାୟକ (୪୦)। ତାଙ୍କ ଘର କଟକ ଜିଲ୍ଲା ନେମାଳ ଅଞ୍ଚଳରେ ବୋଲି ଜଣାପଡିଛି। ଖବର ପାଇ ଘର ଲୋକେ ପାରାଦୀପରେ ପହଞ୍ଚିଛନ୍ତି। ଆସନ୍ତାକାଲି ଶବ ବ୍ୟବଚ୍ଛେଦ କରାଯିବ। ଠିକା ସଂସ୍ଥାର ବକେୟା ଦରମାକୁ ନେଇ ମୃତ ବ୍ୟକ୍ତି ମାନସିକ ଚାପରେ ରହୁଥିବା ସାଥି ଶ୍ରମିକମାନେ କହିଛନ୍ତି। ମୃତକ କମ୍ପାନୀର ଲେବର କଲୋନୀରେ ରହି ଆସୁଥିଲେ।

# ମଦ ଜବତ, ୧ଗିରଫ

**ତିର୍ତ୍ତୋଲ,୧୩।୮ (ସମିସ):** ପଡୋଶୀ କେନ୍ଦ୍ରାପଡ଼ା ଜିଲ୍ଲାରୁ ଚୋରାରେ ମଦ ଆଣି ବ୍ୟବସାୟୀମାନେ ତିର୍ତ୍ତୋଲ ଅଞ୍ଚଳରେ ବିକ୍ରି କରୁଛନ୍ତି। ଏସମ୍ପର୍କରେ ଆଜି ତିର୍ତ୍ତୋଲ ଅବକାରୀ ପୁଲିସ ଖବର ପାଇ କୃଷ୍ଣାନନ୍ଦପୁର ଥାନା ଅଞ୍ଚଳରୁ ବିପୁଳ ଆସ୍କାଫର୍ଟୀ ଜବତ କରି ଜଣଙ୍କୁ ଗିରଫ କରିଛି। ଅଭିଯୁକ୍ତ ଜଣକ କୃଷ୍ଣାନନ୍ଦପୁର ଥାନା ବିଷ୍ଣୁନପୁର ପଞ୍ଚାୟତ କୋଲଟା ଗ୍ରାମର ଗୁର ବେହେରା ବୋଲି ଅବକାରୀ ପୁଲିସ ସୂଚନା ଦେଇଛି। ଉକ୍ତ ବ୍ୟକ୍ତି ଜଣକ ଏକ ବାଇକ୍‌ରେ ଚୋରା ମଦ ଆଣି କେନ୍ଦ୍ରାପଡ଼ା ଜିଲ୍ଲାରୁ ସାଇଫନ ରାସ୍ତାରେ କୃଷ୍ଣାନନ୍ଦପୁର ଆଡ଼କୁ ଆସୁଥିବା ଅବକାରୀ ବିଭାଗ ଖବର ପାଇଥିଲା। ତିର୍ତ୍ତୋଲ ଅବକାରୀ ବିଭାଗର ଏକ ଟିମ୍ କୃଷ୍ଣାନନ୍ଦପୁର ରାସ୍ତାରେ ଜଗି ରହିଥିଲେ। ଉକ୍ତ ବ୍ୟକ୍ତି ଆସିବା ସମୟରେ ଅବକାରୀ ବିଭାଗ ପୁଲିସ ତାଙ୍କୁ ବାଇକ୍ ସହ ଧରି ନେଇଥିଲେ। ତାଙ୍କ ନିକଟରୁ ୨୦ ଲିଟର ଆସ୍କାଫର୍ଟୀ ଜବତ କରାଯାଇଛି। ଘଟଣାରେ ମାମଲା ରୁଜୁ କରାଯାଇ ତାଙ୍କୁ ଅଦାଲତ ଚାଲାଣ କରାଯାଇଛି। ତିର୍ତ୍ତୋଲ ଅବକାରୀ ଥାନା ଓଆଇସି ସ୍ମିତା ପଣ୍ଡାଙ୍କ ସହ ଲକ୍ଷ୍ମୀ ନାରାୟଣ ମଲ୍ଲିକ, ସୁଶାନ୍ତ ଦାସ ଚଢ଼ାଉରେ ସାମିଲ ହୋଇଥିଲେ।

# ଷ୍ଟେଟବ୍ୟାଙ୍କ୍ ମାଛଗାଁ ଶାଖାର ନୂତନ ପ୍ରବନ୍ଧକଙ୍କ ଯୋଗଦାନ

**ବାଲିକୁଦା,୧୩।୮ (ସମିସ):** ବାଲିକୁଦା ବ୍ଲକ ଷ୍ଟେଟବ୍ୟାଙ୍କ୍ ମାଛଗାଁ ଶାଖାର ନୂତନ ପ୍ରବନ୍ଧକ ଭାବେ ଅବିନାଶ ସୂପକାର ପୂର୍ବତନ ପ୍ରବନ୍ଧକ ସରୋଜ କୁମାର ଚାନ୍ଦଙ୍କ ଠାରୁ ଦାୟିତ୍ୱ ଗ୍ରହଣ କରିଛନ୍ତି। ଅବସରରେ ସମ୍ବର୍ଦ୍ଧନା ସଭା ଆୟୋଜନ କରାଯାଇଥିଲା। ବିଦାୟୀ ପ୍ରବନ୍ଧକ ଶ୍ରୀ ଚାନ୍ଦ ଏବଂ ନୂତନ ପ୍ରବନ୍ଧକ ଶ୍ରୀ ସୂପକାରଙ୍କୁ ସମ୍ବର୍ଦ୍ଧନା କରାଯାଇଥିଲା। ସଭାକୁ ଦିଲ୍ଲୀପ କୁମାର ରାୟ ପରିଚାଳନା କରିଥିଲେ। ଶ୍ରୀ ଚାନ୍ଦ ତାଙ୍କ ନିଜ ଅନୁଭୂତି ବର୍ଣ୍ଣନା କରିବାସହ ସମସ୍ତଙ୍କୁ ଧନ୍ୟବାଦ୍ ଦେଇଥିଲେ। ନୂତନ ପ୍ରବନ୍ଧକ ଶ୍ରୀ ସୂପକାର ବ୍ୟାଙ୍କ୍‌ର ପ୍ରଗତିରେ ସମସ୍ତଙ୍କ ସହଯୋଗ କାମନା ଏବଂ ଡିଜିଟାଲ ବ୍ୟାଙ୍କିଙ୍ଗ ଉପରେ ଗୁରୁତ୍ୱାରୋପ କରିଥିଲେ। ସଭାରେ ବାଲିକୁଦା ବ୍ରାଞ୍ଚ ସିବିଓ ମିସ୍ ବାନିଶ୍ରି ରାୟ, ବ୍ୟାଙ୍କ୍ କର୍ମଚାରୀ ଅରବିନ୍ଦ ମଲ୍ଲ, କାଳିନ୍ଦୀ ସେଠୀ, ସିଏସପି ପ୍ରଭାସ ଚନ୍ଦ୍ର ବାରିକ, ରାଜେଶ ପଣ୍ଡା, ତୃପ୍ତିମୟୀ ବିଶ୍ୱାଳ ପ୍ରମଖ ଉପସ୍ଥିତ ଥିଲେ। ଶେଷରେ କେଦାର ଦାସ ଧନ୍ୟବାଦ୍ ଅର୍ପଣ କରିଥିଲେ।

## ଚାନ୍ଦା ନ ଦେବାରୁ ତୁମୁଳକାଣ୍ଡ

# ବୃଦ୍ଧାଙ୍କ ଫୁଲଡାଲାକୁ ଫିଙ୍ଗିଦେଲେ

**ପାରାଦୀପ,୧୩।୮ (ସମିସ):** ପାରାଦୀପ ତାରିଣୀ ଗଡା ଅଞ୍ଚଳରେ ଏକ ଅଭାବନୀୟ ଘଟଣା ସାମ୍ନାକୁ ଆସିଛି। ଜଣେ ବୃଦ୍ଧା ମହିଳା ଚାନ୍ଦା ନଦେବାରୁ ବିକ୍ରି ପାଇଁ ରଖିଥିବା ତାଙ୍କ ଫୁଲଡାଲାକୁ ଅସାମାଜିକ ଯୁବକମାନେ ଫିଙ୍ଗି ଦେଇଛନ୍ତି। ମହିଳା ଜଣଙ୍କ ଭୟରେ ଥରି ଉଠିଥିବା ବେଳେ କାନ୍ଦି ପକାଇଥିଲେ। ତେବେ ଗଣେଶ ପୂଜା ପାଇଁ କିଛି ଅସାମାଜିକ ଯୁବକ ମନଇଚ୍ଛା କାହାକୁ ୧୫ ଶହ ଟଙ୍କା ତ କାହାକୁ ହଜାରେ ଟଙ୍କା ଓ କାହାକୁ ୫୦୦ଟଙ୍କା ଏକ ମଠ ନାମରେ ରସିଦ ଦେଇ ଚାନ୍ଦା ଆଦାୟ କରୁଛନ୍ତି। ଏଭଳି ଜୁଲମ ସାଧାରଣ ବ୍ୟବସାୟୀଟିଏ ପାଇଁ ବହୁ କଷ୍ଟ ଦାୟକ ହୋଇଥିବା କୁହାଯାଇଛି। ବାରମ୍ବାର ଏହି ଯୁବକ ମାନେ ସେଠାରେ ଥିବା ଉଠା ପରିବା ଦୋକାନୀ ଓ ଫୁଲ ବିକ୍ରି କରୁଥିବା ମହିଳାମାନଙ୍କ ଉପରେ ଚାନ୍ଦା ପାଇଁ ଜୁଲମ କରୁଛନ୍ତି ବୋଲି ସାଧାରଣରେ ଅଭିଯୋଗ ହେଉଛି।

# ଶ୍ରୀ ଜଗନ୍ନାଥ ମହାବିଦ୍ୟାଳୟରେ ଇନୋଭେସନ ଓ ଷ୍ଟାର୍ଟଅପ୍ କାର୍ଯ୍ୟକ୍ରମ

ନାଉଗାଁ,୧୩।୮ (ସମିସ): ନାଉଗାଁ ସ୍ଥିତ ଶ୍ରୀ ଜଗନ୍ନାଥ ମହାବିଦ୍ୟାଳୟରେ ଇନୋଭେସନ ଓ ଷ୍ଟାର୍ଟଅପ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥି ଭାବେ ମହାବିଦ୍ୟାଳୟ ଅଧକ୍ଷ ବିଭୁତି ଭୂଷଣ ସ୍ୱାଇଁ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରି ଆଗାମୀ ପିଢ଼ିକୁ ଉଦ୍ୟୋକ୍ତା ହେବାକୁ ଛାତ୍ରଛାତ୍ରୀଙ୍କୁ ପରାମର୍ଶ ଦେଇଥିଲେ। ସଭାକୁ ମହାବିଦ୍ୟାଳୟର କାର୍ଯ୍ୟକ୍ରମ ସଂଯୋଜିକା ତଥା ପ୍ରାଣୀ ବିଜ୍ଞାନ ଅଧାପିକା ବିଜୟିନୀ ପଢିହାରୀ ସଭାପତିତ୍ୱ କରିଥିଲେ। ଓଡ଼ିଆ ବିଭାଗର ମୁଖ୍ୟ ଜ୍ୟୋତି ପ୍ରକାଶ ଲେଙ୍କା, ଅର୍ଥଶାସ୍ତ୍ର ବିଭାଗ ମୁଖ୍ୟ ପ୍ରଭାତ କୁମାର ଶତପଥି, ଇତିହାସ ବିଭାଗ ମୁଖ୍ୟ ଚନ୍ଦ୍ର ଶେଖର ପୁହାଣ, ରାଜନୀତି ବିଜ୍ଞାନ ମୁଖ୍ୟ ହୃଦାନନ୍ଦ ସ୍ୱାଇଁ, ଇଂରାଜୀ ବିଭାଗ ମୁଖ୍ୟ ତୁଷାର କାନ୍ତ ଦାସ, ଚୈତନ୍ୟ ଚରଣ ପରିଡା କାର୍ଯ୍ୟକ୍ରମ ସମ୍ବନ୍ଧରେ ଆଲୋଚନା କରିଥିଲେ। ଆଲୁମିନ ଶୁଭଲକ୍ଷ୍ମୀ ଦାସ ଛାତ୍ରଛାତ୍ରୀଙ୍କୁ ଆଗାମୀ ଦିନରେ ଷ୍ଟାର୍ଟ ପୋଗ୍ରାମ ମାଧ୍ୟମରେ କୁଶଳୀ ହେବାକୁ ଉତ୍ସାହିତ କରିଥିଲେ। ଉଦ୍ୟୋକ୍ତା ମିନତୀ ମହାରଣାଙ୍କ ସହଯୋଗୀତାରେ ଝୋଟ ଓ କତା ନିର୍ମାଣ ୱାର୍କସପ୍ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଅଧାପକ ଚୌଧୁରୀ ବିନେଶ ଦାସ ଧନ୍ୟବାଦ ଦେଇଥିଲେ।

# ସାମ୍ବାଦିକଙ୍କ କଲ୍ୟାଣ ପାଇଁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର



**ପାରାଦୀପ,୧୩।୮ (ସମିସ):** ଓଡ଼ିଶା ସାମ୍ବାଦିକ ସଂଘ ପାରାଦୀପ ଶାଖା ପକ୍ଷରୁ ସଭାପତି କର୍ମେଶ୍ୱର ସ୍ୱାଇଁଙ୍କ ନେତୃତ୍ୱରେ ସାମ୍ବାଦିକଙ୍କ କଲ୍ୟାଣ ପାଇଁ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏଡିଏମଙ୍କୁ ୧୦ ଦଫା ସମ୍ବଳିତ ଦାବିପତ୍ର ପ୍ରଦାନ କରାଯାଇଛି। ଗଣତାନ୍ତ୍ରିକ ରାଷ୍ଟ୍ରରେ ମୁଦ୍ରିତ, ବୈଦ୍ୟୁତିକ ଓ ସାମାଜିକ ଗଣମାଧ୍ୟମଗୁଡ଼ିକ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରୁଛନ୍ତି। ଅନ୍ୟ ରାଜ୍ୟ ଭଳି ଓଡ଼ିଶାର ସାମ୍ବାଦିକମାନଙ୍କ କେତେକ ମୁଖ୍ୟ ସମସ୍ୟା ସମାଧାନ କରିବା ଦିଗରେ ରାଜ୍ୟ ସରକାର ଗୁରୁତ୍ୱ ଦେବାର ଆବଶ୍ୟକତା ଅଛି। ରାଜ୍ୟରେ ସାମ୍ବାଦିକମାନଙ୍କ କଲ୍ୟାଣ ପାଇଁ ଗଣମାଧ୍ୟମ ପ୍ରତିନିଧି ମାନେ ଯେଉଁ ଦାବିଗୁଡିକ ଉପସ୍ଥାପନ କରୁଛନ୍ତି ତାହାକୁ ସମାଧାନ କରିବା ନେଇ ସରକାର ପଦକ୍ଷେପ ନେବା ଆବଶ୍ୟକ। ରାଜ୍ୟରେ ସାମ୍ବାଦିକ ସୁରକ୍ଷା ଆଇନ ପ୍ରଣୟନ କରିବା, ୬୦ ବର୍ଷ ପରେ ପେନସନ ଦେବା, ଗୋପବନ୍ଧୁ ସ୍ୱାସ୍ଥ୍ୟ ବୀମା ଯୋଜନାରେ ସାମ୍ବାଦିକଙ୍କ ବାପା-ମାଆଙ୍କୁ ସାମିଲ କରିବା, ସ୍ୱାସ୍ଥ୍ୟ ବୀମା ରାଶି ୧୦ ଲକ୍ଷ ଟଙ୍କାକୁ ବୃଦ୍ଧି କରିବା ଓ ସାମ୍ବାଦିକଙ୍କୁ ସରକାରୀ ବସ୍‌ରେ ମାଗଣା ଯାତାୟାତ ବ୍ୟବସ୍ଥା କରିବାକୁ ପଦକ୍ଷେପ ନେବାକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ଅନୁରୋଧ କରାଯାଇଛି। ବର୍ତ୍ତମାନ ରାଜ୍ୟ ସରକାର ଗଣମାଧ୍ୟମ ପ୍ରତିନିଧିମାନଙ୍କ ସମସ୍ୟା ଉପରେ ଗୁରୁତ୍ୱ ଦେଉଥିବା ଓ ସେମାନଙ୍କୁ ସୁରକ୍ଷା ଦିଗରେ ଅଧିକ ଚିନ୍ତା କରିଥିବା କହିବା ସହିତ ଏଦିଗରେ ପଦକ୍ଷେପ ନିଆଯାଉଥିବା ଏଡିଏମ ନିରଞ୍ଜନ ବେହେରା କହିଥିଲେ। ଏହାସହିତ ପାରାଦୀପରେ ସାଧାରଣ ଲୋକଙ୍କ ସମସ୍ୟା ସହିତ ଗଣମାଧ୍ୟମ ପ୍ରତିନିଧିମାନଙ୍କର ବିଭିନ୍ନ ସମସ୍ୟା ଓ ତାର ସମାଧାନ ସମ୍ପର୍କରେ ଆଲୋଚନା ହୋଇଥିଲା। ବନ୍ଦର ସହର ପାରାଦୀପରେ ସାମ୍ବାଦିକଙ୍କ କଲ୍ୟାଣ ପାଇଁ ଜିଲ୍ଲା ପ୍ରଶାସନ ଓ ବନ୍ଦର ପ୍ରଶାସନ ପକ୍ଷରୁ କଣ ସବୁ ଅଧିକ ସହାୟତା ଯୋଗାଇ ଦିଆଯାଇପାରିବ ସେ ସମ୍ପର୍କରେ ମଧ ଏଡିଏମଙ୍କ ସହିତ ଆଲୋଚନା ହୋଇଥିଲା। ସମସ୍ତ ସାମ୍ବାଦିକଙ୍କୁ ବନ୍ଦର ସହରରେ ଘର ଯୋଗାଇ ଦେବାକୁ ଦାବି ଉପସ୍ଥାପନ କରିଥିଲେ। ପରେ ଓଡିଶା ସାମ୍ବାଦିକ ସଂଘ କାର୍ଯ୍ୟାଳୟରେ ସଂଘର ଆଗାମୀ କାର୍ଯ୍ୟପନ୍ଥା ନେଇ ଆଲୋଚନା ହୋଇଥିଲା। କାର୍ଯ୍ୟକ୍ରମରେ ଓଜେୟୁର ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ସୁରେନ୍ଦ୍ର ବିଶ୍ୱାଳଙ୍କ ସମେତ ପାରାଦୀପ ଶାଖାର ମୁଖ୍ୟ ଉପଦେଷ୍ଟା ଅଜିତ କୁମାର ଦାସ, ସଭାପତି କର୍ମେଶ୍ୱର ସ୍ୱାଇଁ, ସମ୍ପାଦକ ସମୀର କୁମାର ମହାନ୍ତି, କାର୍ଯ୍ୟକାରୀ ସଭାପତି ଆଲୋକ ମହାପାତ୍ର, ଉପସଭାପତି ପ୍ରଶାନ୍ତ ଦାସ, ସୁଶୀଲ ପଟ୍ଟନାୟକ, ନିରଞ୍ଜନ ଆଚାର୍ଯ୍ୟ, ପୁରୁଷୋତ୍ତମ ଶତପଥୀ, ବସନ୍ତ ସାହୁ, ବିଶ୍ୱଜିତ ସାହୁ, ରାଜଦୀପ ବିଶ୍ୱାସ, ରଶ୍ମିରଞ୍ଜନ ପରିଡ଼ା ଓ ସନ୍ତୋଷ ବେହେରା ପ୍ରମୁଖ ଉପସ୍ଥିତ ଥିଲେ।

# ପୁଲିସ ଡିଜିଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ



**ବାଲିକୁଦା,୧୩।୮ (ସମିସ):** ବାଲିକୁଦା-ଏରସମା ବିଧାୟକ ସାରଦା ପ୍ରସନ୍ନ ଜେନାଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନ ଓ ଜିଲ୍ଲା ଯୁବ ବିଜେଡି ସଭାପତି ଆଦିତ୍ୟ ନନ୍ଦନ ଦାସଙ୍କ ନେତୃତ୍ୱରେ ବାଲିକୁଦା ମହାବିଦ୍ୟାଳୟର ଶତାଧିକ ଛାତ୍ରଛାତ୍ରୀ କାଠଗୋଲା ସ୍ଥିତ ଗାନ୍ଧୀ ଉଦ୍ୟୋଗ ମନ୍ଦିରରୁ ଶୋଭାଯାତ୍ରାରେ ବାହାରି ରାଜ୍ୟରେ ଆଇନ ଶୃଙ୍ଖଳା ବିପର୍ଯ୍ୟସ୍ତ, ମହିଳା ନିର୍ଯାତନା ବୃଦ୍ଧି ଓ କ୍ୟାମ୍ପସରେ ନାରୀ ସୁରକ୍ଷା ପ୍ରତିବାଦରେ ପୁଲିସ ଡିଜିଙ୍କ ଉଦ୍ଦେଶ୍ୟରେ ବାଲିକୁଦାର ଥାନା ଅଧିକାରୀ ସୁଶାନ୍ତ କୁମାର ସାହୁଙ୍କୁ ଦାବିପତ୍ର ପ୍ରଦାନ କରିଥିଲେ। ଏପରିକି ମୁଖ୍ୟମନ୍ତ୍ରୀଙ୍କୁ ସମସ୍ତ ଛାତ୍ରଛାତ୍ରୀଙ୍କ ତରଫରୁ ୩୦୦ରୁ ଅଧିକ ଚିଠି ମଧ୍ୟ ପଠାଇ ନାରୀ ସୁରକ୍ଷା ପ୍ରଦାନ ଦିଗରେ ସରକାର ତ୍ୱରିତ ପଦକ୍ଷେପ ଗ୍ରହଣ କରନ୍ତୁ ବୋଲି ଦାବି କରାଯାଇଥିଲା। କାର୍ଯ୍ୟକ୍ରମରେ ବ୍ଲକ ଅଧକ୍ଷ ପ୍ରକାଶ ଚନ୍ଦ୍ର ପ୍ରଧାନ, ରାଜ୍ୟ ସମ୍ପାଦକ କମଳାକାନ୍ତ ମହାପାତ୍ର, ରଶ୍ମିରଞ୍ଜନ କୁଅଁର, ବ୍ଲକ ଯୁବ ବିଜେଡି ସଭାପତି ଶୁଭେନ୍ଦୁ ଦାସ, ଯୁବ ଉପ ସଭାପତି ଏସ ବି ସାଗର, ବ୍ଲକ ଛାତ୍ର କାର୍ଯ୍ୟକାରୀ ସଭାପତି ରାଜକିଶୋର ନାୟକ, ପୂର୍ବତନ ଛାତ୍ର ସଭାପତି ସାଗର ପତି, ଛାତ୍ର ସଭାପତି ଆକାଶ ମହାନ୍ତି, ପ୍ରକାଶ ଦଳାଇ, କଳିଙ୍ଗ ସାହାଣୀ, ସତ୍ୟପ୍ରକାଶ ସ୍ୱାଇଁ, ବାବୁ ନାଥ, ଚନ୍ଦନ ମଲ୍ଲିକ, ଦିଗଦର୍ଶନ ମହାନ୍ତି, ରୁଦ୍ର ନାରାୟଣ ଦାସ, ଇତିଶ୍ରୀ ଦାସ, ରାଜଶ୍ରୀ ଭାରତୀ, ଲିପ୍ସା ମହାନ୍ତି, ସ୍ୱାତି ନାୟକ, ଶୋଭାଗ୍ୟ ମଲ୍ଲ, ବିଶାଳ ଗୋଛାୟତ, ଶାଶ୍ୱତ ପ୍ରଧାନ, ସଞ୍ଜୀବ ବିଶ୍ୱାଳ, ଅଭିଜିତ ଦାସ, ତମେଶ ବାରିକଙ୍କ ସମେତ ବହୁ ଛାତ୍ରଛାତ୍ରୀ ଉପସ୍ଥିତ ରହି ଦାବିପତ୍ର ପ୍ରଦାନ କରିଥିଲେ।

# ବନ୍ଦର ମେରାଇନ ଥାନାରେ ଯୁବକଙ୍କୁ ନିର୍ଯାତନା ଅଭିଯୋଗ

**ଜଗତସିଂହପୁର/ବାଲିକୁଦା,୧୩।୮ (ସମିସ):** ଜଗତସିଂହପୁର ଜିଲ୍ଲା ବାଲିକୁଦା ବ୍ଲକ ଅଧୀନ ବନ୍ଦର ମେରାଇନ୍ ଥାନାରେ ଜଣେ ଯୁବକଙ୍କୁ ଶାରୀରିକ ଏବଂ ମାନସିକ ନିର୍ଯାତନା ଦିଆଯାଇଥିବା ନେଇ ଅଭିଯୋଗ ହୋଇଛି। ସୂଚନାନୁଯାୟୀ, ଜମିବାଡ଼ିକୁ କେନ୍ଦ୍ରକରି ଧନୁହରବେଲାରି ଗ୍ରାମର ବିଭୁରାମ୍ ଦଳାଇଙ୍କ ସହ ତାଙ୍କର ଜଣେ ସମ୍ପର୍କୀୟଙ୍କ ପାଟିତୁଣ୍ଡ ହୋଇଥିଲା। ଏନେଇ ବିଭୁରାମ୍ ମେରାଇନ୍ ଥାନାକୁ ଅଭିଯୋଗ କରିବାକୁ ଯାଇଥିଲେ। ତେବେ ପୁଲିସ ତାଙ୍କ ଅଭିଯୋଗ ଶୁଣିବା ପରିବର୍ତ୍ତେ ମାଡ଼ ଦେଇଥିବା ଶ୍ରୀ ଦଳାଇ ଜଗତସିଂହପୁର ଏସ୍‌ପିଙ୍କ ନିକଟରେ ଅଭିଯୋଗ କରିଛନ୍ତି। ପ୍ରତିବାଦ କରିବାରୁ ବିଭୁରାମ୍‌ଙ୍କୁ ହାଜତରେ ଭର୍ତ୍ତି କରିବାକୁ ନିର୍ଦ୍ଦେଶ ଦେଇଥିଲେ। ଖବର ପାଇ ପରିବାର ଲୋକେ କିଛି ଭଦ୍ରଲୋକଙ୍କୁ ଧରି ଥାନାରୁ ବିଭୁରାମଙ୍କୁ ମୁକୁଳାଇ ଥିଲେ। କୌଣସି କାରଣ ନ ଥାଇ ଅଭିଯୋଗ କରିବାକୁ ଯାଇ ମାଡ଼କୁ ନେଇ ନ୍ୟାୟ ପାଇବା ଆଶାରେ ଏସ୍‌ପିଙ୍କୁ ଫେରାଦ ହୋଇଛନ୍ତି ଶ୍ରୀ ଦଳାଇ। ଘଟଣାକୁ ନେଇ ବନ୍ଦର ମେରାଇନ ଥାନା ଅଧିକାରୀ ରାଜୀବ ବେହେରାଙ୍କୁ ପଚାରିବାରୁ ମାଡ଼ ମାରିବା ଘଟଣା ସମ୍ପୂର୍ଣ୍ଣ ମିଛ ବୋଲି ସେ କହିଛନ୍ତି। ସେହିପରି ଏସ୍‌ପି ଭବାନୀ ଶଙ୍କର ଉଦଗାତା ମଧ ଥାନାରେ ମାଡ଼ ଅଭିଯୋଗ ଭିତ୍ତିହୀନ ବୋଲି କହିଛନ୍ତି। ଥାନାର ସିସିଟିଭି ଫୁଟେଜ ଯାଞ୍ଚ କରିବା ପରେ ବିଭୁରାମ କରିଥିବା ଅଭିଯୋଗରେ ସତ୍ୟତା ନଥିବା ଏସ୍‌ପି ସୂଚନା ଦେଇଛନ୍ତି।

## ଓଡ଼ିଶା କନିଷ୍ଠ ଶିକ୍ଷକ ସଂଘ

# ଚାକିରି ନିୟମିତ ଦାବିରେ ଶୋଭାଯାତ୍ରା




**ଜଗତସିଂହପୁର,୧୩।୮ (ସମିସ):** ଓଡ଼ିଶା କନିଷ୍ଠ ଶିକ୍ଷକ ସଂଘ ଜଗତସିଂହପୁର ଜିଲ୍ଲା ଶାଖା ପକ୍ଷରୁ ଚାକିରୀ ନିୟମିତ କରିବା ଦାବିରେ ଶୋଭାଯାତ୍ରା ଓ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି। ପରେ ଜିଲ୍ଲାପାଳଙ୍କ ଜରିଆରେ ମୁଖ୍ୟମନ୍ତ୍ରୀଙ୍କ ଉଦେଶ୍ୟରେ ଦାବିପତ୍ର ପ୍ରଦାନ କରିଛନ୍ତି। ସରକାରଙ୍କ ଦ୍ୱାରା ଗଠିତ ସ୍ୱତନ୍ତ୍ର କମିଟି ଶିକ୍ଷା ବିଭାଗର ଏକ ଐତିହାସିକ ପରିବର୍ତ୍ତନ ପାଇଁ ଗତ ୨ ଅଗଷ୍ଟ ୨୦୨୫ରେ ପତ୍ର ସଂଖ୍ୟା ୨୧୨୬୮ରେ କନିଷ୍ଠ ଶିକ୍ଷକ ଓ ଶିକ୍ଷୟିତ୍ରୀ (ଯୋଜନା ଭିତ୍ତିକ) ମାନଙ୍କୁ ନିୟମିତ କରିବା ନିର୍ଦ୍ଦେଶ ଥିଲା। ସେହିପରି ଶିକ୍ଷା ବ୍ୟବସ୍ଥାରେ ଆରମ୍ଭରୁ ନିୟମିତ ୪୪ ହଜାର ନୂତନ ଶିକ୍ଷକ ପଦବୀ ସୃଷ୍ଟି କରିବା ଓ ପୁରୁଣା ଶିକ୍ଷକ ମାନଙ୍କର ଚୁକ୍ତିଭିତ୍ତିକ ସମୟକୁ ଚାକିରୀ ସମୟ ଅବଧି ଭିତରେ ଗଣନା କରିବା ନିମନ୍ତେ ଏଥିରେ ସୁପାରିଶ କରାଯାଇଥିଲା। ଉପରିସ୍ତ ସମସ୍ତ ବିଭାଗୀୟ ଅଧିକାରୀ ମାନଙ୍କ ଅନୁମୋଦନ କ୍ରମେ ଗଣଶିକ୍ଷା ବିଭାଗ ବିଜ୍ଞପ୍ତି ଜାରି କରିଥିଲା। ମାତ୍ର ଆକସ୍ମିକ ଭାବେ ଗତ ୭ ତାରିଖରେ ବିଭାଗ ଏହାକୁ ପ୍ରତ୍ୟାହାର କରିନେଇଥିଲେ। ଏଭଳି ନିଷ୍ପତ୍ତି କନିଷ୍ଠ ଶିକ୍ଷକ ଓ ଶିକ୍ଷୟତ୍ରୀଙ୍କ ମୌଳିକ ଅଧିକାର ପ୍ରତି କୁଠାରଘାତ। ତେଣୁ ମୁଖ୍ୟମନ୍ତ୍ରୀ ପୂର୍ବ ନିଷ୍ପତ୍ତିକୁ କାର୍ଯ୍ୟକାରୀ କରିବା ଦିଗରେ ପଦକ୍ଷେପ ନେବାକୁ କନିଷ୍ଠ ଶିକ୍ଷକ ସଂଘ ଦାବି କରିଛି। ଅନ୍ୟଥା ସଂଘ ପକ୍ଷରୁ ରାଜରାସ୍ତାରେ ଆନ୍ଦୋଳନ ହେବ ବୋଲି ଚେତାବନୀ ଦିଆଯାଇଛି।

# ‘ଆସ ସ୍କୁଲ ଯିବା’ କାର୍ଯ୍ୟକ୍ରମର ଜିଲ୍ଲାସ୍ତରୀୟ କମିଟି ବୈଠକ

ଜଗତସିଂହପୁର,୧୩।୮ (ସମିସ): ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ସଦ୍‌ଭାବନା ସଭାଗୃହରେ ଜିଲ୍ଲାପାଳ ଜେ ସୋନାଲଙ୍କ ଅଧ୍ୟକ୍ଷତାରେ ‘ଆସ ସ୍କୁଲ ଯିବା-୨୦୨୫’ କାର୍ଯ୍ୟକ୍ରମର ଜିଲ୍ଲାସ୍ତରୀୟ କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି। ବୈଠକରେ ଜିଲ୍ଲାରେ ସର୍ଭେ କରାଯାଇଥିବା ୮୭୫ ଜଣ ସ୍କୁଲ ବାହାରେ ଥିବା ପିଲାମାନଙ୍କୁ କିପରି ମୁଖ୍ୟ ଶିକ୍ଷା ସ୍ରୋତରେ ସାମିଲ କରାଯିବ, ସେ ନେଇ ଆଲୋଚନା କରାଯାଇଥିଲା। ଆଦୌ ସ୍କୁଲ ଯାଇନଥିବା ପିଲାମାନଙ୍କର ବିଶ୍ଳେଷଣାତ୍ମକ ତଥ୍ୟ ପ୍ରଦାନ କରିବାକୁ ଜିଲ୍ଲାପାଳ ଜେ ସୋନାଲ, ଜିଲ୍ଲା ଶିକ୍ଷା ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ। କାର୍ଯ୍ୟକ୍ରମ ନିମନ୍ତେ ଶିକ୍ଷକ ଅଭିଭାବକ ବୈଠକ, ପଦଯାତ୍ରା, ଶିକ୍ଷା ସଭା ଆଦି ଆୟୋଜନ କରାଯାଇ ସ୍କୁଲ ବାହାରେ ଥିବା ପିଲାମାନଙ୍କୁ ଚିହ୍ନଟ କରିବା ସହ ମୁଖ୍ୟ ଶିକ୍ଷା ସ୍ରୋତକୁ ଆଣି ସ୍ୱାବଲମ୍ବୀ କରିବା ପାଇଁ ଗୁରୁତ୍ୱାରୋପ କରାଯାଇଥିଲା। ଭିନ୍ନକ୍ଷମ ପିଲାମାନଙ୍କ ହୋମ ବେସଡ ଶିକ୍ଷା, ୧୫ରୁ ୧୮ ବର୍ଷ ପିଲାମାନଙ୍କ ପାଇଁ ବୈଷୟିକ ଶିକ୍ଷା ପ୍ରଦାନ ପଦକ୍ଷେପ ନେବାପାଇଁ ବିଭାଗୀୟ ଅଧିକାରୀଙ୍କୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ। ଏବିଇଓ ସୁଶାନ୍ତ ମହାନ୍ତି, ତଥ୍ୟ ସଂଯୋଜକ ଚନ୍ଦ୍ରଜିତ ପରିଜା ଆବଶ୍ୟକୀୟ ତଥ୍ୟ ପ୍ରଦର୍ଶନ କରିଥିଲେ। ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ, ଜିଲ୍ଲା ଶ୍ରମ ନିଯୋଜନ ଅଧିକାରୀ, ସମସ୍ତ ବ୍ଲକ ଉନ୍ନୟନ ଅଧିକାରୀ, ଶିଶୁ ସୁରକ୍ଷା ଅଧିକାରୀ, ସମସ୍ତ ବ୍ଲକ ଶିକ୍ଷା ଅଧିକାରୀ, ଜିଲ୍ଲା ସାମାଜିକ କଲ୍ୟାଣ ଅଧିକାରୀ, ବୈଷୟିକ ଶିକ୍ଷା ଅନୁଷ୍ଠାନର ଅଧିକାରୀ, ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର ଅଧିକାରୀ, ଜିଲ୍ଲା ଶ୍ରମ ଅଧିକାରୀ ପ୍ରମୁଖ ଉପସ୍ଥିତ ଥିଲେ। ଶେଷରେ ଜିଲ୍ଲା ଶିକ୍ଷା ଅଧିକାରୀ ନିରଞ୍ଜନ ବେହେରା ଧନ୍ୟବାଦ ଅର୍ପଣ କରିଥିଲେ।

# ଜଗତସିଂହପୁର ସହରରେ ତ୍ରିରଙ୍ଗା ଶୋଭାଯାତ୍ରା



**ଜଗତସିଂହପୁର,୧୩।୮ (ସମିସ):** ପ୍ରଧାନମନ୍ତ୍ରୀଙ୍କ ଆହ୍ୱାନ କ୍ରମେ ସାରା ଦେଶରେ ବିଜେପି ପକ୍ଷରୁ ଘରେ ଘରେ ତ୍ରିରଙ୍ଗା କାର୍ଯ୍ୟକ୍ରମ ଅନୁଷ୍ଠିତ ହେଉଅଛି। ଏଅବସରରେ ଜଗତସିଂହପୁର ନିର୍ବାଚନମଣ୍ଡଳୀ ଅଧୀନ ପୌରାଞ୍ଚଳରେ ସ୍ଥାନୀୟ ବିଧାୟକ ଅମରେନ୍ଦ୍ର ଦାସଙ୍କ ନେତୃତ୍ୱରେ ପୂର୍ବାହ୍ନରେ ତ୍ରିରଙ୍ଗା ଶୋଭାଯାତ୍ରା ଅନୁଷ୍ଠିତ ହୋଇଥିଲା। ଶୋଭାଯାତ୍ରା ଜଗତସିଂହପୁର ପୌରାଞ୍ଚଳର ଗାନ୍ଧିଛକ ନିକଟରୁ ବାହାରି ସହର ପରିକ୍ରମା କରିଥିଲା। ଜଗତସିଂହପୁର ନିର୍ବାଚନ ମଣ୍ଡଳୀର ଜନସାଧାରଣ, ଦଳୀୟ ନେତା ଓ କର୍ମୀ ହାତରେ ତ୍ରିରଙ୍ଗା ଧରି ଜାତୀୟତା ବୋଧକ ସ୍ଲୋଗାନ ଦେଇ ପଦଯାତ୍ରାରେ ସାମିଲ ହୋଇଥିଲେ। ଗାନ୍ଧୀ ଛକରୁ ଆରମ୍ଭ ହୋଇ ଟାଉନ ହଲ୍‌ଦେଇ ଥାନା ଛକ ନିକଟ ପୌରପରିଷଦ କଲ୍ୟାଣ ମଣ୍ଡପରେ ସମାପ୍ତ ହୋଇଥିଲା। କାର୍ଯ୍ୟକ୍ରମରେ ଜଗତସିଂହପୁର ପଞ୍ଚାୟତ ସମିତିର ପୂର୍ବତନ ଅଧ୍ୟକ୍ଷ ପ୍ରସନ୍ନ ସ୍ୱାଇଁ, ପୂର୍ବତନ ବ୍ଲକ ଉପାଧ୍ୟକ୍ଷ ଲକ୍ଷ୍ମୀକାନ୍ତ ସ୍ୱାଇଁ, ଜିଲ୍ଲା ବିଜେପିର ପୂର୍ବତନ ଉପ ସଭାପତି ଜଗନ୍ନାଥ ଦାଶ, ବରିଷ୍ଠ ବିଜେପି ନେତା ଶ୍ରୀକାନ୍ତ ଚୌଧୁରୀ, ସୌଭାଗ୍ୟ ମହାନ୍ତି, ଲିଙ୍ଗରାଜ ଲେଙ୍କା, ବିଧାୟକଙ୍କ ପୌର ପରିଷଦ ପ୍ରତିନିଧି ସୁଶାନ୍ତ ସ୍ୱାଇଁ, ପାରିଷଦ ଗୋଲାମ ଅଲ୍ଲୀ ଖାଁ, ସମୀର ସାହାଣୀ, ପାରିଷଦ ଦେବାଶିଷ ସ୍ୱାଇଁ, ଦେବୀ ପ୍ରସାଦ ପାଢ଼ୀ, ସୁଶାନ୍ତ ମଲ୍ଲିକ ତାପସ ଦାସ, ବିଷ୍ଣୁ ବେହେରା ପ୍ରମୁଖ ଯୋଗଦେଇଥିଲେ।

## ଅଳକା ଆଶ୍ରମ ପକ୍ଷରୁ ନିଶାମୁକ୍ତ ଯୁବଶକ୍ତି କର୍ମଶାଳା

# ନିଶାମୁକ୍ତ ସମାଜ ପାଇଁ ଶପଥ ଗ୍ରହଣ



**ଜଗତସିଂହପୁର,୧୩।୮ (ସମିସ):** ବିଶ୍ୱ ଯୁବଦିବସ ଅବସରରେ ‘ଅଳକା ଆଶ୍ରମ’ ପକ୍ଷରୁ ‘ନିଶାମୁକ୍ତ ଯୁବଶକ୍ତି କର୍ମଶାଳା’ ମାଧ୍ୟମରେ ଶତାଧିକ ଛାତ୍ରଛାତ୍ରୀ ଜୀବନରେ ନିଜେ ନିଶା ସେବନ ନକରିବା ସହିତ ନିଜ ପରିବାର ତଥା ପରିବେଶକୁ ନିଶାମୁକ୍ତ ରଖିବା ପାଇଁ ଶପଥ ଗ୍ରହଣ କରିଛନ୍ତି। ପ୍ରଥମାର୍ଦ୍ଧରେ କୁଜଙ୍ଗ ପଞ୍ଚାୟତ ମହିଳା ମହାବିଦ୍ୟାଳୟ ପରିସରରେ ଅଧ୍ୟକ୍ଷ ହିରଣ୍ୟ କୁମାର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଆୟୋଜିତ କର୍ମଶାଳାରେ ମୁଖ୍ୟବକ୍ତା ଭାବରେ ବିଶିଷ୍ଟ ଅଧ୍ୟାତ୍ମିକ ପ୍ରବକ୍ତା ଶୃତିସାଗର ସରସ୍ୱତୀ ମହାରାଜ ଯୋଗଦେଇ ନିଶାସେବନର କୁପରିଣାମ ବିଷୟରେ ତଥ୍ୟ ଭିତ୍ତିକ ବକ୍ତବ୍ୟ ଉପସ୍ଥାପନ ରଖିଥିଲେ। କର୍ମଶାଳାରେ ଅନ୍ୟମାନଙ୍କ ମଧ୍ୟରେ ଶିକ୍ଷାବିତ ସରୋଜ କୁମାର ବେହେରା, ସମାଜସେବୀ ସ୍ନେହମୟୀ ଆଚାର୍ଯ୍ୟ, ସୁରେଶ କୁମାର ପ୍ରଧାନ ପ୍ରମୁଖ ଯୋଗଦେଇ ଯୁବସମାଜ ଉପରେ ନିଶାର କୁପରିଣାମ ବିଷୟର ଆଲୋକପାତ କରିଥିଲେ। କଲେଜର ଅଧାପିକା ରୋଜାଲିନ ଜେନା କର୍ମଶାଳା ପରିଚାଳନା କରିଥିଲେ। ଦ୍ୱିତୀୟାର୍ଦ୍ଧରେ ସମାନ ଢଙ୍ଗରେ ସମାଗୋଳ ସ୍ଥିତ ବିଜୟଚନ୍ଦ୍ରପୁର ସଂସ୍କୃତ ମହାବିଦ୍ୟାଳୟରେ ଅଧ୍ୟକ୍ଷ ଡଃ ପ୍ରତାପ କୁମାର ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଶତାଧିକ ଛାତ୍ରଛାତ୍ରୀ ପରବର୍ତ୍ତୀ ଜୀବନରେ ନିଶାସେବନ ନକରିବା ସହିତ ନିଜ ପରିବେଶରୁ ନିଶାକୁ ଦୂରେଇ ରଖିବା ପାଇଁ ଶପଥ ଗ୍ରହଣ କରିଥିଲେ। କାର୍ଯ୍ୟକ୍ରମକୁ ମହାବିଦ୍ୟାଳୟର ଅଧାପକ ଦାମୋଦର ମାଝୀ, ଅଧାପିକା ସ୍ୱର୍ଣ୍ଣପ୍ରଭା ମହାନ୍ତି ଓ ବର୍ଷା ସାହୁ ପ୍ରମୁଖ ପରିଚାଳନା କରିଥିଲେ। ଐତିହାସିକ ଅଳକା ଆଶ୍ରମ ଆନୁକୂଲ୍ୟରେ ଜଗତସିଂହପୁର ଡେଭଲପମେଣ୍ଟ ଫୋରମ ଓ ଜିଲ୍ଲା ପ୍ରଶାସନ ସହଯୋଗରେ ଶିକ୍ଷାବିତ ଦେବେନ୍ଦ୍ର ନାଥ ରାଉତଙ୍କ ଆବାହକତ୍ୱରେ ୨୦୨୩ ମସିହା କ୍ରାନ୍ତି ଦିବସରୁ ଆରମ୍ଭ ହୋଇଥିବା ଏହି ଅଭିନବ କର୍ମଶାଳା ଶୃଙ୍ଖଳା ‘ନିଶାମୁକ୍ତି ଯୁବଶକ୍ତି’ ଅଭିଯାନ ଦ୍ୱାରା କୋମଳମତି ଛାତ୍ରଛାତ୍ରୀଙ୍କୁ ନିଶାର କୁପ୍ରଭାବ ବିଷୟରେ ସଚେତନତା କରାଇ ସେମାନଙ୍କୁ ନିଶାଠାରୁ ଦୁରେଇ ରଖିବା ପାଇଁ ସମର୍ପିତ ପ୍ରୟାସ ୩ୟ ବର୍ଷରେ ପଦାର୍ପଣ କରିଛି।

# ନିଶାମୁକ୍ତ ଭାରତ ଅଭିଯାନ କର୍ମଶାଳା



**ପାରାଦୀପ,୧୩।୮ (ସମିସ):** ଭାରତ ସରକାରଙ୍କ ସାମାଜିକ ନ୍ୟାୟ ଏବଂ ସଶକ୍ତିକରଣ ମନ୍ତ୍ରଣାଳୟର ଏକ ପ୍ରମୁଖ ପଦକ୍ଷେପ ନିଶାମୁକ୍ତ ଭାରତ ଅଭିଯାନର ଅଂଶବିଶେଷ ଭାବରେ ଆଜି ପାରାଦୀପ ବନ୍ଦରରେ କର୍ମଶାଳା ଆୟୋଜିତ ହୋଇଯାଇଛି। ବନ୍ଦର ପ୍ରଶାସନିକ ଭବନରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ବନ୍ଦରର ଅଧ୍ୟକ୍ଷ ଶ୍ରୀ ପିଏଲ ହରନାଦ ଯୋଗଦେଇ ଉଦଘାଟନ କରିଥିଲେ। ଅଧ୍ୟକ୍ଷ ଶ୍ରୀ ହରନାଦ ସମସ୍ତ ସମସ୍ତ ଅଂଶଗ୍ରହଣକାରୀଙ୍କୁ ନିଶା ସେବନରୁ ଦୂରରେ ରହିବା ଓ ସେମାନଙ୍କ ପରିବାରକୁ ଓ ସମାଜକୁ ନିଶାମୁକ୍ତ କରିବା ପାଇଁ ଶପଥ ପାଠ କରାଇଥିଲେ। ପାରାଦୀପ ସ୍ୱାକ୍ଷରିତା ସମିତିର ସଚିବ ରାମଚନ୍ଦ୍ର ପ୍ରଧାନ କାର୍ଯ୍ୟକ୍ରମରେ ଅଧ୍ୟକ୍ଷତା କରିଥିଲେ। ବନ୍ଦର ଚିକିତ୍ସାଳୟର ବରିଷ୍ଠ ଚିକିତ୍ସା ଅଧିକାରୀ ଡଃ ରୁନୁ ସିଂ ମୁଖ୍ୟଅତିଥି ଭାବେ ଯୋଗଦେଇଥିବା ବେଳେ ପ୍ରୀତି ଆରତୀ ପରିଜା, ରଶ୍ମି ଆଚାର୍ଯ୍ୟ ଏବଂ ପ୍ରେମଲତା ବାରିକ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଅତିଥିମାନେ ନିଶା ସେବନ କ୍ଷତି କାରକ ପ୍ରଭାବ ଉପରେ ବକ୍ତବ୍ୟ ରଖିଥିଲେ। ଲୋକମାନଙ୍କ ମଧ୍ୟରେ ସଚେତନତା ସୃଷ୍ଟି କରିବା ଏବଂ ନିଶା ଚୋରା ଚାଲାଣ କାରୀଙ୍କ ବିରୋଧରେ ଦୃଢ ଆଇନ କାର୍ଯ୍ୟକାରୀ କରିବା ପାଇଁ ଅତିଥିମାନେ ଗୁରୁତ୍ୱାରୋପ କରିଥିଲେ। କାର୍ଯ୍ୟକ୍ରମକୁ ପାରାଦୀପ ସ୍ୱାକ୍ଷରିତା ସମିତିର ପ୍ରକଳ୍ପ ସଂଯୋଜକ ଅଶୋକ ମହାପାତ୍ର ସଂଯୋଜନା କରିଥିଲେ।

# ଭାରତ-ବ୍ରିଟେନ ଚୁକ୍ତି ଓ ଟ୍ରମ୍ପଙ୍କ ଟାରିଫକୁ ନେଇ ପ୍ରତିବାଦ




ଢେଙ୍କାନାଳ, ୧୩।୮(ସମିସ): ଭାରତ ଓ ବ୍ରିଟେନ ମଧ୍ୟରେ ହେଉଥିବା ଜନବିରୋଧୀ ଚୁକ୍ତି ଓ ଟ୍ରମ୍ପଙ୍କ ଟାରିଫ ପରିପ୍ରେକ୍ଷୀରେ ଜାତୀୟ ସାର୍ବଭୌମତ୍ୱ ରକ୍ଷା ଓ କର୍ପୋରେଟ ଭାରତ ଛାଡ଼ ଦାବିରେ ବୁଧବାର ୧୦ଟି କେନ୍ଦ୍ରୀୟ ଶ୍ରମିକ ସଂଗଠନ ଓ ସଂଯୁକ୍ତ କିଷାନ ମୋର୍ଚ୍ଚା ତରଫରୁ ଢେଙ୍କାନାଳ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ବିକ୍ଷୋଭ ପ୍ରଦର୍ଶନ କରାଯାଇ ପ୍ରଧାନମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଦାବିପତ୍ର ପ୍ରଦାନ କରାଯାଇଛି। ଭାରତ ସରକାର ଆମେରିକାର ଟାରିଫ ଧମକକୁ ପ୍ରତ୍ୟାଖ୍ୟାନ କରି ରୁଷିଆ ସମେତ ସମସ୍ତ ଦେଶ ସହ ବାଣିଜ୍ୟ କରିବାର ଅଧିକାରକୁ ସୁରକ୍ଷିତ କରିବା, ଭାରତ ଓ ବ୍ରିଟେନ ମଧ୍ୟରେ ବାଣିଜ୍ୟ ସଂକ୍ରାନ୍ତୀୟ ଚୁକ୍ତିକୁ ସମୀକ୍ଷା ଓ ସଂଶୋଧନ କରିବା, ଆମେରିକା ଓ ଭାରତ ମଧ୍ୟରେ ହେବାକୁ ଥିବା ବାଣିଜ୍ୟ ଚୁକ୍ତିକୁ ବନ୍ଦ କରିବା, ଗୁପ୍ତ ଭାବେ କୌଣସି ଦେଶ ସହ ଚୁକ୍ତି ନ କରିବା, ସର୍ବୋପରି ଭାରତ ଦେଶକୁ ବିଦେଶୀ କର୍ପୋରେଟମାନଙ୍କ ଦ୍ୱାରା ବଣ୍ଟନକୁ ବନ୍ଦ କରିବାକୁ ଦାବି କରାଯାଇଛି। ଏହି ବିକ୍ଷୋଭରେ କୃଷକ ସଭା ଏଆଇକେଏସର ନେତା ସରୋଜ ଶତପଥୀ, ଚନ୍ଦ୍ରଶେଖର ସାହୁ, ଗୋବିନ୍ଦ ସାହୁ, ସିଆଇଟିୟୁ ନେତା ଶ୍ରୀଧର ମଲ୍ଲିକ, ଅଭିମନ୍ୟୁ ମଲ୍ଲିକ, ରାମଚନ୍ଦ୍ର ମଲ୍ଲିକ, ରୋହିତ ବାରିକ, ଦଳିତ ଶୋଷଣ ମୁକ୍ତି ମଞ୍ଚର ଜିଲ୍ଲା ସଭାପତି ସରୋଜ ମଲ୍ଲିକ, କିଷାନ କଂଗ୍ରେସର ନକୁଳ ରାଉତ, ହେମନ୍ତ ବେହେରା, ଏଆଇୟୁଟିୟୁସିର ଜିଲ୍ଲା ପ୍ରତିନିଧି ରବି ରଥ, ଏଆଇସିସିଟିୟୁର ଜିଲ୍ଲା ପ୍ରତିନିଧି ଶ୍ରୀନିବାସ ସାହୁ, ଏଲପିଏଫର ଜିଲ୍ଲା ପ୍ରତିନିଧି ସ୍ୱରୂପାନନ୍ଦ ଦାସ ପ୍ରମୁଖ ଯୋଗଦେଇଥିଲେ।

# ଚୋରିମୂର୍ତ୍ତି ଉଦ୍ଧାର; ୨ ନାବାଳକ ଅଟକ

ହିନ୍ଦୋଳ/ଖଜୁରିଆକଟା, ୧୩।୮ (ସମିସ)



ଢେଙ୍କାନାଳ ଜିଲ୍ଲା ହିନ୍ଦୋଳ ସଦର ମହକୁମାରେ ବିଭିନ୍ନ ମନ୍ଦିରରୁ ଦେବଦେବୀ ମୂର୍ତ୍ତି ଚୋରି ଘଟଣାରେ ପୁଲିସ ୨ ନାବାଳକଙ୍କୁ ଅଟକ ରଖି ତଦନ୍ତ କରୁଛି। ସେମାନଙ୍କ ନିକଟରୁ ଚୋରି ମୂର୍ତ୍ତି ଉଦ୍ଧାର କରାଯାଇଛି। କିଛିଦିନ ତଳେ ହିନ୍ଦୋଳ ଜଗନ୍ନାଥ ମନ୍ଦିରରୁ ୨ଟି ଲକ୍ଷ୍ମୀମୂର୍ତ୍ତି ଚୋରି ହୋଇଥିବା ଅଭିଯୋଗ ହୋଇଥିଲା। ସେହିପରି ହିନ୍ଦୋଳ ଏନଏସି ୱାର୍ଡ ନଂ-୮ରେ ଥିବା ବହୁପୁରାତନ ରାଧାକୃଷ୍ଣ ମନ୍ଦିରରେ ପୂଜକ କୌଣସି କାର୍ଯ୍ୟରେ ବ୍ୟସ୍ତ ଥିବାବେଳେ ୨ ନାବାଳକ (କଲେଜ ଛାତ୍ର) ମନ୍ଦିରରେ ପଶି ୨ଟି ମୂର୍ତ୍ତି, ମୁକୁଟ ଇତ୍ୟାଦି ଚୋରିକରି ନେଇ ପଳାଉଥିବା ଦେଖି ପୂଜକଙ୍କ ପରିବାରର ଲୋକେ ପାଟି କରିବାରୁ ସ୍ଥାନୀୟ ଅଞ୍ଚଳବାସୀ ନାବାଳକ ଦ୍ୱୟଙ୍କୁ ଧରି ପୁଲିସ ଜିମା ଦେଇଥିଲେ। ନାବାଳଙ୍କ ଦ୍ୱୟଙ୍କ ସ୍କୁଲ ବ୍ୟାଗ ଯାଞ୍ଚ କରିବାରୁ ଚୋରି ମୂର୍ତ୍ତି ସବୁ ସେଥିରୁ ବାହାରିଥିଲା। ହିନ୍ଦୋଳ ପୁଲିସ ଉଭୟଙ୍କୁ ପଚରାଉଚରା କରିବାରୁ ପୂର୍ବରୁ ଜଗନ୍ନାଥ ମନ୍ଦିରରୁ ସେମାନେ ୨ଟି ଲକ୍ଷ୍ମୀମୂର୍ତ୍ତି ଚୋରାଇଥିବା ସ୍ୱୀକାର କରିଥିଲେ। ପୁଲିସ ନାବାଳକ ଦ୍ୱୟଙ୍କ ଘରୁ ଉକ୍ତ ଲକ୍ଷ୍ମୀମୂର୍ତ୍ତି ଉଦ୍ଧାର କରିଛି। ପୂଜକଙ୍କ ଏତଲା କ୍ରମେ ହିନ୍ଦୋଳ ଥାନାରେ ଏକ ମାମଲା ରୁଜୁ କରି ପୁଲିସ ୨ ନାବାଳକଙ୍କୁ ଅଟକ ରଖି ତଦନ୍ତ ଜାରି ରଖିଛି। ଉଦ୍ଧାର ମୂର୍ତ୍ତିଗୁଡ଼ିକୁ ଦେବୋତ୍ତର ବିଭାଗକୁ ହସ୍ତାନ୍ତର କରାଯିବା ପରେ ମନ୍ଦିରଗୁଡ଼ିକରେ ପୁଣି ସେହି ମୂର୍ତ୍ତି ପୂଜା ପାଇବେ ବୋଲି ପ୍ରଶାସନ ପକ୍ଷରୁ କୁହାଯାଇଛି। ତେବେ ନାବାଳକ ଦ୍ୱୟ ଆଗରୁ କେତେ ମୂର୍ତ୍ତି ଚୋରି କରିଛନ୍ତି, ଚୋରି ମୂର୍ତ୍ତି ସବୁ କ'ଣ କରନ୍ତି, ଆଉ କିଏ କିଏ ଏଥିରେ ସାମିଲ ଅଛନ୍ତି କିମ୍ବା ମୂର୍ତ୍ତି ଚୋରି ରାକେଟର କିଙ୍ଗପିନ କିଏ ଏ ସବୁ ତଦନ୍ତ ପରେ ସ୍ପଷ୍ଟ ହେବ ବୋଲି ହିନ୍ଦୋଳ ଏସଡିପିଓ ପ୍ରକାଶ କରିଛନ୍ତି।

## କାମାକ୍ଷାନଗରରେ ପହଞ୍ଚିଲା ଯବାନଙ୍କ ମରଶରୀର

କାମାକ୍ଷାନଗର, ୧୩।୮(ସମିସ): କାମାକ୍ଷାନଗର ଥାନା ମାଳପୁରା ଗ୍ରାମର ଯବାନ ସୁରେଶ ବିଶ୍ୱାଳ ଜମ୍ମୁକାଶ୍ମୀରରେ ଡ୍ୟୁଟିରେ ଥିବା



ସମୟରେ ନିଜ ସର୍ଭିସ ବନ୍ଧୁକରୁ ଗୁଳି ଫୁଟାଇ ଆତ୍ମହତ୍ୟା କରିଥିଲେ। ମା'ଙ୍କ ସହିତ କଥା ହେଉଥିବା ବେଳେ ସେ ନିଜକୁ ଗୁଳି କରିଦେଇଥିଲେ। ମଙ୍ଗଳବାର ବିଳମ୍ବିତ ରାତିରେ ସୁରେଶଙ୍କ ମରଶରୀର କାମାକ୍ଷାନଗର ଅନନ୍ତପୁରସ୍ଥିତ ତାଙ୍କ ବାସଭବନରେ ପହଞ୍ଚିବା ପରେ ପରିବାର ଲୋକେ ଓ ଆତ୍ମୀୟସ୍ୱଜନ ଶେଷଦର୍ଶନ କରିଥିଲେ। ପରେ ଗାଁ ଶ୍ମଶାନ ଶୋକାକୁଳ ପରିବେଶରେ ତାଙ୍କ ଶେଷକୃତ୍ୟ ସମ୍ପନ୍ନ ହୋଇଛି।

## ଜାତୀୟ ପୁରସ୍କାରପ୍ରାପ୍ତ ଶିକ୍ଷକ ଫୋରମ ପକ୍ଷରୁ ସମ୍ବର୍ଦ୍ଧନା

ଗଁଦିଆ, ୧୩।୮(ସମିସ): ଢେଙ୍କାନାଳ ଜିଲ୍ଲା ଗଁଦିଆ ବ୍ଲକ ଯୋରନ୍ଦା ନୋଡାଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରାକ୍ତନ ରାଷ୍ଟ୍ରପତି ପୁରସ୍କାରପ୍ରାପ୍ତ ପ୍ରଧାନଶିକ୍ଷୟିତ୍ରୀ ମନୋଜ ମଞ୍ଜରୀ ଲେଙ୍କା ଅବସର



ଗ୍ରହଣ କରିବା ପରେ ଯୋରନ୍ଦା ସରକାରୀ ଉଚ୍ଚ ବିଦ୍ୟାଳୟର ପୁରାତନ ଛାତ୍ର ସଂସଦ ସଭାପତି ଭାବେ କାର୍ଯ୍ୟ କରି ଜଣେ ଆଦର୍ଶ ଶିକ୍ଷାବିତ ଭାବେ ପରିଚିତ ହୋଇଛନ୍ତି। ସରକାରୀ ସେବା ସମୟରେ ଯୋରନ୍ଦା ପାଟଣା ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଓ ଯୋରନ୍ଦା ନୋଡାଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଅନେକ କୃତୀ ଛାତ୍ରଛାତ୍ରୀ ତିଆରି କରି ସେ ଉଦାହରଣ ସାଜିଛନ୍ତି। ତାଙ୍କ ତ୍ୟାଗପୂତ ସେବାକୁ ପାଥେୟ କରି ଜାତୀୟ ପୁରସ୍କାରପ୍ରାପ୍ତ ଶିକ୍ଷକ ଫୋରମ ଓଡ଼ିଶାର ସଭାପତି ପ୍ରକୃତିବନ୍ଧୁ ହରିହର ସାହୁ ତାଙ୍କ ଜାମୁସରା ନାଟିମା ବାସଭବନରେ ପହଞ୍ଚି ପୁଷ୍ପଗୁଚ୍ଛ, ଉତ୍ତରୀୟ ଓ ଉପହାର ଦେଇ ତାଙ୍କୁ ସମ୍ବର୍ଦ୍ଧିତ କରିଛନ୍ତି।

**ରାସ୍ତା କଡ଼ରୁ ଯୁବକଙ୍କ ମୃତଦେହ ଉଦ୍ଧାର ଘଟଣା**

# ୧୦ ଦିନ ପରେ ବି ରହସ୍ୟ ଉପରୁ ପରଦା ହଟିନି

ହିନ୍ଦୋଳ, ୧୩।୮(ସମିସ): ହିନ୍ଦୋଳ ଥାନା କୁରୁମିଠା ଛକ ନିକଟ ରାସ୍ତା କଡ଼ରୁ ଜଣେ ଯୁବକଙ୍କ ଉଲଗ୍ନ ତଥା କ୍ଷତାକ୍ତ ମୃତଦେହ ଉଦ୍ଧାର ହୋଇଥିଲା। ମୃତକ ହେଲେ ମହାଲୁଣ୍ଡା ପଞ୍ଚାୟତ କାନ୍ତାମିଲା ଗ୍ରାମର ସୁଶାନ୍ତ ପ୍ରଧାନ (୩୦)। ତେବେ ଘଟଣାକୁ ୧୦ ଦିନ ବିତିଯାଇଥିଲେ ମଧ୍ୟ ପୁଲିସ ଏଯାଏଁ ମୃତ୍ୟୁ ରହସ୍ୟ ଉପରୁ ପରଦା ହଟାଇ ପାରିନାହିଁ।

ସୁଶାନ୍ତ ଜଣେ ଗରିବ ଶ୍ରେଣୀର ଯୁବକ ହୋଇଥିବା ବେଳେ ତାଙ୍କ ସ୍ତ୍ରୀ, ମା' ଓ ଗୋଟିଏ ଛୋଟ ଛୁଆ ଅଛନ୍ତି। ପରିବାରର ଏକମାତ୍ର ରୋଜଗାରିଆ ପୁଅ ସୁଶାନ୍ତ ମୂଲମଜୁରି କରି ପରିବାର ଚଳେଇ ଆସୁଥିଲେ। ଘଟଣା ପୂର୍ବଦିନ ସେ ଯାତ୍ରା ଦେଖିବା ପାଇଁ ମଇଧରପୁର ବଜାରକୁ ଆସିଥିଲେ। ହେଲେ ପରଦିନ ସକାଳେ ଉଲଗ୍ନ ଅବସ୍ଥାରେ କୁରୁମିଠା ନିକଟରେ ତାଙ୍କ ମୃତଦେହ ଉଦ୍ଧାର ହୋଇଥିଲା। ଏହା ହାତୀ ଆକ୍ରମଣ ଜନିତ ମୃତ୍ୟୁ ବୋଲି ପରିବାର ଲୋକେ ଅଭିଯୋଗ କରି କ୍ଷତିପୂରଣ ପ୍ରଦାନ ଦାବିରେ ରାସ୍ତାରୋକ କରିଥିଲେ। ଏସଡିପିଓ ସତ୍ୟ କୁମାର ନନ୍ଦ ଓ ହିନ୍ଦୋଳ ଥାନାଧିକାରୀ ପହଞ୍ଚି ଲୋକଙ୍କୁ ବୁଝାସୁଝା

**■ କ୍ରାଇମବ୍ରାଞ୍ଚ ତଦନ୍ତ ଦାବିକଲେ ଗ୍ରାମବାସୀ**

କରିବା ପରେ ରାସ୍ତାରୋକ ହଟିଥିଲା। ବନ ବିଭାଗ କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଥିଲେ। ହେଲେ ନିକଟରେ ହାତୀ ପାଦଚିହ୍ନ ପଡ଼ି ନ ଥିବାରୁ ଏହା ହାତୀ ଆକ୍ରମଣଜନିତ ମୃତ୍ୟୁ ନୁହଁ ଦର୍ଶାଇ ବନବିଭାଗ କର୍ମଚାରୀ ପଳାଇ ଯାଇଥିଲେ। ଅନ୍ୟପଟେ ଯଦି ଏହା ଦୁର୍ଘଟଣାଜନିତ ମୃତ୍ୟୁ ତେବେ ସୁଶାନ୍ତ ନିଜ ବାଇକ ଯୋଗେ ଯାତ୍ରା ଦେଖିବାକୁ ଯାଇଥିବା ବେଳେ ତାଙ୍କ ବାଇକ ମଇଧରପୁର ଯାତ୍ରା ପଡ଼ିଆ ନିକଟରେ ଥିବା ସତ୍ତ୍ୱେ ସେଠାରୁ ତିନି କିଲୋମିଟର ଦୂରରେ ତାଙ୍କ ମୃତଦେହ କିପରି ଉଦ୍ଧାର ହେଲା ତାହା ପ୍ରଶ୍ନବାଚୀ ସୃଷ୍ଟି କରିଛି। ସେହିପରି ସେ ଉଲଗ୍ନ କିପରି ହେଲେ ତାହା ମଧ୍ୟ ପ୍ରଶ୍ନବାଚୀ। ଇତିମଧ୍ୟରେ ୧୦ଦିନ ବିତିଯାଇଥିଲେ ମଧ୍ୟ କେଉଁ କାରଣରୁ ସୁଶାନ୍ତଙ୍କ ମୃତ୍ୟୁ ହୋଇଛି ସେ ନେଇ ପୁଲିସ କୌଣସି ନିର୍ଯାସରେ ପହଞ୍ଚି ପାରିନାହିଁ। ସୁଶାନ୍ତଙ୍କ ପେଟରେ ଗଭୀର କ୍ଷତ ଥିବା ବେଳେ ଏହା ଏକ ହତ୍ୟାକାଣ୍ଡ ବୋଲି ଆଲୋଚନା ହେଉଛି। ଏହି ଘଟଣାର କ୍ରାଇମବ୍ରାଞ୍ଚ ତଦନ୍ତ କରିବାକୁ ଗ୍ରାମବାସୀ ଦାବି କରିଛନ୍ତି। ଏ ସମ୍ପର୍କରେ ହିନ୍ଦୋଳ ଥାନାଧିକାରିଣୀ ଚାରୁଲତା ସାହୁଙ୍କୁ ଯୋଗାଯୋଗ କରିବାରେ ସେ କୁହନ୍ତି ଘଟଣାର ତଦନ୍ତ ଚାଲିଛି। ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ମୃତ୍ୟୁ ରହସ୍ୟ ଜଣାପଡ଼ିବ।

## ଜାତୀୟ ଗ୍ରନ୍ଥାଗାରିକ ଦିବସ ଓ ବ୍ୟବହାରିକ ସଚେତନତା




ଢେଙ୍କାନାଳ, ୧୩।୮(ସମିସ): ଢେଙ୍କାନାଳ ସ୍ୱୟଂଶାସିତ ମହାବିଦ୍ୟାଳୟ ଲାଇବ୍ରେରୀ ଓ ଆଇକ୍ୟୁଏସି ସେଲ ଆନୁକୂଲ୍ୟରେ ଜାତୀୟ ଗ୍ରନ୍ଥାଗାରିକ ଦିବସ ଓ ବ୍ୟବହାରିକ ସଚେତନତା କାର୍ଯ୍ୟକ୍ରମ ନୂତନ ପାଠାଗାରରେ ଅନୁଷ୍ଠିତ ହୋଇଛି। ଗ୍ରନ୍ଥାଗାର ବିଜ୍ଞାନର ଜନକ ପଦ୍ମଶ୍ରୀ ଡ. ଏସଆର ରଙ୍ଗନାଥନଙ୍କ ଫଟୋରେ ପୁଷ୍ପମାଲ୍ୟ ଅର୍ପଣ କରାଯାଇଥିଲା। କଲେଜ ଅଧ୍ୟକ୍ଷ ଡ. ଚିତ୍ତରଞ୍ଜନ ସାହୁ କାର୍ଯ୍ୟକ୍ରମକୁ ଉଦଘାଟନ କରି ଗ୍ରନ୍ଥାଗାରିକ ଦିବସ ପାଳନର ତାତ୍ପର୍ଯ୍ୟ ଏବଂ ଲାଇବ୍ରେରୀର ବହୁଳ ବ୍ୟବହାର ନିମନ୍ତେ ପ୍ରୋତ୍ସାହିତ କରିଥିଲେ। ବରିଷ୍ଠ ଅଧ୍ୟାପକ ଡ. ପୂର୍ଣ୍ଣଚନ୍ଦ୍ର ବରାଳ ଗ୍ରନ୍ଥାଗାରର ସଦୁପଯୋଗ ଓ ବ୍ୟବହାର ନିମନ୍ତେ ଛାତ୍ରଛାତ୍ରୀଙ୍କୁ ପ୍ରୋତ୍ସାହିତ କରିଥିଲେ। ଆଇକ୍ୟୁଏସି ସେଲ ମୁଖ୍ୟ ଡ. ଦେବାଶିଷ ମହାନ୍ତି ଗ୍ରନ୍ଥାଗାରର ନୂତନ ସେବା ଯଥା ୱାନ ନେସନ ୱାନ ସବସ୍କ୍ରିପସନ ପୋର୍ଟାଲ ଏବଂ ଅନ୍ୟ ସେବା କିପରି ଛାତ୍ରଛାତ୍ରୀ ତଥା ଅଧ୍ୟାପକ, ଅଧ୍ୟାପିକାଙ୍କୁ ନୂତନ ଜ୍ଞାନ ଅର୍ଜନ ନିମନ୍ତେ ସହାୟକ ହେବ ସେ ସମ୍ବନ୍ଧରେ ଜଣାଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଲାଇବ୍ରେରୀର ଭାରପ୍ରାପ୍ତ ଅଧିକାରୀ ଅଧ୍ୟାପକ ଡ. ଶିବାନନ୍ଦ ସାହୁ, ପରୀକ୍ଷା ନିୟନ୍ତ୍ରକ ଡ. ସଞ୍ଜିତ କୁମାର ମହାପାତ୍ର, ବାଣିଜ୍ୟ ବିଭାଗ ମୁଖ୍ୟ ଡ. ରଜନୀକାନ୍ତ ଖୁଣ୍ଟିଆ ଗ୍ରନ୍ଥାଗାରିକ ଶୁଭାଶିଷ ପଣ୍ଡା ପ୍ରମୁଖ ଯୋଗଦେଇଥିଲେ। ଅଧ୍ୟାପିକା ଡ. ସୁଜାତା ସାହୁ ଏବଂ ସସ୍ମିତା ରାୟ ସହଯୋଗ କରିଥିଲେ। ଅଧ୍ୟାପିକା କଳ୍ପନା ଦାସ ଧନ୍ୟବାଦ ଅର୍ପଣ କରିଥିଲେ।

## କନିଷ୍ଠ ଶିକ୍ଷକ ସଂଘ ପକ୍ଷରୁ ଶାନ୍ତିପୂର୍ଣ୍ଣ ବିକ୍ଷୋଭ




ଢେଙ୍କାନାଳ, ୧୩।୮(ସମିସ): ଢେଙ୍କାନାଳ କନିଷ୍ଠ ଶିକ୍ଷକ ସଂଘ ପକ୍ଷରୁ ବିଭିନ୍ନ ଦାବି ନେଇ ବିକ୍ଷୋଭ ପ୍ରଦର୍ଶନ କରାଯାଇଛି। ଦାବି ପୂରଣ ନ ହେଲେ ଅନ୍ଦୋଳନକୁ ତୀବ୍ର କରିବାକୁ ଚେତାବନୀ ଦିଆଯାଇଛି। ପ୍ରାଥମିକ ଶିକ୍ଷା ବ୍ୟବସ୍ଥାରେ ଯେଉଁସବୁ ଐତିହାସିକ ପରିବର୍ତ୍ତନ ପାଇଁ ଗଣଶିକ୍ଷା ବିଭାଗ ଅଗଷ୍ଟ ୨ ତାରିଖ ଚିଠି ସଂଖ୍ୟା-୨୧୨୬୮ ଦ୍ୱାରା ପ୍ରକାଶ କରିଥିଲେ ତାହାକୁ ଗତ ୮ ତାରିଖ ପ୍ରତ୍ୟାହାର କରି ନିଆଯାଇଛି। ଫଳରେ ଯେଉଁ ସୁପାରିସ ଦ୍ୱାରା ଓଡ଼ିଶାର ଧ୍ୱଂସ ପାଇବାକୁ ବସିଥିବା ପ୍ରାଥମିକ ଶିକ୍ଷା ବ୍ୟବସ୍ଥାକୁ ନୂତନ ଦିଗଦର୍ଶନ ମିଳିପାରିଥାନ୍ତା ତାହାକୁ ପ୍ରତ୍ୟାହୃତ କରାଯାଇଛି। ପ୍ରାଥମିକ ଶିକ୍ଷା ବ୍ୟବସ୍ଥାରେ ଆରମ୍ଭରୁ ନିୟମିତ ଭାବେ ଶିକ୍ଷକ ନିଯୁକ୍ତି, ନୂତନ ଶିକ୍ଷକ ପଦବୀ ସୃଷ୍ଟି ଓ ଯୋଜନାଭିତ୍ତିକ କନିଷ୍ଠ ଶିକ୍ଷକମାନଙ୍କୁ ନିୟମିତ କରିବା ଏକ ଯୁଗାନ୍ତକାରୀ ନିଷ୍ପତ୍ତି ନିଆଯାଇଥିଲା, ହେଲେ ଏହାକୁ ବିଭାଗ ହଟାଇ ଦେଇଛି। ସେହି ସମାନ ସୁପାରିସ ପୁନଶ୍ଚ ସଂସ୍ଥାପନ କରିବା ପାଇଁ କନିଷ୍ଠ ଶିକ୍ଷକମାନେ ଦାବି କରିଛନ୍ତି। ଉକ୍ତ ସୁପାରିସକୁ ଆସନ୍ତା ୧୭ ତାରିଖ ସୁଦ୍ଧା ନିୟାମକରେ ପରିଣତ ନ କଲେ କନିଷ୍ଠ ଶିକ୍ଷକମାନେ ରାଜରାସ୍ତାରେ ଆନ୍ଦୋଳନ କରିବେ ବୋଲି ଚେତାବନୀ ଦେଇଛନ୍ତି।

## ବ୍ରହ୍ମାକୁମାରୀ ସଂସ୍ଥା ତରଫରୁ ରକ୍ଷାବନ୍ଧନ

ଢେଙ୍କାନାଳ, ୧୩।୮(ସମିସ): ସ୍ଥାନୀୟ ବ୍ରହ୍ମକୁମାରୀ ଆଶ୍ରମ ତରଫରୁ ରକ୍ଷାବନ୍ଧନ ଉତ୍ସବ ପାଳନ କରାଯାଇଛି। ଢେଙ୍କାନାଳ କେନ୍ଦ୍ର ପ୍ରଭାରୀ ବିକେ ଉଷାଙ୍କ ନେତୃତ୍ୱରେ ରକ୍ଷାବନ୍ଧନର ଗୁରୁତ୍ୱ ବିଷୟରେ ସଚେତନତା ସୃଷ୍ଟି କରାଯାଇଥିଲା। ସେମାନେ ରାସ୍ତା ପାର୍ଶ୍ୱରେ ସମାଜର ବିଭିନ୍ନ ବର୍ଗର ଲୋକଙ୍କୁ ରାକ୍ଷୀ ବାନ୍ଧିଥିଲେ। ଅପରାହ୍ଣରେ ଶ୍ରୀରାମ ମଣ୍ଡପରେ ଅନୁଷ୍ଠିତ ସାଧାରଣ ସଭାରେ କେନ୍ଦ୍ର ପ୍ରଭାରୀ ବିକେ ଉଷା କହିଥିଲେ ଯେ ଭାଇଚାରା ପ୍ରୋତ୍ସାହିତ କରିବା ବ୍ୟତୀତ ଦିବ୍ୟବନ୍ଧନର କୌଣସି ସୀମା ନାହିଁ। ଆମେ ପରସ୍ପର ସହ ଆଧ୍ୟାତ୍ମିକ ଭାବେ ଜଡ଼ିତ। ତେଣୁ ଆମେ ପୃଥିବୀରେ ଏକ ସୁସ୍ଥ ସାମାଜିକ ବ୍ୟବସ୍ଥା ପାଇଁ ଭାଇଚାରା ଏବଂ ସମନ୍ୱୟକୁ ପ୍ରୋତ୍ସାହିତ କରିପାରିବା ବୋଲି କହିଥିଲେ। ମୁଖ୍ୟଅତିଥି ଭାବେ ପାରାଦୀପ ଆଇଓସିଏଲ୍‌ର ମୁଖ୍ୟ ମହାପ୍ରବନ୍ଧକ ଡ. ତ୍ରିନାଥ ସାହୁ ସମ୍ମାନିତ ଅତିଥି ଭାବେ ଭାରତୀୟ ଜୀବନବୀମା ନିଗମର ଅବସରପ୍ରାପ୍ତ ଆଞ୍ଚଳିକ ପ୍ରବନ୍ଧକ ଅକ୍ଷୟ କୁମାର ସାହୁ ଯୋଗଦେଇ ମାର୍ଗଦର୍ଶନ କହିଥିଲେ।

# ତ୍ରିରଙ୍ଗା ପଦଯାତ୍ରା; ବିବିଧତା ମଧ୍ୟରେ ଏକତାର ବାର୍ତ୍ତା

### ■ ଢେଙ୍କାନାଳ ଜିଲ୍ଲା ପ୍ରଶାସନ



ଢେଙ୍କାନାଳ, ୧୩।୮(ସମିସ): ସଦର ମହକୁମା ବାଜି ଚୌକରୁ ଜିଲ୍ଲାପାଳ କାର୍ଯ୍ୟାଳୟ ସମ୍ମୁଖ ମିନି ଷ୍ଟାଡିୟମ ପର୍ଯ୍ୟନ୍ତ ଜିଲ୍ଲା ପ୍ରଶାସନ ପକ୍ଷରୁ ବିଶାଳ ତ୍ରିରଙ୍ଗା ପଦଯାତ୍ରା ଆୟୋଜନ କରାଯାଇଛି। ଏହି ଶୋଭାଯାତ୍ରା ଜରିଆରେ ବିବିଧତା ମଧ୍ୟରେ ଏକତାର ବାର୍ତ୍ତା ଦିଆଯାଇଛି। ଏଥିରେ ଜାତି, ଧର୍ମ, ବର୍ଣ୍ଣ, ନିର୍ବିଶେଷରେ ସମସ୍ତ ବର୍ଗର ଜନସାଧାରଣ ସାମିଲ ହୋଇଥିଲେ। ଶହ ଶହ ସଂଖ୍ୟାରେ ଛାତ୍ରଛାତ୍ରୀ, ସ୍ୱୟଂ ସହାୟକ ଗୋଷ୍ଠୀର ସଦସ୍ୟା, ଜିଲ୍ଲାର କଳାକାର ଗୋଷ୍ଠୀ, ବୁଦ୍ଧିଜୀବୀ, ଜନପ୍ରତିନିଧି, ସାମାଜିକ ଅନୁଷ୍ଠାନ, ପ୍ରଶାସନିକ ଅଧିକାରୀ ଓ ଗଣମାଧ୍ୟମ ପ୍ରତିନିଧି ଉତ୍ସାହ ଓ ଗର୍ବର ସହ ଜାତୀୟ ପତାକା ଧରି ଦେଶାତ୍ମବୋଧକ ସ୍ଲୋଗାନ ଦେଇ ପଦଯାତ୍ରା କରିଥିଲେ। ତ୍ରିରଙ୍ଗା ଯାତ୍ରାରେ ଜିଲ୍ଲାପାଳ ଆଶିଷ ଈଶ୍ୱର ପାଟିଲ, ପୌରାଧ୍ୟକ୍ଷା ଜୟନ୍ତୀ ପାତ୍ର, ଏସ୍‌ପି ଅଭିନବ ସୋନକର, ବନଖଣ୍ଡ ଅଧିକାରୀ ସୁମିତ କର, ଅତିରିକ୍ତ ଜିଲ୍ଲାପାଳ ରମେଶ ଚନ୍ଦ୍ର ସେଠୀ, ଜିଲ୍ଲାପରିଷଦ ମୁଖ୍ୟ ଉନ୍ନୟନ ତଥା ନିର୍ବାହୀ ଅଧିକାରୀ ଦୀପ୍ତିରଞ୍ଜନ ସେଠୀ ପ୍ରମୁଖ ଯୋଗଦେଇଥିଲେ।

### ● ଢେଙ୍କାନାଳ ଡାକମଣ୍ଡଳ



**ଢେଙ୍କାନାଳ:** ଢେଙ୍କାନାଳ ଡାକମଣ୍ଡଳ ତରଫରୁ ତ୍ରିରଙ୍ଗା ଯାତ୍ରା ଅନୁଷ୍ଠିତ ହୋଇଛି। ଏହି ପ୍ରଭାତଫେରି କାର୍ଯ୍ୟକ୍ରମରେ ଢେଙ୍କାନାଳ ଡାକ ଅଧିକ୍ଷକ କାର୍ଯ୍ୟାଳୟ ଏବଂ ଢେଙ୍କାନାଳ ପ୍ରଧାନ ଡାକଘରର ସମସ୍ତ କର୍ମଚାରୀ ଅଂଶଗ୍ରହଣ କରିଥିଲେ। ଶୋଭାଯାତ୍ରା ପ୍ରଧାନ ଡାକଘର ସମ୍ମୁଖରୁ ବାହାରି ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ, ବସଷ୍ଟାଣ୍ଡ, ମୁଖ୍ୟ ଷ୍ଟାଡିୟମ, ରାଜପ୍ରାସାଦ, ବଳରାମ ମନ୍ଦିର ଏବଂ ପରିବା ମାର୍କେଟ ଦେଇ ଫେରିଥିଲା। ଢେଙ୍କାନାଳ ଡାକମଣ୍ଡଳ ଅଧିକ୍ଷକ ଯମେଶ୍ୱର ଗଡ଼ନାୟକ ଏହାର ନେତୃତ୍ୱ ନେଇଥିଲେ। ଡାକମଣ୍ଡଳର ସହକାରୀ ଡାକ ଅଧିକ୍ଷକ ଅମୂଲ୍ୟ ପ୍ରସାଦ ପଣ୍ଡା, ପ୍ରଧାନ ଡାକଘରର ପୋଷ୍ଟମାଷ୍ଟର ସତ୍ୟବାଦୀ ଦାସ ପ୍ରମୁଖ ଉପସ୍ଥିତ ଥିଲେ।

### ■ ଢେଙ୍କାନାଳ ପୌରପାଳିକା



ଢେଙ୍କାନାଳ: ଢେଙ୍କାନାଳ ପୌରପାଳିକା ପକ୍ଷରୁ ତ୍ରିରଙ୍ଗା ଯାତ୍ରା ଅନୁଷ୍ଠିତ ହୋଇଛି। ଏହି ଅବସରରେ ସହରରେ ଥିବା ବରପୁତ୍ରମାନଙ୍କ ପ୍ରତିମୂର୍ତ୍ତିକୁ ସଫେଇ କରାଯାଇ ମାଲ୍ୟାର୍ପଣ କରାଯାଇଥିଲା। ଏଥିରେ ପୌରାଧ୍ୟକ୍ଷା ଜୟନ୍ତୀ ପାତ୍ର, ନିର୍ବାହୀ ଅଧିକାରୀ ଅଶ୍ୱିନୀ କୁମାର ଦାସ, ଯନ୍ତ୍ରୀ ରଶ୍ମିତା ମିଶ୍ରଙ୍କ ସମେତ ସମସ୍ତ କାଉନସିଲର ଓ ପୌର କର୍ମଚାରୀ ସାମିଲ ହୋଇଥିଲେ।

### ● ଯୋରନ୍ଦା ସରକାରୀ ଉଚ୍ଚ ବିଦ୍ୟାଳୟ

**ଗଁଦିଆ/ଯୋରନ୍ଦା:** ଢେଙ୍କାନାଳ ଜିଲ୍ଲା ଯୋରନ୍ଦା ସରକାରୀ ଉଚ୍ଚ ବିଦ୍ୟାଳୟ ଏନସିସି ଛାତ୍ରଛାତ୍ରୀଙ୍କ ନେତୃତ୍ୱରେ ସ୍କାଉଟ, ଗାଇଡ, ଜେଆରସି ଇକୋ କ୍ଲବ ଛାତ୍ରଛାତ୍ରୀଙ୍କ ଦ୍ୱାରା ତ୍ରିରଙ୍ଗା ସାଇକଲ ଶୋଭାଯାତ୍ରା ଅନୁଷ୍ଠିତ ହୋଇଛି। ସକାଳ ୮ଟାରେ ତେରମାଇଲ ଛକ ନିକଟରୁ ଶୋଭାଯାତ୍ରା ବାହାରି କାଙ୍କଲୁଣ୍ଡା, ଡିହସାହି, ଜାମୁସରା, ନାଟିମା, ତାରିଣୀ ଛକ, ପଞ୍ଚାୟତ କାର୍ଯ୍ୟାଳୟ, ଯୋରନ୍ଦା ଓ ଗାଦି ମନ୍ଦିର ଦେଇ ବିଦ୍ୟାଳୟକୁ ଫେରିଥିଲା। ଏନସିସି ଶିକ୍ଷକ ଉତ୍ତମ କୁମାର ସାମନ୍ତ ଶୋଭାଯାତ୍ରା ପରିଚାଳନା କରିଥିବା ବେଳେ ଗଜେନ୍ଦ୍ର ମଲିକ, ଶୁଭସ୍ମିତା ସ୍ୱାଇଁ ଓ ମଞ୍ଜୁବାଳା ବେହେରା ସହଯୋଗ କରିଥିଲେ। ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ତନୁଶ୍ରୀ ମିଶ୍ର ଓ ଢେଙ୍କାନାଳ ୧୨-ଓଡ଼ିଶା ଏନସିସି ବାଟାଲିୟନର




କମାଣ୍ଡିଂ ଅଫିସର ଲେଫନାଣ୍ଟ କର୍ଣ୍ଣେଲ ମାନସ ମିଶ୍ର ଏଥିରେ ସାମିଲ ହୋଇଥିଲେ।

### ■ ଢେଙ୍କାନାଳ ନଗର ବିଜେପି

**ଢେଙ୍କାନାଳ:** ଢେଙ୍କାନାଳ ନଗର ବିଜେପି ପକ୍ଷରୁ ତ୍ରିରଙ୍ଗା ଯାତ୍ରା ଅନୁଷ୍ଠିତ ହୋଇଛି। ଖାଦ୍ୟ ଯୋଗାଣ, ଖାଉଟି କଲ୍ୟାଣ ବିଭାଗ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ସ୍ଥାନୀୟ ବାଜିଚୌକରେ ପହଞ୍ଚି ସହିଦ ବାଜି ରାଉତଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବା ପରେ ପତାକା ଦେଖାଇ ତ୍ରିରଙ୍ଗା ଯାତ୍ରାର ଶୁଭାରମ୍ଭ କରିଥିଲେ। ଶୋଭାଯାତ୍ରା ମୁଖ୍ୟ ରାସ୍ତା ଦେଇ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ସମ୍ମୁଖରେ ଥିବା ଭାରତ ମାତାଙ୍କ ପ୍ରତିମୂର୍ତ୍ତିର ନିକଟରେ ପହଞ୍ଚିବା ପରେ ସେଠାରେ ଭାରତମାତା, ଅନ୍ୟାନ୍ୟ ମହାପୁରୁଷ ଓ




ସ୍ୱାଧୀନତା ସଂଗ୍ରାମୀଙ୍କୁ ଶ୍ରଦ୍ଧାଞ୍ଜଳି ଦିଆଯାଇ ଉଦଯାପିତ ହୋଇଥିଲା। ଏଥିରେ ପୌରାଧ୍ୟକ୍ଷା ଜୟନ୍ତୀ ପାତ୍ର, ପୂର୍ବତନ ମନ୍ତ୍ରୀ ନବୀନ ଚନ୍ଦ୍ର ନାରାୟଣ ଦାସ, ପୂର୍ବତନ ଜିଲ୍ଲା ସଭାପତି ନରେଶ ଚନ୍ଦ୍ର ମହାପାତ୍ର, ପୂର୍ବତନ ରାଜ୍ୟ କୃଷକ ମୋର୍ଚ୍ଚା ଉପସଭାପତି ରାମଚନ୍ଦ୍ର ପାତ୍ର, ଜିଲ୍ଲା ମିଡିଆ ପ୍ରଭାରୀ ନବକିଶୋର ଗୁରୁ, ଜିଲ୍ଲା ଉପସଭାପତି ମାତୃପ୍ରସାଦ ନନ୍ଦ, ଜିଲ୍ଲା ସାଧାରଣ ସମ୍ପାଦକ ରତିକାନ୍ତ ସାହୁ, ଓଡ଼ିଶା ସମବାୟ ବ୍ୟାଙ୍କ ପୂର୍ବତନ ସଭାପତି ଅକ୍ଷୟ କୁମାର ମହାନ୍ତି, ବରିଷ୍ଠ ନେତା ହର୍ଷବର୍ଦ୍ଧନ ସିଂହଦେଓ, ଯୁବମୋର୍ଚ୍ଚା ସଭାପତି ମହାଦୀପ ଯଶୋବନ୍ତ ମହିମା, ଅନୁସୂଚିତ ଜାତି ଜିଲ୍ଲା ସଭାପତି ଲକ୍ଷ୍ମୀଧର ଦଲେଇ, ନଗରମଣ୍ଡଳ ସଭାପତି ବିକାଶ ଚନ୍ଦ୍ର ସାହୁଙ୍କ ସମେତ ବହୁ କାର୍ଯ୍ୟକର୍ତ୍ତା ସାମିଲ ହୋଇଥିଲେ।

### ● ପରଜଙ୍ଗ ମହାବିଦ୍ୟାଳୟ




**ପରଜଙ୍ଗ:** ପରଜଙ୍ଗ ମହାବିଦ୍ୟାଳୟ ପକ୍ଷରୁ ତ୍ରିରଙ୍ଗା ଯାତ୍ରା ଅନୁଷ୍ଠିତ ହୋଇଛି। ମହାବିଦ୍ୟାଳୟ ଅଧ୍ୟକ୍ଷା ସ୍ମିତାରାଣୀ ସାହୁଙ୍କ ନେତୃତ୍ୱରେ ଛାତ୍ରଛାତ୍ରୀ ହାତରେ ତ୍ରିରଙ୍ଗା ଧରି ମହାବିଦ୍ୟାଳୟ ପରିସରରୁ ଶୋଭାଯାତ୍ରାରେ ବାହାରିଥିଲେ। ଶୋଭାଯାତ୍ରା ପଞ୍ଚାୟତ କାର୍ଯ୍ୟାଳୟ, ବ୍ଲକ କାର୍ଯ୍ୟାଳୟ, ହାଇସ୍କୁଲ, ମେଡିକାଲ ଦେଇ ପୁଣି ମହାବିଦ୍ୟାଳୟକୁ ପ୍ରତ୍ୟାବର୍ତ୍ତନ କରିଥିଲା। ଅଧ୍ୟାପକ ସଚ୍ଚିଦାନନ୍ଦ ପ୍ରଧାନ, ପ୍ରସନ୍ନ କୁମାର ସାହୁ, ପ୍ରଣବ ପ୍ରକାଶ ବେହେରା, ସମୀର ମୁକୁଟ, କୁମାର କୌଶିକ ଦେହୁରୀ, ସସ୍ମିତା ସାହୁ, ଦେବୀକୃପା ଦଳବେହେରା, କର୍ମଚାରୀ ଦୁର୍ଗାଚରଣ ରାଉତ, ବିନୟ କୁମାର ଦଳବେହେରା, ରୁକ୍ମିଣୀ ରାଉତ, ଅମୂଲ୍ୟ ସାହୁ ପ୍ରମୁଖ ଶୋଭାଯାତ୍ରା ପରିଚାଳନା କରିଥିଲେ। ସେହିପରି ୭୯ତମ ସ୍ୱାଧୀନତା ଦିବସ ପାଳନ ଉପଲକ୍ଷେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ରଚନା ଓ ବକ୍ତୃତା ଆଦି ପ୍ରତିଯୋଗିତା ହୋଇଥିଲା। ଅଧ୍ୟାପକ ଅଞ୍ଜନ କୁମାର ମହାରଣା, କୁଳମଣି ମେହେର, ମୌସୁମୀ ବାଗ, କମଳ କିଶୋର ଭୋଇ, ସମୀର ଭୋଇ ପ୍ରମୁଖ ଏଥିରେ ବିଚାରକ ଦାୟିତ୍ୱ ତୁଲାଇଥିଲେ।

# ଆସନ୍ତା ମାସ ଆମେରିକା ଯିବେ ମୋଦୀ

ନୂଆଦିଲ୍ଲୀ, ୧୩।୮ (ଏଜେନ୍ସି): ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଶୁଳ୍କ ଧମକ ଯୋଗୁଁ ଆମେରିକା ଏବଂ ଭାରତ ମଧ୍ୟରେ ସମ୍ପର୍କ ବିଗିଡ଼ିବାରେ ଲାଗିଛି। ସେ ଭାରତ ଉପରେ ୫୦ ପ୍ରତିଶତ ଜବାବୀ ଶୁଳ୍କ ଲଗାଇଛନ୍ତି। ବାଣିଜ୍ୟ ଚୁକ୍ତିକୁ ନେଇ ଭାରତ ସହ ଆଉ କୌଣସି ଆଲୋଚନା ହେବ ନାହିଁ ବୋଲି ଟ୍ରମ୍ପ କହିଛନ୍ତି। ଏପରି ସମୟରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ମାସ ଶେଷ ସପ୍ତାହରେ ଆମେରିକା ଗସ୍ତରେ ଯିବାର କାର୍ଯ୍ୟକ୍ରମ ରହିଛି। ସେ ମିଳିତ ଜାତିସଂଘ ମହାସଭା (ୟୁଏନଜିଏ)ର ବାର୍ଷିକ ବୈଠକରେ ସାମିଲ ହୋଇପାରନ୍ତି। ରିପୋର୍ଟ ଅନୁଯାୟୀ ଆମେରିକା ରାଷ୍ଟ୍ରପତିଙ୍କ ସହ ସାକ୍ଷାତ କରି ବ୍ୟବସାୟ ଏବଂ ଶୁଳ୍କ ସମ୍ବନ୍ଧିତ ବିବାଦର ସମାଧାନ ଏହି ଗସ୍ତର ପ୍ରମୁଖ ଉଦ୍ଦେଶ୍ୟ। ଏହି ଅବସରରେ ଉଭୟ ନେତା ବାଣିଜ୍ୟ ଚୁକ୍ତିର ଘୋଷଣା ମଧ୍ୟ କରିପାରନ୍ତି। ମୋଦୀ ସେପ୍ଟେମ୍ବର ୨୬ରେ ୟୁଏନଜିଏକୁ ସମ୍ବୋଧନ କରିବେ। ଏହି ସମୟରେ ସେ ଟ୍ରମ୍ପ ଏବଂ ଅନ୍ୟ ନେତାଙ୍କ ସହ ଦ୍ୱିପାକ୍ଷିକ ବୈଠକ କରିପାରନ୍ତି। ୟୁକ୍ରେନ ରାଷ୍ଟ୍ରପତି ଭୋଲ୍ଡାମିର ଜେଲେଁସ୍କି ମଧ୍ୟ ୟୁଏନଜିଏରେ ପ୍ରଧାନମନ୍ତ୍ରୀ ମୋଦୀଙ୍କ ସହ ଦେଖା କରିପାରନ୍ତି ବୋଲି କହିଛନ୍ତି। ଏହା ପୂର୍ବରୁ ମୋଦୀ ଗତ ଫେବୃଆରୀରେ ଆମେରିକା ଗସ୍ତରେ ଯାଇ ହ୍ୱାଇଟହାଉସରେ ଟ୍ରମ୍ପଙ୍କୁ ଭେଟିଥିଲେ। ଏଠାରେ ଶୁଳ୍କକୁ ନେଇ ମୋଦୀଙ୍କୁ ଟ୍ରମ୍ପ ପ୍ରଶଂସା କରି ଉତ୍ତମ ମୂଳଚାଲ କରୁଥିବା ବ୍ୟକ୍ତି ବୋଲି କହିଥିଲେ। ସେ ଭଲ କାମ କରୁଥିବା ଉଲ୍ଲେଖ କରିଥିଲେ।

# ଭାରତ ଆସିବେ ଚୀନ୍ ବୈଦେଶିକ ମନ୍ତ୍ରୀ

ନୂଆଦିଲ୍ଲୀ, ୧୩।୮(ଏଜେନ୍ସି): ଭାରତ ଓ ଚୀନ୍ ମଧ୍ୟରେ କୂଟନୈତିକ ସମ୍ପର୍କରେ ଦ୍ରୁତ ଉନ୍ନତି ପରିଲକ୍ଷିତ ହେଉଛି। ଆସନ୍ତା ସପ୍ତାହରେ ଚୀନ୍ ବୈଦେଶିକ ମନ୍ତ୍ରୀ ୱାଙ୍ଗ ୟି ଭାରତ ଆସିବେ। ୱାଙ୍ଗ ଆସନ୍ତା ୧୮ ତାରିଖରେ ଭାରତ ଆସି ଜାତୀୟ ନିରାପତ୍ତା ଉପଦେଷ୍ଟା (ଏନ୍ଏସ୍ଏ) ଅଜିତ ଡୋଭାଲଙ୍କୁ ଭେଟିବେ। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଚୀନ୍ ଗସ୍ତ ପୂର୍ବରୁ ୱାଙ୍ଗ ଭାରତ ଆସିବାକୁ ବେଶ୍ ଗୁରୁତ୍ୱ ଦିଆଯାଉଛି। ୨୦୨୦ରେ ଗଲୱାନ ଘାଟିରେ ଦୁଇ ଦେଶର ସୈନିକଙ୍କ ସଂଘର୍ଷ ଫଳରେ ସମ୍ପର୍କର ଅବନତୀ ହୋଇଥିଲା। ଦୁଇ ଦେଶ ମଧ୍ୟରେ ସୀମା ବିବାଦ ଓ କୂଟନୈତିକ ସମ୍ପର୍କରେ ଉନ୍ନତ ପାଇଁ ୱାଙ୍ଗ ଓ ଡୋଭାଲ ଆଲୋଚନା କରିବେ ବୋଲି ଆଶା କରାଯାଉଛି। ଗତମାସରେ ମଧ୍ୟ ଭାରତ ବୈଦେଶିକ ମନ୍ତ୍ରୀ ଏସ୍ ଜୟଶଙ୍କର ଚୀନ୍ ଗସ୍ତ କରି ଏସ୍ସିଓ ବୈଦେଶିକ ମନ୍ତ୍ରୀଙ୍କ ବୈଠକରେ ଯୋଗ ଦେଇଥିଲେ। ଏହାପୂର୍ବରୁ ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ ମଧ୍ୟ ଚୀନ୍ ଗସ୍ତ କରି ଏସ୍ସିଓ ପ୍ରତିରକ୍ଷା ମନ୍ତ୍ରୀଙ୍କ ବୈଠକରେ ଯୋଗ ଦେଇଥିଲେ। ସେହିପରି ମୋଦୀ ଅଗଷ୍ଟ ୩୧ରେ ଏସ୍ସିଓ ସମ୍ମିଳନୀରେ ଯୋଗ ଦେବାକୁ ଚୀନ୍ ଯିବେ।

# ବିଦେଶୀ ଅପରାଧୀଙ୍କୁ ବିଦା କରିବ ବ୍ରିଟେନ

ଲଣ୍ଡନ, ୧୩।୮ (ଏଜେନ୍ସି): ବ୍ରିଟେନ ପ୍ରଧାନମନ୍ତ୍ରୀ କେର ଷ୍ଟାର୍ମର ଦେଶରେ ଥିବା ବିଦେଶୀ ଅପରାଧୀଙ୍କ ବିରୋଧରେ ଦୃଢ଼ ପଦକ୍ଷେପ ନେଇଛନ୍ତି। ଦେଶରୁ ସବୁ ବିଦେଶୀ ଅପରାଧୀଙ୍କୁ ଡିପୋର୍ଟ ଅର୍ଥାତ ଦେଶରୁ ବାହାର କରିବାକୁ ସେ ନିଷ୍ପତ୍ତି ନେଇଛନ୍ତି। ସେ ଏହିକ୍ରମରେ 'ପ୍ରଥମେ ଡିପୋର୍ଟ, ପୁଣି ଅପିଲ୍' ନୀତିର ଘୋଷଣା କରିଛନ୍ତି। ଅର୍ଥାତ ବ୍ରିଟେନରେ ଅପରାଧ କରୁଥିବା ବ୍ୟକ୍ତିଙ୍କୁ ପ୍ରଥମେ ଦେଶରୁ ବାହାର କରାଯାଇ ତାଙ୍କ ଦେଶକୁ ପଠାଯିବ। ପୂର୍ବରୁ ଏଥିପାଇଁ ପ୍ରଥମେ ଅପିଲ କରିବାକୁ ପଡୁଥିଲା। କିନ୍ତୁ ଏବେ ଏହାର ସୁଯୋଗ ମିଳିବ ନାହିଁ। ଏବେ ନିଜ ଦେଶକୁ ଯାଇ ସମ୍ପୃକ୍ତ ଅପରାଧୀ ଅପିଲ୍ କରିବେ। ଏ ସଂକ୍ରାନ୍ତରେ ଜାରି ହୋଇଥିବା ନୂଆ ସୂଚୀରେ ଭାରତ, କାନାଡା ଓ ଅଷ୍ଟ୍ରେଲିଆ ଭଳି ଦେଶକୁ ସାମିଲ କରାଯାଇଛି। କିନ୍ତୁ ଆଶ୍ଚର୍ଯ୍ୟଜନକ ଭାବେ ପାକିସ୍ତାନକୁ ସାମିଲ କରାଯାଇ ନାହିଁ। କିଛି ଦିନତଳେ କୁଖ୍ୟାତ ଗ୍ରୁମିଂ ଗ୍ୟାଙ୍ଗ୍ ମାମଲାରେ ପାକିସ୍ତାନର କେତେଜଣ ନାଗରିକଙ୍କୁ ଗିରଫ କରାଯାଇଥିଲା। ଜାରି ହୋଇଥିବା ନୂଆ ଆଇନ୍ର ଦୁର୍ବ୍ୟବହାର କରିବୁ ନାହିଁ ବୋଲି ବ୍ରିଟେନ ଗୃହମନ୍ତ୍ରୀ ୟେଭେଜେଟ୍ କୁପର କହିଛନ୍ତି। କିନ୍ତୁ ଅପିଲକୁ ବାହନା କରି ଅପରାଧୀମାନେ ବ୍ରିଟେନରେ ଆଉ ରହିପାରିବେ ନାହିଁ ବୋଲି ସେ କହିଛନ୍ତି। ଉଲ୍ଲେଖଥାଉ କି, ବ୍ରିଟେନ ଜେଲ୍ରେ ଏବେ ୧୦୦ ପ୍ରତିଶତରୁ ଅଧିକ ଅପରାଧୀ ରହୁଛନ୍ତି। ବ୍ରିଟେନର ଜେଲ୍ରେ ଏବେ ୩୨୦ ଭାରତୀୟ ଅପରାଧୀ ରହୁଥିବା ବେଳେ ୩୧୭ ପାକିସ୍ତାନୀ ରହୁଛନ୍ତି। ପୂର୍ବରୁ ଏହି ତାଲିକାରେ ନାଇଜେରିଆ, ଇସ୍ତୋନିଆ, ଫିନ୍ଲ୍ୟାଣ୍ଡ, ଅଲବାନିଆ, ବେଲିଜ, ମରିସସ୍, ତାଞ୍ଜାନିଆ ଓ କୋସୋଭୋ ଭଳି ଦେଶ ସାମିଲ ରହିଥିଲେ।

# ଟ୍ରକ୍କୁ ଧକ୍କା ଦେଲା ପିକ୍-ଅପ୍; ୧୧ ମୃତ

ଜୟପୁର, ୧୩।୮ (ଏଜେନ୍ସି): ରାଜସ୍ଥାନ ଦୌସା ସୈନ୍ଥଲ ଥାନା ଅନ୍ତର୍ଗତ ବାପି ଗ୍ରାମ ନିକଟସ୍ଥ ଏନଏଚ-୧୪୮ରେ ବୁଧବାର ବଡି ଭୋରରେ ବଡ଼ ଦୁର୍ଘଟଣା ଘଟିଛି। ରାସ୍ତା କଡ଼ରେ ଛିଡ଼ା ହୋଇଥିବା ଏକ ଟ୍ରକ୍କୁ ଶ୍ରଦ୍ଧାଳୁଙ୍କୁ ନେଇ ଯାଉଥିବା ଏକ ପିକ୍-ଅପ୍ ଧକ୍କା ଦେଇଛି। ଏଥିରେ ୭ ଶିଶୁଙ୍କ ସହିତ ୧୧ ଜଣଙ୍କ ମୃତ୍ୟୁ ହୋଇଛି। ୪ ଜଣ ମଧ୍ୟ ଗୁରୁତର ଆହତ ହୋଇଛନ୍ତି। ଜୟପୁରର ସବାଇ ମାନସିଂହ ହସ୍ପିଟାଲରେ ଏମାନଙ୍କର ଚିକିତ୍ସା ଚାଲିଛି। ସମସ୍ତେ ଉତ୍ତର ପ୍ରଦେଶ ଏଟା ଏବଂ ଫିରୋଦାବାଦର ବାସିନ୍ଦା ଥିଲେ। ଜିଲ୍ଲାଧିକାରୀ ପ୍ରେମରଞ୍ଜନ ସିଂହଙ୍କ ସୂଚନା ଅନୁଯାୟୀ ଏଟାର ଅସରୌଲି ଗ୍ରାମରୁ ଦୁଇଟି ପିକ୍-ଅପ୍ ଭ୍ୟାନରେ ୪୫ ଶ୍ରଦ୍ଧାଳୁ ଖଟୁଶ୍ୟାମଙ୍କ ଦର୍ଶନ କରିବାକୁ ଯାଇଥିଲେ। ତେବେ ଦର୍ଶନ ସାରି ଫେରିବା ସମୟରେ ଶିଶୁ ଏବଂ ମହିଳାଙ୍କୁ ନେଇ ଆସୁଥିବା ପିକ-ଅପ୍ଟି ଦୁର୍ଘଟଣାର ଶିକାର ହୋଇଥିଲା। ଏଥିରେ ମୋଟ ୨୨ ଜଣ ଶ୍ରଦ୍ଧାଳୁ ଥିଲେ। ସୂଚନାଯୋଗ୍ୟ ଯେ ଦେଶରେ ସଡ଼କ ଦୁର୍ଘଟଣାରେ ରାଜସ୍ଥାନ ୬ ନମ୍ବର ସ୍ଥାନରେ ରହିଛି। ୨୦୨୨ର ତଥ୍ୟ ଅନୁଯାୟୀ ସଡ଼କ ଦୁର୍ଘଟଣାରେ ପ୍ରତି ବର୍ଷ ରାଜସ୍ଥାନରେ ୧୧ ହଜାର ଲୋକଙ୍କ ଜୀବନ ଯାଉଛି।

# ଟ୍ରମ୍ପଙ୍କୁ ଭେନଜୁଏଲା ରାଷ୍ଟ୍ରପତିଙ୍କ ଚାଲେଞ୍ଜ




## ଅପେକ୍ଷା କରିଛି; ଗିରଫ କରି ଦେଖାଅ

### ରାଷ୍ଟ୍ରପତି ମାଦୁରୋଙ୍କ ଉପରେ ୪୨୦ କୋଟି ପୁରସ୍କାର
### ୨ଟି ଜେଟ୍ ସମେତ ୭୦୦ ନିୟୁତ ଡଲାରର ସମ୍ପତ୍ତି ଜବତ
### ଦଖଲ ଦେଲେ ଆମେରିକା ସାମ୍ରାଜ୍ୟର ପତନ ହେବ: ମାଦୁରୋ
### ଭେନଜୁଏଲାକୁ ସମର୍ଥନ ଦେଲେ କଲମ୍ବିଆ ରାଷ୍ଟ୍ରପତି

କାରାକସ୍, ୧୩।୮ (ଏଜେନ୍ସି): ମନଇଚ୍ଛା ଧମକ ଦେଇ ସାରା ବିଶ୍ୱରେ ଆତଙ୍କର ବାତାବରଣ ସୃଷ୍ଟି କରିଥିବା ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କୁ ବଡ଼ ଆହ୍ୱାନ ମିଳିଛି। ନୋବେଲ ଶାନ୍ତି ପୁରସ୍କାର ପାଇଁ ଦାବି କରୁଥିବା ଟ୍ରମ୍ପଙ୍କୁ ଭେନଜୁଏଲା ରାଷ୍ଟ୍ରପତି ନିକୋଲାସ ମାଦୁରୋ ଖୋଲା ଚ୍ୟାଲେଞ୍ଜ ଦେଇଛନ୍ତି। 'ଯଦି ପାରିବ ମୋତେ ଗିରଫ କରି ଦେଖାଅ। ଏଥିପାଇଁ ରାଷ୍ଟ୍ରପତି ଭବନ ମିରାଫ୍ଲୋରେସରେ ଅପେକ୍ଷା କରି ରହିଛି। କାପୁରୁଷମାନେ ଏହି କାର୍ଯ୍ୟରେ ଜମାରୁ ବିଳମ୍ବ କରନାହିଁ ବୋଲି ମାଦୁରୋ କହିଛନ୍ତି।


ସୂଚନା ଅନୁଯାୟୀ ଆମେରିକା ଗତ ୭ ତାରିଖରେ ମାଦୁରୋଙ୍କୁ ଗିରଫ କରିବା ଲାଗି ୨.୫ କୋଟି ଡଲାର ଅର୍ଥାତ୍ ପ୍ରାୟ ୪୨୦ କୋଟି ଟଙ୍କାର ପୁରସ୍କାର ଘୋଷଣା କରିଥିଲା। ଏହାବ୍ୟତୀତ ତାଙ୍କ ସହ ଜଡ଼ିତ ୭୦୦ ନିୟୁତ ଡଲାର (ପ୍ରାୟ ୬୧୨୭ କୋଟି ଟଙ୍କା)ରୁ ଅଧିକ ସମ୍ପତ୍ତି ମଧ୍ୟ ଜବତ କରାଯାଇଛି। ଏଥିରେ ଦୁଇଟି ଘରୋଇ ବିମାନ ସାମିଲ ରହିଛି। ଆମେରିକା ମାଦୁରୋଙ୍କ ବିରୋଧରେ ଗୁରୁତର ଅଭିଯୋଗ ଲଗାଇଛି। ଏହାକୁ ନେଇ ଦୁଇ ଦେଶ ମଧ୍ୟରେ ସମ୍ପର୍କ ବିଗିଡିବାରେ ଲାଗିଛି। ଟ୍ରମ୍ପ ପ୍ରଶାସନ ଅଭିଯୋଗ କରିଛି ଯେ ମାଦୁରୋ ନିଶା ଚାଲାଣ କରୁଛନ୍ତି ଏବଂ ନିଶା କାରବାର କରୁଥିବା ଗୋଷ୍ଠୀ ସହ ମିଶି ଆମେରିକାକୁ ଫେଣ୍ଟାନାଇଲ ମିଶ୍ରିତ କୋକେନ ପଠାଉଛନ୍ତି। ଏବେ ମାଦୁରୋଙ୍କ ପାଖରେ ୭ ଟନ୍ କୋକେନ ରହିଛି। ସେ ଏହାକୁ ଆମେରିକା ପଠାଇବାକୁ ପ୍ରସ୍ତୁତି କରୁଛନ୍ତି।

ଏହାକୁ ନେଇ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛନ୍ତି ମାଦୁରୋ। ଦେଶର ଘରୋଇ ମାମଲାରେ ହସ୍ତକ୍ଷେପ ନକରିବାକୁ ଟ୍ରମ୍ପଙ୍କୁ ଚେତାବନୀ ଦେଇଛନ୍ତି। ଆମେରିକା ନେତା ଏଭଳି ପ୍ରୟାସ କଲେ ଦୃଢ଼ ଜବାବ ଦିଆଯିବ। ଏହାଦ୍ୱାରା ଆମେରିକା ସାମ୍ରାଜ୍ୟର ବି ଅନ୍ତ ହୋଇପାରେ। ଭେନଜୁଏଲା ସେନାମୁଖ୍ୟ ଡୋମିଙ୍ଗୋ ହର୍ଣ୍ଣାଣ୍ଡିଜ ଲାରେଜ ମଧ୍ୟ ମାଦୁରୋଙ୍କୁ ସମର୍ଥନ ଦେଇଛନ୍ତି। ସେନା ତାଙ୍କ ସହ ଅଛି ବୋଲି କହିଛନ୍ତି। ହଲିଉଡ ଚଳଚ୍ଚିତ୍ର ପରି ଆମେରିକା ଆମ ରାଷ୍ଟ୍ରପତିଙ୍କ ଗିରଫ ପାଇଁ ପୁରସ୍କାର ଘୋଷଣା କରୁଛି। ଏହା ଦେଶ ପାଇଁ ଅପମାନ। ସେହିପରି ରାଷ୍ଟ୍ରପତିଙ୍କ ଉପରେ ପୁରସ୍କାର ରାଶି ବୃଦ୍ଧି ଘୋଷଣା କରି ଆମେରିକା ରାଜନୈତିକ ଅପପ୍ରଚାର କରୁଛି ବୋଲି ବିଦେଶମନ୍ତ୍ରୀ ଇଭାନ ଗିଲ୍ କହିଛନ୍ତି।

୨୦୨୦ରେ ଆମେରିକାର ମ୍ୟାନହାଟନ ସଂଘୀୟ ଅଦାଲତରେ ମାଦୁରୋଙ୍କ ବିରୋଧରେ ନାର୍କୋ-ଟେରରିଜିମ ଏବଂ କୋକେନ ଚାଲାଣ ମାମଲାର ଅଭିଯୋଗ କରାଯାଇଥିଲା। ସେ ସମୟରେ ଟ୍ରମ୍ପ ପ୍ରଶାସନ ଭେନଜୁଏଲା ରାଷ୍ଟ୍ରପତିଙ୍କ ଗିରଫ ପାଇଁ ୧.୫ କୋଟି ଡଲାର ପୁରସ୍କାର ଘୋଷଣା କରିଥିଲା। ଏହା ପରେ ଟ୍ରମ୍ପ ପ୍ରଶାସନ ଗତ ଗୁରୁବାର ଏହାକୁ ୨.୫ କୋଟି ଡଲାରକୁ ବୃଦ୍ଧି କରିଥିଲେ। ସୂଚନାଯୋଗ୍ୟ ଯେ ମାଦୁରୋ ୨୦୧୩ରୁ ଭେନଜୁଏଲାରେ କ୍ଷମତାରେ ଅଛନ୍ତି। ଆମେରିକା, ୟୁରୋପୀୟ ସଂଘ ଏବଂ ଲାଟିନ ଆମେରିକୀୟ ଦେଶଗୁଡ଼ିକ ତାଙ୍କ ବିରୋଧରେ ନିର୍ବାଚନରେ ଜାଲିଆତି ଅଭିଯୋଗ ଲଗାଇଛନ୍ତି। ଭେନଜୁଏଲାକୁ କଲମ୍ବିଆ ରାଷ୍ଟ୍ରପତି ଗୁସ୍ତାବୋ ପେଟ୍ରୋ ସମର୍ଥନ ଦେଇଛନ୍ତି। ଭେନଜୁଏଲା ଉପରେ ଆକ୍ରମଣକୁ କଲମ୍ବିଆ ଉପରେ ଆକ୍ରମଣ ଭାବେ ଧରାଯିବ ବୋଲି କହିଛନ୍ତି। ଭେନଜୁଏଲା ସାର୍ବଭୌମତ୍ୱର ରକ୍ଷା କରାଯିବ ବୋଲି ସେ ଉଲ୍ଲେଖ କରିଛନ୍ତି। ସାର୍ବଭୌମତ୍ୱ ସହ ସାଲିସ ନ କରି ନିଶା କାରବାର ବିରୋଧରେ କାର୍ଯ୍ୟାନୁଷ୍ଠାନ ନେବାକୁ କହିଛନ୍ତି।

# ସେନାମୁଖ୍ୟଙ୍କ ପରେ ପାକିସ୍ତାନ ପ୍ରଧାନମନ୍ତ୍ରୀଙ୍କ ଧମକ

ଇସଲାମାବାଦ, ୧୩।୮ (ଏଜେନ୍ସି): ଭାରତର 'ଅପରେସନ ସିନ୍ଦୂର'ରେ ଭୟଭୀତ ହୋଇ ଅସ୍ତ୍ରବିରତି ଅନୁରୋଧ କରିଥିବା ପାକିସ୍ତାନ ନିଜର ପୁରୁଣା ଦୋଷକୁ ଛାଡ଼ି ପାରୁନି। ଖାଲି ବୃଥା ପ୍ରଳାପ କରି ଚାଲିଛି। ଭାରତ ସିନ୍ଧୁ ଚୁକ୍ତି ସ୍ଥଗିତ କରିବା ଦିନଠାରୁ ପାକିସ୍ତାନର ନିଦ ହଜି ଯାଇଛି। ପାଣି ପାଇଁ ଚାତକ ପରି ଚାହିଁ ରହିଥିବା ପାକିସ୍ତାନ ପାଇଁ ଏହା ଅସହ୍ୟ ହୋଇଯାଇଛି। ପାକିସ୍ତାନ ସେନାମୁଖ୍ୟ, ପୂର୍ବତନ ମନ୍ତ୍ରୀ ବିଲାୱଲ ଭୁଟ୍ଟୋଙ୍କ ପରେ ଏବେ ପାକିସ୍ତାନ ପ୍ରଧାନମନ୍ତ୍ରୀ ଶାହବାଜ ସରିଫ ମଧ୍ୟ ଭାରତକୁ ଧମକ ଦେଇଛନ୍ତି। ସିନ୍ଧୁ ନଦୀର ପାଣି ରୋକିଲେ ନିର୍ଣ୍ଣାୟକ ଉପାୟରେ ଭାରତକୁ ଏହାର ଜବାବ ଦିଆଯିବ ବୋଲି କହିଛନ୍ତି। ଇସଲାମାବାଦରେ ମଙ୍ଗଳବାର ଅନୁଷ୍ଠିତ ଏକ କାର୍ଯ୍ୟକ୍ରମରେ ଯୋଗ ଦେଇ ଶାହବାଜ ସରିଫ ଏହି ଧମକ ଦେଇଛନ୍ତି।



ଶାହବାଜ କହିଥିଲେ ଯେ ଭାରତ ଖାଲି ପାଣି ବନ୍ଦ କରିବାକୁ ଧମକ ଦେଉଛି। କିନ୍ତୁ ପାକିସ୍ତାନର ବୁନ୍ଦେ ପାଣିକୁ ବି ଭାରତ ଛଡ଼ାଇ ନେଇପାରିବ ନାହିଁ। ଯଦି ଏଭଳି କରିବାକୁ ପ୍ରୟାସ କରାଯାଏ, ତେବେ ତାହା ସିନ୍ଧୁ ଚୁକ୍ତିର ଉଲ୍ଲଙ୍ଘନ ହେବ। ପାକିସ୍ତାନ ଏହାର ଦୃଢ଼ ଜବାବ ଦେବ। ପାଣି ହେଉଛି ପାକିସ୍ତାନର ଜୀବନ ରେଖା। ଅନ୍ତର୍ଜାତୀୟ ଚୁକ୍ତି ଅଧୀନରେ ଦେଶକୁ ମିଳିଥିବା ଅଧିକାର ସହ କେବେ ବି ସାଲିସ କରାଯିବ ନାହିଁ।

ଏହାକୁ ମିଶାଇ ଗତ ୪୮ ଘଣ୍ଟା ମଧ୍ୟରେ ପାକିସ୍ତାନର ତିନି ପ୍ରମୁଖ ବ୍ୟକ୍ତି ଭାରତକୁ ଏଭଳି ଧମକ ଦେଲେଣି। ପ୍ରଥମେ ସେନାମୁଖ୍ୟ ଅସିମ ମୁନୀର ଆମେରିକାରେ ରହି ଏହି ଦେଶର ନିୟମକୁ ଉଲ୍ଲଙ୍ଘନ କରି ଭାରତକୁ ପରମାଣୁ ଧମକ ଦେଇଥିଲେ। ପରେ ଗତକାଲି ବିଲାୱଲ ଭୁଟ୍ଟୋ ସିନ୍ଧୁ ଜଳ ରୋକିଲେ ଯୁଦ୍ଧ ହେବ ବୋଲି କହିଥିଲେ। ଆମେରିକା ବଳରେ ପାକିସ୍ତାନ ଏଭଳି ଭାରତ ବିରୋଧୀ ମନ୍ତବ୍ୟ ଦେଇଚାଲିଛି ବୋଲି କୁହାଯାଉଛି।

# ରିପୋର୍ଟ ପାଇଁ ସାମ୍ବାଦିକଙ୍କ ବିରୋଧରେ ଦେଶଦ୍ରୋହ ମାମଲା ହୋଇପାରିବ ନାହିଁ: ସୁପ୍ରିମକୋର୍ଟ



ନୂଆଦିଲ୍ଲୀ, ୧୩।୮: ସାମ୍ବାଦିକମାନଙ୍କ ଦ୍ୱାରା ପ୍ରକାଶିତ କୌଣସି ଖବର ଆଲେଖ୍ୟ ବା ଭିଡିଓ ପାଇଁ ସେମାନଙ୍କ ବିରୋଧରେ ଦେଶଦ୍ରୋହ ମାମଲା ଦାଏର କରାଯାଇପାରିବ ନାହିଁ। ଭାରତୀୟ ନ୍ୟାୟ ସଂହିତା ବା ବିଏନ୍ଏସ୍ର ଧାରା ୧୫୨ ସେମାନଙ୍କ ବିରୋଧରେ ପ୍ରୟୋଗ କରାଯାଇପାରିବ ନାହିଁ। ନ୍ୟୁଜ ୱେବସାଇଟ୍ 'ଦି ୱାୟାର'ର ସଂପାଦକ ସିଦ୍ଧାର୍ଥ ବର୍ଦ୍ଧରାଜନଙ୍କ ବିରୋଧରେ ଆଗତ ଏଭଳି ମାମଲାକୁ ଖାରଜ କରି ଏହା କହିଛନ୍ତି ସୁପ୍ରିମକୋର୍ଟ। ଆସାମ ପୁଲିସ ଏହି ମାମଲାରେ ତାଙ୍କୁ ଗିରଫ କରିପାରିବ ନାହିଁ ବୋଲି କୋର୍ଟ ସ୍ପଷ୍ଟ କରିଦେଇଛନ୍ତି। ଅପରେସନ ସିନ୍ଦୂର ବେଳେ ଭାରତୀୟ ବାୟୁସେନା ଏହାର କିଛି ଯୁଦ୍ଧ ବିମାନ ହରାଇଛି ବୋଲି 'ଦି ୱାୟାର'ରେ ପ୍ରସାରିତ ହୋଇଥିଲା। ଏହା ଦେଶଦ୍ରୋହ ବୋଲି ଯୁକ୍ତି କରି ତାଙ୍କ ବିରୋଧରେ ଆସାମ ପୁଲିସ ବିଏନ୍ଏସ୍ ଧାରା ୧୫୨ ଲାଗୁ କରିଥିଲା। ଅନ୍ୟପକ୍ଷରେ ବର୍ଦ୍ଧରାଜନ କହିଥିଲେ ଯେ ଭାରତୀୟ ସେନା ଅଧିକାରୀ ଦେଇଥିବା ସୂଚନାକୁ ଆଧାର କରି ଏହି ରିପୋର୍ଟ ପ୍ରକାଶ କରାଯାଇଥିଲା।

ଜଷ୍ଟିସ ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ ଜୟମାଲ୍ୟ ବାଗଚୀଙ୍କୁ ନେଇ ଗଠିତ ଖଣ୍ଡପୀଠ ମାମଲାର ଶୁଣାଣି ବେଳେ ପ୍ରଶ୍ନ କରିଥିଲେ ଯେ କୌଣସି ରିପୋର୍ଟ ବା ନ୍ୟୁଜ୍ ଭିଡିଓ ପାଇଁ ସାମ୍ବାଦିକଙ୍କୁ ଦେଶଦ୍ରୋହ ମାମଲାର ଫସାଇବା ଠିକ୍ କି? ସେମାନଙ୍କୁ କଣ ଏଥିପାଇଁ ଗିରଫ କରାଯିବ? ଜଷ୍ଟିସ ସୂର୍ଯ୍ୟକାନ୍ତ କହିଲେ ଯେ ସାମ୍ବାଦିକଙ୍କ ଦ୍ୱାରା ଲିଖିତ ରିପୋର୍ଟ କିପରି ଦେଶର ଏକତା ଓ ଅଖଣ୍ଡତା ପ୍ରତି ବିପଦ ସୃଷ୍ଟି କରିବ? ଏହା ହେଉଛି କେବଳ ନ୍ୟୁଜ ଆର୍ଟିକଲ। ଭାରତ ଭିତରକୁ ଚାଲାଣ ହୋଇଥିବା ବେଆଇନ ଅସ୍ତ୍ରଶସ୍ତ୍ର ନୁହେଁ।

# ସାଭରକର ମାନହାନୀ ମାମଲା

# 'ରାହୁଲଙ୍କ ଜୀବନ ପ୍ରତି ବିପଦ ଅଛି'

ନୂଆଦିଲ୍ଲୀ, ୧୩।୮ (ଏଜେନ୍ସି): କଂଗ୍ରେସ ନେତା ରାହୁଲ ଗାନ୍ଧୀଙ୍କ ଜୀବନ ପ୍ରତି ବିପଦ ରହିଛି ବୋଲି ତାଙ୍କ ଓକିଲ ଅଭିଯୋଗ କରିଛନ୍ତି। ପୁଣେର ଏକ କୋର୍ଟରେ ସେ ଏହି ଅଭିଯୋଗ ଆଣିଛନ୍ତି। ବୀର ସାଭରକର ମାନହାନୀ ମୋକଦ୍ଦମା ଶୁଣାଣି ବେଳେ ରାହୁଲଙ୍କ ଓକିଲ କହିଲେ ଯେ ତାଙ୍କ ବିରୋଧରେ ମାନହାନୀ କେସ୍ ଦାଏର କରିଥିବା ଲୋକମାନେ ହେଉଛନ୍ତି ନାଥୁରାମ ଗଡ୍ସେଙ୍କ ବଂଶଧର। ଏହି ମାମଲାରେ ରାହୁଲ ଏମ୍ପି/ଏମ୍ଏଲଏ ସ୍ୱତନ୍ତ୍ର କୋର୍ଟରେ ଆବଶ୍ୟକ ସୁରକ୍ଷା ଯୋଗାଇ ଦେବାକୁ ଓ ନିରପେକ୍ଷ ଭାବେ ଶୁଣାଣି କରିବାକୁ ସେ ଅପିଲ କରିଛନ୍ତି। ଏହା ରାଜ୍ୟର ସାମ୍ବିଧାନିକ ଦାୟିତ୍ୱ ବୋଲି ସେ କହିଛନ୍ତି। ଏହି ମାମଲାର ପରବର୍ତ୍ତୀ ଶୁଣାଣି ସେପ୍ଟେମ୍ବର ୧୦ରେ ହେବ।

ଭୋଟ ଚୋରି ଅଭିଯୋଗ କରିବା ପରେ ରାହୁଲ ଗାନ୍ଧୀଙ୍କ ପ୍ରତି ବିପଦ ବୃଦ୍ଧି ପାଇଛି ବୋଲି ତାଙ୍କ ଓକିଲ ମିଲିନ୍ଦ ପାୱାର କହିଛନ୍ତି। ବିଜେପି ନେତା ଆରଏନ୍ ବିଟ୍ଟୁ ରାହୁଲଙ୍କୁ ଆତଙ୍କବାଦୀ ବୋଲି କହିଥିବା କଥା ସେ କୋର୍ଟରେ କହିଛନ୍ତି। ସେହିପରି ଯଦି ରାହୁଲ ତାଙ୍କ ଆଚରଣ ନ ବଦଳାନ୍ତି ତେବେ ତାଙ୍କ ଅବସ୍ଥା ଜେଜେମା ଇନ୍ଦିରା ଗାନ୍ଧୀଙ୍କ ଭଳି ହେବ ବୋଲି ବିଜେପିର ଅନ୍ୟଏକ ନେତା ତରବିନ୍ଦର ମାରବାହ କହିଥିଲେ ବୋଲି ସେ କୋର୍ଟଙ୍କୁ ଅବଗତ କରାଇଛନ୍ତି। ସେହିପରି ସାଭରକର ଓ ଗଡସେଙ୍କ ପରିବାର ସହ ମାନହାନୀ ମକଦ୍ଦମା କରିଥିବା ସାତ୍ୟକୀ ସାଭରକରଙ୍କ ସମ୍ପର୍କ ରହିଛି ବୋଲି ମିଲିନ୍ଦ କହିଛନ୍ତି। ଜଣେ ସଚ୍ଚା ହିନ୍ଦୁ କେବେବି ହିଂସକ ହୋଇପାରିବ ନାହିଁ ବୋଲି ରାହୁଲ କହିଛନ୍ତି। ଉଲ୍ଲେଖଥାଉ କି, ରାହୁଲ ୨୦୨୩ ମାର୍ଚ୍ଚରେ ତାଙ୍କ ଲଣ୍ଡନ ଭାଷଣରେ ଭିଡି ସାରଭରକରଙ୍କୁ ନେଇ ଆପତ୍ତିଜନକ ମନ୍ତବ୍ୟ ଦେଇଥିଲେ ଓ ସାତ୍ୟକୀ ଏହା ବିରୋଧରେ ମାନହାନୀ ମକଦ୍ଦମା କରିଥିଲେ।



ଅବଶ୍ୟ ରାହୁଲ ପୂର୍ବରୁ ଏକାଧିକ ବାର ସାଭରକରଙ୍କ ବିରୋଧରେ ଆପତ୍ତିଜନକ ମନ୍ତବ୍ୟ ଦେଇ ଚର୍ଚ୍ଚା ସୃଷ୍ଟି କରିଥିଲେ। ତାଙ୍କୁ ଏଥିପାଇଁ ସୁପ୍ରିମକୋର୍ଟ ଗତ ଏପ୍ରିଲ ୨୬ରେ ତାଗିଦ ମଧ୍ୟ କରିଛନ୍ତି।

# କଶ୍ମୀରରେ ଯବାନ ସହିଦ

ଶ୍ରୀନଗର, ୧୩।୮ (ଏଜେନ୍ସି): ଉତ୍ତର କଶ୍ମୀରର ଉରି କ୍ଷେତ୍ର ସ୍ଥିତ ଏଲଓସିରେ ଆତଙ୍କବାଦୀ ଅନୁପ୍ରବେଶ ଉଦ୍ୟମକୁ ସେନା ବିଫଳ କରିଦେଇଛି। ଏହି ଅଭିଯାନ ସମୟରେ ଜଣେ ଯବାନ ସହିଦ ହୋଇଛନ୍ତି। ସୁରକ୍ଷାବାହିନୀ ସମ୍ପୂର୍ଣ୍ଣ ଅଞ୍ଚଳକୁ ଘେରଉ କରି ତଲାସୀ ଅଭିଯାନ ଆରମ୍ଭ କରିଦେଇଛି। ଗତ ୧୩ ଦିନ ମଧ୍ୟରେ ତୃତୀୟ ଥର ଆତଙ୍କବାଦୀ ସହ ସେନାର ସଂଘର୍ଷ ଜାରି ରହିଛି। ଏହା ପୂର୍ବରୁ ଅଗଷ୍ଟ ୧୦ରେ କିସ୍ତୱାଡର ଦୁଲ ଅଞ୍ଚଳରେ ଆତଙ୍କବାଦୀ ଲୁଚି ରହିଥିବାର ଖବର ପାଇ ସେନା ତଲାସୀ ଅଭିଯାନ ଆରମ୍ଭ କରିଥିଲା। ଏହି ସମୟରେ ଆତଙ୍କବାଦୀଙ୍କ ଯବାନଙ୍କ ଉପରେ ଗୁଳି ମାଡ଼ କରିଥିଲେ। ଏବେ ବି ଏଠାରେ ତଲାସୀ ଅଭିଯାନ ଜାରି ରହିଛି।

# ତାମିଲନାଡୁ ରାଜ୍ୟପାଳଙ୍କଠାରୁ ଡିଗ୍ରୀ ନେବାକୁ ମନାକଲେ ପିଏଚ୍‌ଡି ଛାତ୍ରୀ




ଚେନ୍ନଇ, ୧୩।୮ (ଏଜେନ୍ସି): ତାମିଲନାଡୁର ମନୋନମନିୟମ ସୁନ୍ଦରନର ବିଶ୍ୱବିଦ୍ୟାଳୟ (ଏମ୍ଏସ୍ୟୁ)ରେ ବୁଧବାର ଆୟୋଜିତ ଦୀକ୍ଷାନ୍ତ ସମାରୋହରେ ଏକ ଅଭାବନୀୟ ଘଟଣା ଦେଖିବାକୁ ମିଳିଛି। ଏଥିରେ ଜଣେ ପିଏଚ୍ଡି ଛାତ୍ରୀ ରାଜ୍ୟପାଳ ରବିଙ୍କ ଠାରୁ ଡିଗ୍ରୀ ।।ନେବାକୁ ମନା କରିଦେଇଛନ୍ତି। ଅନ୍ୟପକ୍ଷରେ ସେ କୁଳପତିଙ୍କ ଠାରୁ ଏହି ଡିଗ୍ରୀ ଗ୍ରହଣ କରିଛନ୍ତି। ଜୀନ ଯୋଶେଫ ନାମକ ଏହି ଛାତ୍ରୀ ଅଭିଯୋଗ କରିଛନ୍ତି ଯେ ରାଜ୍ୟପାଳ ରବି ତାମିଲନାଡୁର ସ୍ୱାର୍ଥ ବିରୋଧରେ କାମ କରୁଥିବାରୁ ଏହାର ପ୍ରତିବାଦ ଜଣାଇ ତାଙ୍କ ଠାରୁ ଡିଗ୍ରୀ ନେଇନାହାନ୍ତି। ଏଭଳି ରାଜ୍ୟପାଳଙ୍କ ଠାରୁ ଡିଗ୍ରୀ ଗ୍ରହଣ କରିବାକୁ ସେ ଉଚିତ ମନେ କରୁନାହାନ୍ତି। ତାମିଲନାଡୁ ସରକାର ଓ ରାଜ୍ୟପାଳ ଆରଏନ୍ ରବିଙ୍କ ମଧ୍ୟରେ ଦୀର୍ଘ ଦିନ ଧରି ବିବାଦ ଚାଲିଥିବା ବେଳେ ଏହି ଛାତ୍ରୀଙ୍କ ଏଭଳି ଆଭିମୁଖ୍ୟ ସାରା ରାଜ୍ୟେରେ ଆଲୋଡ଼ନ ସୃଷ୍ଟି କରିଛି। ଯୋଶେଫ୍ ଜଣେ ଡିଏମକେ ନେତାଙ୍କ ପତ୍ନୀ ବୋଲି କୁହାଯାଉଛି।

# ଡାକ୍ତର ଅଭାବ; ହଜାର ହଜାର ପିଜି-ୟୁଜି ସିଟ୍ ଖାଲି

ନୂଆଦିଲ୍ଲୀ, ୧୩।୮ (ଏଜେନ୍ସି): ଦେଶରେ ଡାକ୍ତର ଅଭାବ ସମସ୍ୟା ଜଟିଳ ହେବାରେ ଲାଗିଛି। ଅନେକ ସରକାରୀ ହସ୍ପିଟାଲରେ ଧାର୍ଯ୍ୟ ପଦବୀରେ ଡାକ୍ତର ନାହାନ୍ତି। ଏପରି ସମୟରେ ସାଂଘାତିକ ତଥ୍ୟ ସାମ୍ନାକୁ ଆସିଛି। ଦେଶରେ ହଜାର ହଜାର ଡାକ୍ତରୀ ସିଟ୍ ଖାଲି ପଡ଼ିଛି। ଖୋଦ୍ କେନ୍ଦ୍ର ସରକାର ସଂସଦରେ ଏହି ସୂଚନା ଦେଇଛନ୍ତି। ଅନ୍ୟପକ୍ଷରେ ଦେଶରେ ଡାକ୍ତରୀ ପଢ଼ିବା ପାଇଁ ସୁଯୋଗ ମିଳୁ ନ ଥିବାବେଳେ ପିଲା ବିଦେଶକୁ ଯାଉଛନ୍ତି। ସେଠାରେ ଭାରତଠାରୁ ବହୁତ କମ୍ ଅର୍ଥରେ ପାଠ ପଢୁଛନ୍ତି। ମାତ୍ର ସେମାନେ ଅନେକ ସମସ୍ୟା ଦେଇ ଗତି କରୁଛନ୍ତି। କେବେ ଯୁଦ୍ଧ ଲାଗି ସମସ୍ୟାର ସମ୍ମୁଖୀନ ହେଉଛନ୍ତି ତ ଆଉ କେବେ ବର୍ଣ୍ଣବୈଷମ୍ୟବାଦର ଶିକାର ହୋଇ ପ୍ରାଣ ହରାଇଥିବା ମଧ୍ୟ ନଜିର ରହିଛି। ଏପରି ସ୍ଥଳେ ଦେଶରେ ମେଡିକାଲ ସିଟ୍ ଖାଲି ରହିବା ଚିନ୍ତା ବଢ଼ାଉଛି।

## ସରକାରୀ ଅନୁଷ୍ଠାନରେ ସିଟ୍ ନ ମିଳିବାରୁ ପଢିବାକୁ ବିଦେଶ ଯାଉଛନ୍ତି ପିଲା

୨୦୨୨-୨୩ ଶିକ୍ଷା ବର୍ଷରେ ଦେଶରେ ସର୍ବାଧିକ ୪,୧୪୬ ୟୁଜି ସିଟ୍ ଖାଲି ରହିଥିଲା। ସେହିପରି ୨୦୨୧-୨୨ରେ ୨,୦୧୨ କୋଟି, ୨୦୨୩-୨୪ରେ ୨,୯୫୯ ଏବଂ ୨୦୨୪-୨୫ରେ ୨, ୮୪୯ ସିଟ୍ ଖାଲି ଥିଲା। ଟିଡିପି ସାଂସଦ ପୁଟା ମହେଶ କୁମାରଙ୍କ ପ୍ରଶ୍ନର ଉତ୍ତରରେ ମନ୍ତ୍ରୀ ଅନୁପ୍ରିୟା ପଟେଲ ଗତ ୧ ତାରିଖରେ ଏହି ସୂଚନା ଦେଇଥିଲେ। ନ୍ୟାସନାଲ ମେଡିକାଲ କମିସନ ପକ୍ଷରୁ ଦିଆଯାଇଥିବା ତଥ୍ୟ ସେ ସଂସଦରେ ରଖିଥିଲେ। ଏମ୍ସ ଏବଂ ଜେଆଇପିଏମଇଆରକୁ ଛାଡ଼ି ଅନ୍ୟ ମେଡିକାଲ କଲେଜରେ ସିଟ୍ ଖାଲି ଥିବା କହିଥିଲେ। କେନ୍ଦ୍ର ସରକାର ବିଗତ କିଛି ବର୍ଷ ମଧ୍ୟରେ ଚାହିଦାକୁ ଦେଖି ଦେଶରେ ମେଡିକାଲ ସିଟ୍ ଗୁଡିକ ବୃଦ୍ଧି କରିଥିଲେ। ଅନେକ ବ୍ୟବସ୍ଥାଗତ ତ୍ରୁଟି ଏବଂ ଗଠନମୂଳକ ସମସ୍ୟା ପାଇଁ ଅଣ୍ଡର ଗ୍ରାଜୁଏଟ ମେଡିକାଲ ସିଟ୍‌ଗୁଡିକ ଖାଲି ରହୁଛି। ଏହା ପଛରେ ମୁଖ୍ୟ ସମସ୍ୟା ରହୁଛି ଘରୋଇ ମେଡିକାଲ କଲେଜର ଫି ବ୍ୟବସ୍ଥା। ଦେଶରେ ଘରୋଇ ମେଡିକାଲ କଲେଜରେ ପଢିବା ପାଇଁ କୋଟି କୋଟି ଟଙ୍କା ଖର୍ଚ୍ଚ ହେଉଛି। ଏଥିପାଇଁ ଧନୀ ଘରର ପିଲା ଏହି ସବୁ କଲେଜରେ ପଢୁଛନ୍ତି। କିନ୍ତୁ ଗରିବ ଶ୍ରେଣୀର ପିଲା ସରକାରୀ ସିଟ୍ ନ ପାଇଲେ ଅତ୍ୟଧିକ ଖର୍ଚ୍ଚ ପାଇଁ ଘରୋଇ କଲେଜରେ ନ ପଢିବାକୁ ଉଚିତ ମଣୁଛନ୍ତି। ରାଜ୍ୟସ୍ତରର ଜଟିଳ କାଉନସେଲିଂ ବ୍ୟବସ୍ଥା ମଧ୍ୟ ଏଥିପାଇଁ ଦାୟୀ। କିଛି ଛାତ୍ର ମଧ୍ୟ ଠିକ୍ ସମୟରେ ନିଷ୍ପତ୍ତି ନେଇପାରୁ ନାହାନ୍ତି। ଆଉ କିଛି ଶେଷ ମୁହୂର୍ତ୍ତରେ ଆବଣ୍ଟନ ପ୍ରକ୍ରିୟାରୁ ଓହରି ଯାଉଥିବାରୁ ସିଟ୍ ଖାଲି ରହୁଛି।



# ବ୍ରହ୍ମପୁରରେ 'ମନ୍ତ୍ରମୁଗ୍ଧ' ଟିମ୍



ଭୁବନେଶ୍ୱରରେ ପ୍ରଥମ ପର୍ଯ୍ୟାୟ ସୁଟିଂ ଶେଷ ହେବା ପରେ ଚଳଚ୍ଚିତ୍ର 'ମନ୍ତ୍ରମୁଗ୍ଧ' ଟିମ୍ ଏବେ ବ୍ରହ୍ମପୁର ସହରରେ ଡେରା ପକାଇଛି। ଆସ୍କା, ବ୍ରହ୍ମପୁର, ଗୋପାଳପୁର ଓ ଏହାର ଆଖ ପାଖ ଅଞ୍ଚଳରେ ସୁଟିଂ ଜାରି ରହିଛି। ୟୁନିଟ୍‌ରେ ୧୦୦ରୁ ୧୫୦ ସଦସ୍ୟ ରହିଥିବା ବେଳେ ୪୦ ଜଣ ସ୍ଥାନୀୟ ଲୋକ ସାମିଲ ଅଛନ୍ତି। ଦିନରାତି ସୁଟିଂ ଜାରି ରହିଛି। ନିର୍ଦ୍ଦେଶକ ଅନୁପମ ପଟ୍ଟନାୟକ ଏପରି ଅନେକ ସୁନ୍ଦର ଓ ଆକର୍ଷଣୀୟ ଲୋକେସନ୍ ବାଛିଛନ୍ତି, ଯାହା ଆଗରୁ କେବେ ପରଦାକୁ ଆସି ନାହିଁ। ମୋଟାମୋଟି ଏହାର ୩୦ ଦିନର ସୁଟିଂ ସିଡ୍ୟୁଲ୍ ରହିଛି। 'ପ୍ରତୀକ୍ଷା' ଓ 'କର୍ମ' ପରି ସଫଳ ଚଳଚ୍ଚିତ୍ର ପରେ ନିର୍ଦ୍ଦେଶକ ଅନୁପମ ପଟ୍ଟନାୟକଙ୍କର ଏହା ହେଉଛି ତୃତୀୟ ଚଳଚ୍ଚିତ୍ର। ଅମିୟ ପଟ୍ଟନାୟକ ପ୍ରଡକ୍ସନ୍ ନିବେଦିତ ଏହି ଚଳଚ୍ଚିତ୍ରର ପ୍ରଯୋଜିକା ଅଛନ୍ତି ବର୍ଷା ପଟ୍ଟନାୟକ। ପ୍ରମୁଖ ଭୂମିକାରେ ସନୋଜ କୁମାର, ମନ୍ମୟ ଦେ, ସାର୍ଥକ ଭରଦ୍ୱାଜ, ସୂର୍ଯ୍ୟମୟୀ ମହାପାତ୍ର, ଭୂମିକା ଦାଶ, ଦୀପନ୍ୱିତ ଦାଶମହାପାତ୍ର, ହର ରଥ, ଚୌଧୁରୀ ଜୟପ୍ରକାଶ ଦାସ, ନିଶାନ୍ତ ମଜିଠିଆ, ସୋମା ହୋତା, ଭକ୍ତି ଦାସ, ପିଙ୍କୁ ମହାପାତ୍ର ଓ ମିଷ୍ଟର ରାଉତ ପ୍ରମୁଖ କଳାକାର ଅଭିନୟ କରୁଛନ୍ତି। ଏହାର କାହାଣୀ ଲେଖିଛନ୍ତି ଅନୁପମ ଓ ରୋଶନ ବିଶୋଇ। ଏହାକୁ ଚିତ୍ରନାଟ୍ୟରେ ସଜାଇଛନ୍ତି ରୋହିତ ଗେହଲୋଟ ଏବଂ ଅନୁପମ। ପ୍ରଣବ ରଥ ସଂଳାପରେ ଥିବା ବେଳେ ଅତିରିକ୍ତ ଚିତ୍ରନାଟ୍ୟ ଓ ସଂଳାପ ରଚନା କରିଛନ୍ତି ନିଶାନ୍ତ ମଜିଠିଆ। ଆଶିଷ ପ୍ରଧାନ, ଅନୁରାଗ ପଟ୍ଟନାୟକ, ସଂଗୀତ ପଟ୍ଟନାୟକ, ଅନୁରାଗ ପଣ୍ଡା ଓ ରୌମ୍ୟ ରାଜ ପ୍ରଧାନ ୫ ଜଣ ସଙ୍ଗୀତ ନିର୍ଦ୍ଦେଶକଙ୍କୁ ସଙ୍ଗୀତର ଭାର ନ୍ୟସ୍ତ କରାଯାଇଛି। ଅନୁପମଙ୍କ ଏହି ଚଳଚ୍ଚିତ୍ର ସବୁ ବର୍ଗର ଦର୍ଶକଙ୍କୁ ପସନ୍ଦ ଆସିବ ବୋଲି ପ୍ରଯୋଜନା ଟିମ୍ ଆଶା କରିଛି। ■

# ଦେବୀ-ବିଶାଲଙ୍କୁ ଆଇକନିକ୍ ଫିଲ୍ମ ମେକର ପୁରସ୍କାର



ନିର୍ମଳ ପାଣ୍ଡେ ସ୍ମାରକୀ ଚଳଚ୍ଚିତ୍ର ମହୋତ୍ସବର ଷଷ୍ଠ ସଂସ୍କରଣରେ ନିର୍ଦ୍ଦେଶକ ଯୋଡ଼ି ଦେବୀ ପ୍ରସାଦ ଲେଙ୍କା ଓ ବିଶାଳ ମୌର୍ଯ୍ୟଙ୍କୁ ଆଇକନିକ୍ ଫିଲ୍ମ ମେକର ସମ୍ମାନରେ ସମ୍ମାନିତ କରାଯାଇଛି। ପ୍ରଖ୍ୟାତ ବଲିଉଡ୍ ଅଭିନେତା ଗୋବିନ୍ଦ ନାମଦେବ ଏବଂ ବର୍ଷିଆନ କ୍ୟାମେରାମ୍ୟାନ ସୁରେନ୍ଦ୍ର ସାହୁଙ୍କ ହାତରୁ ସେ ଏହି ପୁରସ୍କାର ଗ୍ରହଣ କରିଛନ୍ତି। 'ଦମନ' ଚଳଚ୍ଚିତ୍ର ପାଇଁ ତାଙ୍କୁ ଏହି ସମ୍ମାନ ମିଳିଛି। ୨୦୨୨ରେ ମୁକ୍ତିଲାଭ କରିଥିବା 'ଦମନ' ଓଡ଼ିଆ ଚଳଚ୍ଚିତ୍ର ଜଗତରେ ଏକ କ୍ରାନ୍ତିକାରୀ ପରିବର୍ତ୍ତନ ଆଣିଥିଲା। କେବଳ ସେତିକି ନୁହେଁ, 'ଦମନ'କୁ ଶ୍ରେଷ୍ଠ ଓଡ଼ିଆ ସିନେମା ଭାବେ ରାଷ୍ଟ୍ରୀୟ ପୁରସ୍କାର ମଧ୍ୟ ମିଳିଥିଲା। ତେବେ ଏହି ପୁରସ୍କାର ସମ୍ପର୍କରେ ଦେବୀ ଓ ବିଶାଲ କହିଛନ୍ତି ଯେ, "ଏହା ପରବର୍ତ୍ତୀ ପିଢ଼ିର ନିର୍ମାତା ଓ ନିର୍ଦ୍ଦେଶକଙ୍କୁ ଭଲ ସିନେମା ନିର୍ମାଣ ପାଇଁ ପ୍ରୋତ୍ସାହିତ କରିବ।" ୨୦୨୫ରେ ଦେବୀ ଓ ବିଶାଲଙ୍କ ନିର୍ଦ୍ଦେଶନାରେ 'ମୁରବି'ର ସୁଟିଂ ଶେଷ ହୋଇଥିବା ବେଳେ ୨୦୨୬ ମସିହାରେ 'ଲ୍ୟାଣ୍ଡଫଲ' ନିର୍ମିତ ହେବାର ଯୋଜନା ରହିଛି। ■

# ଅର୍ଦ୍ଧେନ୍ଦୁଙ୍କୁ ଲିପି ବାନ୍ଧିଲେ ରାକ୍ଷୀ

ଓଡ଼ିଆ ସିନେମା ଇତିହାସରେ ଭାଇ ଭଉଣୀଙ୍କ ଅନାବିଳ ସ୍ନେହ ମମତାକୁ ନେଇ ପ୍ରସ୍ତୁତ ଫିଲ୍ମ ଓ ଗୀତ ଉଭୟ ସୁପରହିଟ୍ ହୋଇଥିବା ଅନେକ ଦୃଷ୍ଟାନ୍ତ ରହିଛି। ଦର୍ଶକ ଏଥିପ୍ରତି ଆକର୍ଷିତ ମଧ୍ୟ ହେଉଛନ୍ତି। ଏହି କ୍ରମରେ ଆଗାମୀ ନୂଆ ବଡ଼ ବଜେଟ୍‌ର ଚଳଚ୍ଚିତ୍ର 'ଚ୍ୟାଲେଞ୍ଜ'ରେ ସ୍ଥାନିତ ହୋଇଛି ଭାଇ ଭଉଣୀଙ୍କ ଅନାବିଳ ସ୍ନେହ ସମ୍ପର୍କକୁ ନେଇ ରାକ୍ଷୀ ଗୀତ। ଅଭିନେତା ଅର୍ଦ୍ଧେନ୍ଦୁ ସାହୁ ଏବଂ ନାୟିକା ଲିପି ମହାପାତ୍ର ପ୍ରଥମଥର ପାଇଁ ଏଥିରେ ଭାଇ-ଭଉଣୀ ଭୂମିକାରେ ନଜର ଆସୁଛନ୍ତି। ଏହାର ପୋଷ୍ଟର ରାକ୍ଷୀ ପୂର୍ଣ୍ଣିମା ଦିନ ସୋସିଆଲ୍ ମିଡିଆରେ ମୁକ୍ତିଲାଭ କରିଛି। ଆଗାମୀ ଦିନରେ ଅନ୍ୟ ଚଳଚ୍ଚିତ୍ର ଭଳି ଏହି ଚଳଚ୍ଚିତ୍ରର ରାକ୍ଷୀ ଗୀତ ବି ଦର୍ଶକାଦୃତ ହେବ ବୋଲି ଆଶା କରାଯାଉଛି। ଏହାର 'ରାକ୍ଷୀର ଗୀତ ସୂତା ଖିଅର ଡୋର' ଗୀତକୁ ରଚନା କରିଛନ୍ତି ସ୍ମିତ ପଟ୍ଟନାୟକ ଓ ସଂଗୀତ ନିର୍ଦ୍ଦେଶନା ଦେଇଛନ୍ତି ଗୌରବ ଆନନ୍ଦ। ଚଳଚ୍ଚିତ୍ରର ନିର୍ଦ୍ଦେଶନା ଦାୟିତ୍ୱରେ ଅଛନ୍ତି ସାଇକିରଣ ମଙ୍ଗରାଜ ଓ ଚିତ୍ରୋତ୍ତଳନ ଦାୟିତ୍ୱରେ ଅଛନ୍ତି ପ୍ରତାପ ପ୍ରଧାନ। ସିନେମାଟି ଆସନ୍ତା ଦୁର୍ଗାପୂଜାରେ ମୁକ୍ତିଲାଭ କରିବ। ■




## ସାକ୍ଷାତକାର

# 'ପ୍ରଥମ ଶୋ' କ୍ୟାରିଅର୍ ଗଢ଼ିବାକୁ ସୁଯୋଗ ଦେଇଛି'

**ନେହା ନାଗେଶ୍ୱରୀ ମହାନ୍ତି, ଅଭିନେତ୍ରୀ**

ପିଲାଦିନେ ସେ ଓଡ଼ିଶୀ, ହିପ୍‌ପପ୍, କଣ୍ଟେମ୍ପୋରାରି ଆଦି ନୃତ୍ୟ ଶିଖୁଥିଲେ। ସେ ଜଣେ ଦକ୍ଷ ନୃତ୍ୟଶିଳ୍ପୀ। ନୃତ୍ୟ କରୁ କରୁ ତାଙ୍କର ଅଭିନୟ ପ୍ରତି ଆଗ୍ରହ ବଢ଼ିଥିଲା। ଏଥିପାଇଁ ୨୦୨୧ ମସିହାରେ ସେ 'ରଜ ସୁନ୍ଦରୀ'ରେ ଭାଗ ନେଇଥିଲେ। ଉକ୍ତ ପ୍ଲାଟଫର୍ମରେ ନିଜର ଦକ୍ଷତା ପ୍ରତିପାଦନ କରି ବିଜେତା ହୋଇଥିଲେ। ଭାଗ୍ୟ ତାଙ୍କୁ ଟାଣି ଆଣିଥିଲା ରଙ୍ଗିନ ପରଦାକୁ। 'ତୋରି ପାଇଁ ତୋ ପାଇଁ' ଧାରାବାହିକରେ ଚିକି ଭୂମିକାରେ ହୃଦୟସ୍ପର୍ଶୀ ଅଭିନୟ କରି ସେ ଘରେ ଘରେ ପରିଚିତ। ସେ ହେଉଛନ୍ତି ବାଲେଶ୍ୱର ଜିଲ୍ଲା ବସ୍ତାର ନେହା ନାଗେଶ୍ୱରୀ ମହାନ୍ତି। ତେବେ କମ୍ ସମୟ ଭିତରେ ତାଙ୍କ ଅଭିନୟ ଯାତ୍ରା କିପରି ଥିଲା ଜାଣିବା ତାଙ୍କ ମୁହଁରୁ।



**ପାଠପଢ଼ା ଆଉ ଅଭିନୟ ଭିତରେ କିପରି ସମନ୍ୱୟ ରଖନ୍ତି?**

କିଛି ପାଇବାକୁ ହେଲେ କିଛି ହରାଇବାକୁ ପଡ଼େ। ସୁଟିଂ ସେଟ୍‌ରେ ବ୍ୟସ୍ତ ରହୁଥିବାରୁ ଶୋଇବା କମ୍ ହେଉଛି। ତଥାପି ପଢ଼ାରେ କେବେ ମୁଁ ଅବହେଳା କରେନି। ପରୀକ୍ଷା ଦେବାକୁ ଯାଏ। ଧୀରେ ଧୀରେ ସବୁରେ ଅଭ୍ୟସ୍ତ ହୋଇଗଲିଣି।

**ଆପଣଙ୍କ ଅଭିନୟ ଯାତ୍ରା କିପରି ଥିଲା?**

- ଘରେ ସମସ୍ତେ ଚାହୁଁଥିଲେ ମୁଁ ଅଭିନେତ୍ରୀ ହୁଏ ବୋଲି। ମୁଁ ପିଲାଦିନରୁ ଓଡ଼ିଶୀ ନୃତ୍ୟ ସହିତ ୱେଷ୍ଟର୍ଣ୍ଣ ଡ୍ୟାନ୍ସ ଶିଖୁଥିଲି। ସାଧାରଣତଃ ଯେଉଁମାନେ ନୃତ୍ୟ କରନ୍ତି, ସେମାନଙ୍କୁ ଅଭିନୟ ଶିଖାଇଲେ ସେ ସହଜରେ ଶିଖି ଯାଆନ୍ତି। ଯେହେତୁ ମୋ ବଡ଼ ଭଉଣୀ ବି ଏହି ଲାଇନ୍‌ରେ ଥିଲେ, ତେଣୁ ତାଙ୍କୁ ଦେଖି ମୁଁ ବି କଳାକାରଟିଏ ହେବାକୁ ଚାହିଁଥିଲି। ୨୦୨୧ ମସିହାରେ ସିଦ୍ଧାର୍ଥ ଟିଭିର ରିଆଲିଟି ଶୋ' ରଜ ସୁନ୍ଦରୀ'ରେ ବିଜେତା ହୋଇଥିଲି। ପଢ଼ା ପାଇଁ ଦୁଇବର୍ଷ ବ୍ୟସ୍ତ ରହିଥିଲି। ବର୍ତ୍ତମାନ ମୁଁ ଯୁକ୍ତ ତିନିରେ ପଢୁଛି। ୨୦୨୩ ମସିହାରେ ମୋତେ 'ତୋରି ପାଇଁ ତୋ ପାଇଁ' ଧାରାବାହିକରେ ଅଭିନୟ କରିବାକୁ ସୁଯୋଗ ମିଳିଥିଲା। ଏହି ପ୍ରଥମ ପ୍ରୋଜେକ୍ଟରେ ଓଡ଼ିଶାବାସୀଙ୍କ ଢେର ସାରା ଭଲପାଇବା ମୋତେ ଆଗକୁ ଆଗକୁ ନେଉଛି।

**'ଚିକି' ଚରିତ୍ରରେ ଅଭିନୟ କରିବା କେତେ କଷ୍ଟକର ଥିଲା?**

- ଚିକି ହେଉଛି ବହୁତ ଚୁଲ୍‌ବୁଲି ଝିଅ। ସବୁବେଳେ ସେ ଚବର ଚବର ହେଉଥିବ। ଜଣେ ପଦେ କହିଲେ ସେ ଦଶ ପଦେ କହିବ। ହେଲେ ମୁଁ ଏମିତି ନୁହେଁ। ମୁଁ ବହୁତ ଚୁପ୍‌ଚାପ୍ ଥିଲି। ଏହି ଚରିତ୍ରରେ ଅଭିନୟ କରିବାକୁ ମୁଁ ବହୁତ ଚୁଲବୁଲି ଚରିତ୍ରକୁ ଅନୁକରଣ କରିଛି। ଦର୍ପଣ ସାମ୍ନାରେ ବି ଅଭିନୟ ଅଭ୍ୟାସ କରିଛି। ଯେତେବେଳେ ଚିକି ଚରିତ୍ରରେ ପଶିଗଲି ଏହା ପରେ ନେହା ପୂରା ଚିକି ହୋଇଗଲା। ଚିକି ଚରିତ୍ର ମୋତେ ସ୍ୱତନ୍ତ୍ର ପରିଚୟ ଦେଇଛି। ଏହି ନାଁ ମୋ ଜୀବନକୁ ପୂରା ପରିବର୍ତ୍ତନ କରିଦେଇଛି। ଯେଉଁଠିକୁ ବି ଗଲେ, ସମସ୍ତେ ମୋତେ ଚିହ୍ନି ଯାଉଛନ୍ତି। ଏବେ ଷ୍ଟେଜ୍‌ରେ ବି ସ୍କ୍ରିପ୍ଟ ଦେଲେ, ମୁଁ ଥରେ ପଢ଼ି ମନେ ରଖିଦେଉଛି।

**ପ୍ରଥମ ଧାରାବାହିକରୁ ସଫଳତାର ରାଜ୍ କ'ଣ?**

- ତରଙ୍ଗ ଚ୍ୟାନେଲକୁ ଧନ୍ୟବାଦ ଦେବି ମୋତେ ଏମିତି ଗୋଟେ ଚରିତ୍ର ଦେଇଛନ୍ତି। ଏହାସହିତ ମୋ ନିର୍ଦ୍ଦେଶକ ଓ ସହ କଳାକାର ସମସ୍ତେ ଭଲ ଅଭିନୟ କରିବା କି କାମ ଶିଖିବାରେ ମୋତେ ବହୁତ ସହଯୋଗ କରିଛନ୍ତି। ମୁଁ ଏବେ ବି ବହୁତ ଆଗ୍ରହର ସହିତ କାମ ଶିଖେ। ମୋର ଗୋଟେ ସିନ୍ ଆସିଲେ, ସ୍କ୍ରିପ୍ଟକୁ ଆଗୁଆ ପଢ଼ି କେମିତି କ'ଣ କରିବି ଚିନ୍ତା କରିଥାଏ। କେବଳ ସେତିକି ନୁହେଁ, ଗୋଟେ ଟେକ୍‌ରେ କେମିତି ମୁଁ ସିନ୍ କରିବି ସେ ନେଇ ନିର୍ଦ୍ଦେଶକ ସାର୍‌ଙ୍କୁ ସହଯୋଗ କରିବାକୁ କୁହେ। ସେ ମଧ୍ୟ ସହଯୋଗ କରିଥାନ୍ତି। କେବଳ ମୁଁ ନୁହେଁ, ପୂରା ଟିମ୍ ଏହି ଧାରାବାହିକକୁ ସଫଳତା ପଥରେ ନେବାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇଛନ୍ତି। ଧାରାବାହିକ ଆରମ୍ଭ ହେବା ଅଢ଼େଇ ବର୍ଷ ହୋଇଗଲାଣି। ଟିଆର୍‌ପି ସେମିତି ରହିଛି।

**'ତୋରି ପାଇଁ ତୋ ପାଇଁ' ଧାରାବାହିକରେ ଆଗକୁ କ'ଣ ଟ୍ୱିଷ୍ଟ ରହିଛି?**

- ଏହି ଧାରାବାହିକ ସମ୍ପୂର୍ଣ୍ଣ ସସ୍‌ପେନ୍ସ। କେତେବେଳେ କ'ଣ ଘଟୁଛି, କାହା ସହ କ'ଣ ହେବ, ତାହା କେହି ଜାଣିପାରୁ ନାହାଁନ୍ତି। ଜୀବନ ଗୋଟିଏ ବୃତ୍ତ। ଡ୍ରାମା, ଇମୋସନ୍, କମେଡି, ଖୁସି ସବୁ କିଛି ସହିତ ଜଣେ ପୁଣି ତା'ର ସ୍ଥାନରେ କିପରି ପହଞ୍ଚିଯାଉଛି ତାହା ଦେଖିବାକୁ ମିଳିଛି।

**ଆଗାମୀ ଯୋଜନା?**

- ମୁଁ ବର୍ତ୍ତମାନରେ ବଞ୍ଚେ। ଭବିଷ୍ୟତ କଥା ବହୁତ କମ୍ ଭାବେ। ତେବେ ମୋତେ ଏବେ ଯେଉଁ କାମ ମିଳିଛି ତାହାକୁ କେମିତି ଭଲ କରିବି ତାହା ବିଷୟରେ ମୁଁ ଚିନ୍ତା କରୁଛି। କିନ୍ତୁ ହଁ, ଧାରାବାହିକ ସରିବା ପରେ ପୁଣି ଧାରାବାହିକ କିମ୍ବା ସିନେମାରେ ସୁଯୋଗ ମିଳିଲେ କାମ ଆରମ୍ଭ କରିବି। ■

# 'ଓଡ଼ିଶାର ବେଷ୍ଟ ସିନେ ଷ୍ଟାର୍‌ର ଖୋଜ୍' ଆରମ୍ଭ

ଜି ସାର୍ଥକରେ ଅଗଷ୍ଟ ୯ ତାରିଖରୁ ଆରମ୍ଭ ହୋଇଛି ନୂଆ ରିଆଲିଟି ଶୋ' 'ଓଡ଼ିଶାର ବେଷ୍ଟ ସିନେଷ୍ଟାର୍'ର ଖୋଜ୍। ଏହି ଶୋ' ପ୍ରତିଭା ଖୋଜିବାର ଅନନ୍ୟ ପ୍ରୟାସ। ଏହି ରିଆଲିଟି ଶୋ'ରେ ଆଶାୟୀ ଯୁବ ଅଭିନେତା ଓ ଅଭିନେତ୍ରୀମାନେ ସେମାନଙ୍କର ବହୁମୁଖୀ ଅଭିନୟ ପ୍ରତିଭା ଦେଖାଇଥାନ୍ତି। ଏଥର ଏହି ଶୋ'ରେ ନାଟକୀୟ ଦୃଶ୍ୟଠାରୁ ଆରମ୍ଭ କରି କମେଡି ଡ୍ରାମା ସହ ଆକ୍ସନ ସିକ୍ୱେନ୍ସ ପର୍ଯ୍ୟନ୍ତ ନିଜର ସବୁ ପ୍ରକାର ପ୍ରତିଭା ଦ୍ୱାରା ଏହି ମଞ୍ଚକୁ ଜୀବନ୍ତ କରିବ। ପ୍ରତିଯୋଗୀମାନେ ବିଭିନ୍ନ ପର୍ଯ୍ୟାୟରେ ନିଜର କଳା ପ୍ରଦର୍ଶନ କରିବା ସହ ଶେଷ ପର୍ଯ୍ୟାୟରେ ଅର୍ଥାତ୍ ଗ୍ରାଣ୍ଡ ଫିନାଲେରେ ଜଣେ ଅଭିନେତା ଓ ଅଭିନେତ୍ରୀ ଭାବେ ବିଜୟୀ ମୁକୁଟ ପିନ୍ଧିବେ। ଏହାସହ ସେମାନଙ୍କୁ ଆଗାମୀ ଜୀ ସାର୍ଥକ ଫିଲ୍ମସ ଓ ମ୍ୟୁଜିକ ଭିଡିଓରେ ମୁଖ୍ୟ କଳାକାର ଭାବରେ ଲଞ୍ଚ କରାଯିବ। ଏହି ରିୟାଲିଟି ଶୋ ରେ ବିଚାରକ ଭାବରେ ଶ୍ରୀତମ, ଲିପି ଏବଂ ନମ୍ରତା ଥାପ୍ପା ନଜର ଆସିଛନ୍ତି। ଆଙ୍କର ଭାବରେ ନଜର ଆସିଛନ୍ତି ଟିଭି ଇଣ୍ଡଷ୍ଟ୍ରିର ଅନନ୍ୟା ଏବଂ ରଞ୍ଜନ। ଏହି ଶୋ' ଶନିବାର ଓ ରବିବାର ରାତି ୯ ଟା୩୦ରେ ପ୍ରସାରିତ ହେଉଛି। ■



# ସୁଟିଂ ସେଟ୍‌ରେ ଡୁପ୍ଲିକେଟ୍ ଶାହରୁଖ

**ପରଦା ପଛର କାହାଣୀ**

ବଲିଉଡ୍ ବାଦଶାହା ଶାହରୁଖ ଖାନ୍ ଅନେକ ସୁପରହିଟ୍ ଫିଲ୍ମ ଦେଇଛନ୍ତି। ୧୯୯୨ ମସିହାରେ 'ଦିୱାନା' ଫିଲ୍ମ ମାଧ୍ୟମରେ ବଲିଉଡ୍‌ରେ ପାଦ ଥାପିଥିବା ଏହି ଅଭିନେତା ଆଉ ପଛକୁ ଫେରି ଚାହିଁ ନାହାନ୍ତି। ସେ ହିନ୍ଦୀ ସିନେମା ଜଗତକୁ ଗୋଟିଏ ପରେ ଗୋଟିଏ ସୁପରହିଟ୍ ଫିଲ୍ମ ଦେଇ ଚାଲିଛନ୍ତି। ସେଥିମଧ୍ୟରୁ ଗୋଟିଏ ହେଉଛି 'ପରଦେଶ'। ୧୯୯୭ ମସିହାରେ ମୁକ୍ତିଲାଭ କରିଥିବା ଏହି ଫିଲ୍ମ ବେଶ୍ ଦର୍ଶକୀୟ ଆଦୃତି ଲାଭ କରିଥିଲା। ଏହି ସୁପରହିଟ୍ ଫିଲ୍ମର ଗୋଟିଏ ଗୀତକୁ ନେଇ ଏକ ରୋଚକୀୟ କାହାଣୀ ରହିଛି। ଏହି ଫିଲ୍ମରେ ଥିବା ଏକ ଗୀତ ଶାହରୁଖଙ୍କ ବଦଳରେ ଡୁପ୍ଲିକେଟ୍ ଶାହରୁଖଙ୍କ ଦ୍ୱାରା ସୁଟ୍ କରାଯାଇଥିଲା। ଯିଏ ଦେଖିବାକୁ ଅବିକଳ ଶାହରୁଖଙ୍କ ପରି। ଏହି ଫିଲ୍ମକୁ ଦର୍ଶକେ ଖୁବ୍ ଭଲପାଇବା ଦେଇଥିଲେ। ଶାହରୁଖ ଖାନ୍ ଓ ମହିମା ଚୌଧୁରୀ ଏହି ଫିଲ୍ମ ସୁଟିଂ କରୁଥିବା ସମୟରେ ଶାହରୁଖଙ୍କ ପତ୍ନୀ ଗୌରୀ ଗର୍ଭବତୀ ଥିଲେ। ସୁବାଷ ଘାଇଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମଟି ସେ ସମୟରେ ସମ୍ପୂର୍ଣ୍ଣ ସୁଟିଂ ହୋଇଯାଇଥିଲା। ତେବେ ଗୋଟିଏ ଗୀତର କିଛି ଅଂଶ ସୁଟିଂ ପାଇଁ ବାକି ରହି ଯାଇଥିଲା। ସୋନୁ ନିଗମ ମଧ୍ୟ ଫିଲ୍ମର ଗୀତ 'ୟେ ଦିଲ୍ ଦିୱାନା...'ର ରେକର୍ଡିଂ ଶେଷ କରି ଦେଇଥିଲେ। ସେହିପରି ଶାହରୁଖ୍ ମଧ୍ୟ ଦେଢ଼ ଦିନ ଧରି ଏହି ଗୀତ ସୁଟିଂ କରିଦେଇଥିଲେ। କିନ୍ତୁ ଏହାରି ମଧ୍ୟରେ ଗୌରୀଙ୍କ ଅବସ୍ଥା ଗୁରୁତର ହେବାରୁ ଶାହରୁଖଙ୍କୁ ସୁଟିଂ ଅଧାରେ ଛାଡ଼ି ଦିଲ୍ଲୀ ଆସିବାକୁ ପଡ଼ିଥିଲା। ଫଳରେ ସେତେବେଳେ ତାଙ୍କ ଅନୁପସ୍ଥିତିରେ ସୁବାଷ ଘାଇ ଶାହାରୁଖ୍‌ଙ୍କ ଡୁପ୍ଲିକେଟ୍‌ଙ୍କୁ ନେଇ ଗୀତର ବାକି ଥିବା ଅଂଶ ସୁଟିଂ କରିଥିଲେ। ■



# କ୍ରୀଡ଼ା

ସକାଳ THE SAKALA
www.sakalaepaper.com

# ପୋଲ୍ ଭଲ୍ଟରେ ଡୁପ୍ଲାଣ୍ଟିସଙ୍କ ୧୩ତମ ବିଶ୍ୱରେକର୍ଡ




ବୁଦାପେଷ୍ଟ, ୧୩।୮ (ଏଜେନ୍ସି): ସ୍ୱିଡେନର ପୋଲ୍ ଭଲ୍ଟ ଖେଳାଳି ଆର୍ମଣ୍ଡ ଡୁପ୍ଲାଣ୍ଟିସ ପୁଣିଥରେ ବିଶ୍ୱରେକର୍ଡ ପ୍ରତିଷ୍ଠା କରିଛନ୍ତି। କ୍ୟାରିୟରରେ ୧୩ଥର ଲାଗି ସେ ପୁରୁଷ ପୋଲ୍ ଭଲ୍ଟରେ ବିଶ୍ୱରେକର୍ଡ ସ୍ଥାପନ କରି ସ୍ମରଣୀୟ ସଫଳତା ପାଇଛନ୍ତି। ବୁଦାପେଷ୍ଟରେ ଅନୁଷ୍ଠିତ ଗୁଲାଇ ଇସ୍ତଭାନ ମେମୋରିଆଲ ପ୍ରତିଯୋଗିତାରେ ଡୁପ୍ଲାଣ୍ଟିସ ୬.୨୯ ମିଟର ଉଚ୍ଚକୁ ଡେଇଁଥିଲେ। ଏହିକ୍ରମରେ ସେ ନିଜ ନାମରେ ଥିବା ପୂର୍ବ ରେକର୍ଡକୁ ଭଙ୍ଗ କରିଥିଲେ। ଗତ ଜୁନରେ ଅନୁଷ୍ଠିତ ଷ୍ଟକହୋଲମ ଡାଇମଣ୍ଡ ଲିଗ୍‌ରେ ଡୁପ୍ଲାଣ୍ଟିସ ୬.୨୮ ମିଟର ଡେଇଁ ୧୨ଥର ଲାଗି ବିଶ୍ୱରେକର୍ଡ କରିଥିଲେ। ଏବେ ସେ ଏହି ବିଶ୍ୱରେକର୍ଡକୁ ୧୩କୁ ବୃଦ୍ଧି କରାଇଛନ୍ତି। ଚଳିତ ବର୍ଷ ଡୁପ୍ଲାଣ୍ଟିସ ୩ୟଥର ଲାଗି ବିଶ୍ୱରେକର୍ଡ କରିଛନ୍ତି। ଫେବୃଆରୀରେ ସେ ୬.୨୭ ମିଟର ଉଚ୍ଚକୁ ଲମ୍ଫ ମାରିଥିଲେ।

## ଅଲ୍ଟିମେଟ୍ ଚାମ୍ପିଅନସିପ୍ ଲାଗି 'ଷ୍ଟାର୍ ଆଥଲେଟ୍'

୨୫ ବର୍ଷୀୟ ଡୁପ୍ଲାଣ୍ଟିସ ୨୦୨୪ ପ୍ୟାରିସ ଅଲିମ୍ପିକ୍ସରେ ୬.୨୫ ମିଟର ଡେଇଁ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଥିଲେ। ଏହା ପରଠାରୁ ସେ ୪ଥର ପୋଲ୍ ଭଲ୍ଟରେ ବିଶ୍ୱରେକର୍ଡ ଭଙ୍ଗ କରିଛନ୍ତି। ଅପରପକ୍ଷରେ ଆସନ୍ତାବର୍ଷଠାରୁ ଆରମ୍ଭ ହେବାକୁ ଥିବା ଦୌଡ଼କୁଦ ପ୍ରତିଯୋଗିତା 'ୱାର୍ଲ୍ଡ ଆଥଲେଟିକ୍ସ ଅଲ୍ଟିମେଟ୍ ଚାମ୍ପିଅନସିପ୍' ଲାଗି ଡୁପ୍ଲାଣ୍ଟିସଙ୍କୁ 'ଷ୍ଟାର୍ ଆଥ୍‌ଲେଟ୍' ମାନ୍ୟତା ଦିଆଯାଇଛି। ୱାର୍ଲ୍ଡ ଆଥଲେଟିକ୍ସ ପକ୍ଷରୁ ଏହି ନୂତନ ବିଶ୍ୱସ୍ତରୀୟ ଇଭେଣ୍ଟ ଆରମ୍ଭ ହେବାକୁ ଯାଉଛି। ପ୍ରତି ୨ ବର୍ଷ ବ୍ୟବଧାନରେ ଏହା ଆୟୋଜିତ ହେବ। ବୁଦାପେଷ୍ଟରେ ହେବାକୁ ଥିବା ଏହାର ଉଦ୍‌ଘାଟନୀ ସଂସ୍କରଣ ଲାଗି ଡୁପ୍ଲାଣ୍ଟିସ ବ୍ରାଣ୍ଡ ଆମ୍ବାସଡର ଭୂମିକାରେ ଅବତୀର୍ଣ୍ଣ ହେବେ। ଏଥିରେ ମୋଟ୍ ପୁରସ୍କାର ରାଶି ୧୦ ମିଲିୟନ ଡଲାର (ଭାରତୀୟ ମୁଦ୍ରାରେ ପ୍ରାୟ ୮୭ କୋଟି ୪୭ ଲକ୍ଷ ଟଙ୍କା) ରଖାଯାଇଛି। ବିଶ୍ୱ ଦୌଡ଼କୁଦର ସର୍ବୋଚ୍ଚ ସଂସ୍ଥା ୱାର୍ଲ୍ଡ ଆଥଲେଟିକ୍ସ ପକ୍ଷରୁ ଏହି ସୂଚନା ଦିଆଯାଇଛି।

# ରାଇନାଙ୍କୁ ଇଡିର ଜେରା

ନୂଆଦିଲ୍ଲୀ,୧୩।୮ (ଏଜେନ୍ସି): ପୂର୍ବତନ ଭାରତୀୟ କ୍ରିକେଟର ସୁରେଶ ରାଇନାଙ୍କୁ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ବେଆଇନି ବେଟିଂ ମାମଲାରେ ଜେରା କରିଛି। ରାଇନା ବୁଧବାର ନୂଆଦିଲ୍ଲୀସ୍ଥିତ ଇଡି ଅଫିସରେ ହାଜର ହୋଇଥିଲେ।



ଅନ୍‌ଲାଇନ୍ ବେଟିଂ ଆପ୍ '୧ଗୁଣାବେଟ୍' ମାମଲାରେ ତାଙ୍କୁ ଇଡି ଅଧିକାରୀମାନେ ବିଭିନ୍ନ ପ୍ରଶ୍ନ ପଚାରିଥିଲେ। ପୂର୍ବରୁ ତାଙ୍କୁ ଇଡିରେ ହଜାର ହେବା ପାଇଁ ନୋଟିସ ଜାରି କରାଯାଇଥିଲା। ରାଇନା ଏହି ଆପ୍‌ର ବ୍ରାଣ୍ଡ ଆମ୍ବାସାଡର ରହିଛନ୍ତି। ରାଇନା ୨୦୨୦ରେ ଅନ୍ତର୍ଜାତୀୟ କ୍ରିକେଟରୁ ଅବସର ନେଇଥିଲେ। ଏହି ବେଟିଂ ଆପ୍ ଜରିଆରେ ମନି ଲଣ୍ଡରିଂ ହେଉଥିବା ସନ୍ଦେହ କରି ଇଡି ଯାଞ୍ଚ କରୁଛି। ରାଇନାଙ୍କୁ ବାଦ୍ ଦେଲେ ଇଡି ଏହି ମାମଲାରେ ହରଭଜନ ସିଂହ, ଯୁବରାଜ ସିଂହ, ବଲିଉଡ ଅଭିନେତା ସୋନୁ ସୁଦ୍, ଅଭିନେତ୍ରୀ ଉର୍ବସୀ ରୌତେଲାଙ୍କୁ ମଧ୍ୟ ପୂର୍ବରୁ ଜେରା କରିସାରିଛି।

### ବିଡବ୍ଲ୍ୟୁଏଫ୍ ବ୍ୟାଡ୍‌ମିଣ୍ଟନ ୱାର୍ଲ୍ଡ ଚାମ୍ପିଅନସିପ୍

# ଷ୍ଟୋଏଭା ଭଗିନୀଙ୍କୁ ଭେଟିବେ ପଣ୍ଡା ଭଗିନୀ

ପ୍ୟାରିସ, ୧୩।୮ (ଏଜେନ୍ସି): ବିଡବ୍ଲ୍ୟୁଏଫ୍ ବ୍ୟାଡ୍‌ମିଣ୍ଟନ ୱାର୍ଲ୍ଡ ଚାମ୍ପିଅନସିପ୍‌ର ଆଗାମୀ ୨୯ତମ ସଂସ୍କରଣ ଅଗଷ୍ଟ ୨୫ରୁ ପ୍ୟାରିସରେ ଆରମ୍ଭ ହେବ। ବିଶ୍ୱ ବ୍ୟାଡ୍‌ମିଣ୍ଟନର ଏହି ସର୍ବଶ୍ରେଷ୍ଠ ପ୍ରତିଯୋଗିତା ଲାଗି ବୁଧବାର ଡ୍ର' ତଥା କେଉଁ ଖେଳାଳି କାହା ସହିତ ଓପନିଂ ରାଉଣ୍ଡରେ ଖେଳିବେ ତାହା ଘୋଷଣା କରାଯାଇଛି। ଓଡ଼ିଶାର ଦୁଇ ଉଦୀୟମାନ ବ୍ୟାଡ୍‌ମିଣ୍ଟନ



ଖେଳାଳି ତଥା ପଣ୍ଡା ଭଗିନୀ ରତ୍ନପର୍ଣ୍ଣା ଓ ଶ୍ୱେତପର୍ଣ୍ଣା ଏହି ମେଗା ଇଭେଣ୍ଟରେ ମହିଳା ଡବଲ୍ସରେ ଅଂଶଗ୍ରହଣ କରିବେ। ଶ୍ୱେତପର୍ଣ୍ଣା-ରତ୍ନପର୍ଣ୍ଣା ଯୋଡ଼ି ବର୍ତ୍ତମାନ ବିଶ୍ୱ ମହିଳା ଡବଲ୍ସ ତାଲିକାର ୩୮ତମ ସ୍ଥାନରେ ରହିଛନ୍ତି। କୌତୁହଳର କଥା ହେଉଛି ପଣ୍ଡା ଭଉଣୀ ଯୋଡ଼ି ପ୍ରଥମ ରାଉଣ୍ଡରେ ବୁଲଗେରିଆର ଦୁଇ ଭଉଣୀ ଗାବ୍ରିଏଲ ଷ୍ଟୋଏଭା ଓ ଷ୍ଟିଫାନି ଷ୍ଟୋଏଭା ଯୋଡ଼ିଙ୍କୁ ଭେଟିବେ। ଷ୍ଟୋଏଭା ଭଉଣୀ ଯୋଡ଼ି ବିଶ୍ୱ ମାନ୍ୟତାର ୧୭ତମ ସ୍ଥାନରେ ରହିଥିବାବେଳେ ସେମାନେ ୪ଥର ୟୁରୋପିଆନ ଚାମ୍ପିଅନ ଓ ଦୁଇଥର ୟୁରୋପିଆନ ଗେମ୍ସରେ ଚାମ୍ପିଅନ ହୋଇଛନ୍ତି। ତେଣୁ ଶ୍ୱେତପର୍ଣ୍ଣା ଓ ରତ୍ନପର୍ଣ୍ଣାଙ୍କ ଲାଗି ପ୍ରଥମ ରାଉଣ୍ଡ କଷ୍ଟସାଧ୍ୟ ମୁକାବିଲା ହେବ ବୋଲି ଆକଳନ କରାଯାଉଛି।

ଭାରତର ଅନ୍ୟ ଖେଳାଳିଙ୍କ ମଧ୍ୟରେ ଲକ୍ଷ୍ୟ ସେନ, ଏଚଏସ୍ ପ୍ରଣୟ, ମହିଳାରେ ପିଭି ସିନ୍ଧୁ, ପୁରୁଷ ଡବଲ୍ସରେ ସାତ୍ୱିକସାଇରାଜ ରାଙ୍କିରେଡ୍ଡୀ ଓ ଚିରାଗ ସେଟ୍ଟୀ ଯୋଡ଼ିଙ୍କୁ ମଧ୍ୟ ୱାର୍ଲ୍ଡ ଚାମ୍ପିଅନସିପ୍‌ରେ ଦେଖିବାକୁ ମିଳିବ। ସିନ୍ଧୁ ମଧ୍ୟ ଏକ କଷ୍ଟସାଧ୍ୟ ଡ୍ର'ରେ ରହିଛନ୍ତି। ପ୍ରଥମ ରାଉଣ୍ଡରେ ସେ ୨ୟ ସିଡ୍ ତଥା ଦୁଇଥରର ଏସୀୟ ଚାମ୍ପିଅନ ଚାଇନାର ୱାଙ୍ଗ୍ ଝି ୟିଙ୍କୁ ଭେଟିବେ। ୨୦୧୯ରେ ସିନ୍ଧୁ ଏହି ସମ୍ମାନଜନକ ପ୍ରତିଯୋଗିତାରେ ଚାମ୍ପିଅନ ହୋଇଥିଲେ। ଶେଷଥର ଲାଗି ଫ୍ରାନ୍ସର ରାଜଧାନୀ ପ୍ୟାରିସରେ ୨୦୧୦ରେ ବିଡବ୍ଲ୍ୟୁଏଫ୍ ବ୍ୟାଡ୍‌ମିଣ୍ଟନ ୱାର୍ଲ୍ଡ ଚାମ୍ପିଅନସିପ୍ ଅନୁଷ୍ଠିତ ହୋଇଥିଲା। ଭାରତ ଏହି ସଂସ୍କରଣରେ ପଦକଶୂନ୍ୟ ତଥା ଖାଲି ହାତରେ ସ୍ୱଦେଶ ଫେରିଥିଲା।

### ୨୦୩୦ ରାଜ୍ୟଗୋଷ୍ଠୀ କ୍ରୀଡ଼ା

# ଆୟୋଜନ ଆଶା ବଢ଼ିଲା

ନୂଆଦିଲ୍ଲୀ, ୧୩।୮ (ଏଜେନ୍ସି): ୨୦୩୦ ରାଜ୍ୟଗୋଷ୍ଠୀ କ୍ରୀଡ଼ା (ସିଡବ୍ଲ୍ୟୁଜି) ପାଇଁ ବିଡ୍ ଦାଖଲ କରିବା ଲାଗି ଭାରତକୁ ଆନୁଷ୍ଠାନିକ ଭାବେ ଅନୁମୋଦନ ମିଳିଛି। ଭାରତୀୟ ଅଲିମ୍ପିକ ସଂଘ (ଆଇଓଏ) ରାଜ୍ୟଗୋଷ୍ଠୀ


## ଭୁବନେଶ୍ୱରରେ ଭଲ ସୁବିଧା ରହିଛି: ପିଟି ଉଷା

କ୍ରୀଡ଼ା ଆୟୋଜନ ପାଇଁ ଅନୁମୋଦନ ଦେଇଛି। ବୁଧବାର ନୂଆଦିଲ୍ଲୀରେ ଅନୁଷ୍ଠିତ ଆଇଓଏର ସ୍ୱତନ୍ତ୍ର ସାଧାରଣ ବୈଠକ (ଏସ୍‌ଜିଏମ)ରେ ଏହି ନିଷ୍ପତ୍ତି ନିଆଯାଇଛି।

ଏହି ମେଗା ଇଭେଣ୍ଟ ଆୟୋଜିତ ହେଲେ ସରକାର ସମ୍ପୂର୍ଣ୍ଣ ପାଣ୍ଠି ବହନ କରିବେ। ସିଡବ୍ଲ୍ୟୁଜି ଆୟୋଜନ ଦୌଡ଼ରେ ଅହମ୍ମଦାବାଦ ସର୍ବାଗ୍ରେ ରହିଛି। ନିକଟରେ ସିଡବ୍ଲ୍ୟୁଜିର ନିର୍ଦ୍ଦେଶକ ଡାରେନ ହଲ୍‌ଙ୍କ ନେତୃତ୍ୱରେ କିଛି ବରିଷ୍ଠ କର୍ମକର୍ତ୍ତା ଅହମ୍ମଦାବାଦରେ ଭିତ୍ତିଭୂମି ବୁଲି ଦେଖିଯାଇଛନ୍ତି। ତେବେ ଆଇଓଏ ସଭାପତି ତଥା ପୂର୍ବତନ ମହାନ ଧାବିକା ପିଟି ଉଷା କହିଛନ୍ତି, 'ମୁଁ ଖୁସି ଯେ ଆମେ ସମସ୍ତେ ଏକାଠି ରହିଛନ୍ତି। ଏହା ଏକ ସର୍ବସମ୍ମତି ନିଷ୍ପତ୍ତି ଥିଲା ଏବଂ ଆମର ପ୍ରସ୍ତୁତି ଆଗକୁ ବଢ଼ିବ। ଆମେ କେବଳ କହିପାରିବା ନାହିଁ ଯେ ଅହମ୍ମଦାବାଦ ଆୟୋଜକ ସହର ବୋଲି। ଭୁବନେଶ୍ୱର ଓ ଦିଲ୍ଲୀରେ ମଧ୍ୟ ଭଲ ସୁବିଧା ରହିଛି।' ଆଇଓଏର ଏସ୍‌ଜିଏମ୍ ପରେ ପିଟି ଉଷାଙ୍କ ଏହି ବିବୃତି କଳିଙ୍ଗ ଷ୍ଟାଡିୟମରେ ରାଜ୍ୟଗୋଷ୍ଠୀ କ୍ରୀଡ଼ାର କିଞ୍ଚିତ ଆୟୋଜନ ଆଶା ସଞ୍ଚାର କରିଛି। ରାଜ୍ୟଗୋଷ୍ଠୀ କ୍ରୀଡ଼ା ଲାଗି ବିଡ୍ ଦାଖଲର ଶେଷ ତାରିଖ ଅଗଷ୍ଟ ୩୧ ରହିଛି। ଭାରତ ବ୍ୟତୀତ ନାଇଜେରିଆ, କାନାଡା ଓ ଆଉ ୨ଟି ରାଷ୍ଟ୍ର ଏହି ମେଗା ଇଭେଣ୍ଟ ଆୟୋଜନ ଦୌଡ଼ରେ ରହିଛନ୍ତି। କିନ୍ତୁ ନିକଟରେ କାନାଡା ଆୟୋଜନ ଦୌଡ଼ରୁ ଓହରିଯାଇଥିଲା। ଏଠାରେ ସ୍ମରଣଯୋଗ୍ୟ, ୧୫ ବର୍ଷ ତଳେ ୨୦୧୦ରେ ଦିଲ୍ଲୀରେ ଏହି ସମ୍ମାନଜନକ ବିଶ୍ୱସ୍ତରୀୟ କ୍ରୀଡ଼ା ପ୍ରତିଯୋଗିତା ଆୟୋଜିତ ହୋଇଥିଲା।

# ରେସ୍‌ଲର୍ ସୁଶୀଲଙ୍କ ଜାମିନକୁ ବାତିଲ କଲେ ସୁପ୍ରିମକୋର୍ଟ


ନୂଆଦିଲ୍ଲୀ, ୧୩।୮ (ସମିସ): ଜୁନିଅର ରେସଲର ସାଗର ଧନକର ହତ୍ୟା ମାମଲାର ମୁଖ୍ୟ ଅଭିଯୁକ୍ତ ତଥା ଦୁଇଥରର ଅଲିମ୍ପିକ ପଦକ ବିଜେତା ସୁଶୀଲ କୁମାରଙ୍କୁ ସୁପ୍ରିମ କୋର୍ଟରୁ ଜୋରଦାର ଝଟକା ଲାଗିଛି। ସର୍ବୋଚ୍ଚ ଅଦାଲତଙ୍କ ପକ୍ଷରୁ ବୁଧବାର ସୁଶୀଲଙ୍କ ଜାମିନକୁ ବାତିଲ କରିଦିଆଯାଇଛି। ଏଥିସହ ତାଙ୍କୁ ଏକ ସପ୍ତାହ ମଧ୍ୟରେ କୋର୍ଟରେ ଆତ୍ମସମର୍ପଣ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ଜଷ୍ଟିସ ସଞ୍ଜୟ କାରୋଲ ଓ ପ୍ରଶାନ୍ତ କୁମାର ମିଶ୍ରଙ୍କୁ ନେଇ ଗଠିତ ଖଣ୍ଡପୀଠ ଏହି ନିର୍ଦ୍ଦେଶ ଦେଇଛନ୍ତି।



ଗତ ମାର୍ଚ୍ଚ ମାସରେ ଦିଲ୍ଲୀ ହାଇକୋର୍ଟ ସୁଶୀଲଙ୍କୁ ନିୟମିତ ଜାମିନ ପ୍ରଦାନ କରିଥିଲେ। ତେବେ ବୁଧବାର ଜଷ୍ଟିସ କାରୋଲ ଏହି ରାୟର ମୁଖ୍ୟ ଅଂଶ ପଢ଼ିବା ସମୟରେ ମୃତ ସାଗରଙ୍କ ପିତା ଅଶୋକ ଧନକରଙ୍କ ପକ୍ଷରୁ ଦାୟର ଆବେଦନକୁ ଗ୍ରହଣ କରିଥିଲେ। ଉଲ୍ଲେଖଯୋଗ୍ୟ, ସମ୍ପତ୍ତି ବିବାଦକୁ ନେଇ ୨୦୨୧ ମେ ୪ ତାରିଖରେ ଦିଲ୍ଲୀର ଛତ୍ରଶାଳା ଷ୍ଟାଡିୟମ ବାହାରେ ଅଲିମ୍ପିଆନ ସୁଶୀଲ ଓ ଜୁନିଅର ରେସଲର ସାଗରଙ୍କ ମଧ୍ୟରେ ଝଗଡ଼ା ହୋଇଥିଲା। ସୁଶୀଲଙ୍କ ଆକ୍ରମଣରେ ୨୩ ବର୍ଷୀୟ ସାଗରଙ୍କ ମୃତ୍ୟୁ ଘଟିଥିଲା। ରେସଲର ସୁଶୀଲ ୨୦୦୮ ବେଜିଂ ଅଲିମ୍ପିକରେ କାଂସ୍ୟ ଓ ୨୦୧୨ ଲଣ୍ଡନ ଗେମ୍ସରେ ରୌପ୍ୟ ପଦକ ଜିତିଥିଲେ।

# ଜମିଲଙ୍କୁ ୨୦୨୭ ପର୍ଯ୍ୟନ୍ତ ପ୍ରଶିକ୍ଷକ ଦାୟିତ୍ୱ

ନୂଆଦିଲ୍ଲୀ, ୧୩।୮ (ଏଜେନ୍ସି): ଖଲିଦ ଜମିଲ ଆଗାମୀ ୨ ବର୍ଷ ଅର୍ଥାତ୍ ୨୦୨୭ ପର୍ଯ୍ୟନ୍ତ ଭାରତୀୟ ବରିଷ୍ଠ ପୁରୁଷ ଫୁଟବଲ ଦଳର ମୁଖ୍ୟ ପ୍ରଶିକ୍ଷକ ଦାୟିତ୍ୱରେ ରହିବେ। ଏହି ଚୁକ୍ତି ମଧ୍ୟ ଆଉ ଗୋଟିଏ ବର୍ଷ ବଢ଼ିପାରେ। ସର୍ବଭାରତୀୟ ଫୁଟ୍‌ବଲ ମହାସଂଘ (ଏଆଇଏଫ୍‌ଏଫ୍)



ପକ୍ଷରୁ ବୁଧବାର ଏହି ଘୋଷଣା କରାଯାଇଛି। ଫଳରେ ଜମିଲ ଏବେ ପୂର୍ଣ୍ଣକାଳୀନ ଭାବେ ଜାତୀୟ ଫୁଟ୍‌ବଲ ଦଳର ପ୍ରଶିକ୍ଷକ ଭୂମିକାରେ ନଜରକୁ ଆସିବେ। ଅଗଷ୍ଟ ୧୫ରୁ ବେଙ୍ଗାଲୁରୁସ୍ଥିତ ଦ୍ରାବିଡ଼-ପାଦୁକୋନ ସେଣ୍ଟର ଫର୍ ସ୍ପୋର୍ଟ୍ସ ଏକ୍ସଲେନ୍ସିରେ ଜାତୀୟ ଦଳର ପ୍ରଶିକ୍ଷଣ ଶିବିର ଆରମ୍ଭ ହେବ। ଜମିଲଙ୍କ ତତ୍ତ୍ୱାବଧାନରେ ଏହି ଶିବିର ଚାଲିବ। ଅଗଷ୍ଟ ୨୯ରୁ ଆରମ୍ଭ ହେବାକୁ ଥିବା କାଫା (ସେଣ୍ଟ୍ରାଲ ଏସିଆନ ଫୁଟ୍‌ବଲ ଆସୋସିଏସନ) ନେସନ୍ସ କପ୍ ଟୁର୍ଣ୍ଣାମେଣ୍ଟ ପ୍ରଶିକ୍ଷକ ଭାବେ ଜମିଲଙ୍କ ପ୍ରଥମ ଦାୟିତ୍ୱ ହେବ। ଉଲ୍ଲେଖଯୋଗ୍ୟ, ଗତ ୧ ତାରିଖରେ ୪୮ ବର୍ଷୀୟ ଜମିଲଙ୍କୁ ଭାରତୀୟ ଫୁଟ୍‌ବଲ ଦଳର ପ୍ରଶିକ୍ଷକ ଭାବେ ନିଯୁକ୍ତ କରାଯାଇଥିଲା। ମନୋଲା ମରକ୍ୟୁଜଙ୍କ ସ୍ଥାନରେ ସେ ଏହି ଗୁରୁଦାୟିତ୍ୱ ତୁଲାଇଥିଲେ। ଫଳରେ ୧୩ ବର୍ଷର ପ୍ରତୀକ୍ଷାର ଅନ୍ତ ପରେ ଜଣେ ଭାରତୀୟ ଜାତୀୟ ପୁରୁଷ ଫୁଟ୍‌ବଲ ଦଳର ପ୍ରଶିକ୍ଷକ ନିଯୁକ୍ତ ହୋଇଥିଲେ। ସେ ଆଇଏସ୍‌ଏଲ୍ ଦଳ ଜାମେଦେଦପୁର ଏଫ୍‌ସି ସହିତ ସମ୍ପର୍କ ତୁଟାଇବା ପରେ ଜାତୀୟ ଦଳ ସହିତ ତାଙ୍କର ଏହି ଦୁଇ ବର୍ଷିଆ ପୂର୍ଣ୍ଣକାଳୀନ ଚୁକ୍ତି ହୋଇଛି।

### ମହିଳା ଦିନିକିଆ ସିରିଜ

# ପ୍ରଥମ ମ୍ୟାଚରେ ଅଷ୍ଟ୍ରେଲିଆ-ଏ'କୁ ହରାଇଲା ଭାରତ-ଏ'

ବ୍ରିସବେନ, ୧୩।୮ (ଏଜେନ୍ସି): ଅଷ୍ଟ୍ରେଲିଆ ଗସ୍ତରେ ଯାଇଥିବା ଭାରତ-ଏ ମହିଳା କ୍ରିକେଟ ଦଳ ପ୍ରଥମ ବିଜୟ ହାସଲ କରିଛି। ବୁଧବାରଠାରୁ ଆରମ୍ଭ ହୋଇଥିବା ଦିନିକିଆ ସିରିଜର ପ୍ରଥମ ମ୍ୟାଚରେ ଘରୋଇ ଅଷ୍ଟ୍ରେଲିଆ-ଏ ମହିଳା ଦଳକୁ ୩ ୱିକେଟ୍‌ରେ ଭାରତ-ଏ ହରାଇଦେଇଛି। ୨୧୫ ରନର ଲକ୍ଷ୍ୟକୁ ପିଛା କରିଥିବା ରାଧା ଯାଦବଙ୍କ ଦଳ ୪୨ ଓଭରରେ ୭ ୱିକେଟ୍ ହରାଇ ବିଜୟୀ ହୋଇଥିଲା। ୟସ୍ତିକା ଭାଟିଆ ୫୯ ରନର ଅର୍ଦ୍ଧଶତକୀୟ ପାଳି ଖେଳିଥିଲେ। ଅନ୍ୟମାନଙ୍କ ମଧ୍ୟରେ




ଶେଫାଳି ବର୍ମା (୩୬ ରନ) ଓ ଧାରା ଗୁଜ୍ଜର (୩୧) ଉପଯୋଗୀ ପାଳି ଖେଳି ୟସ୍ତିକାଙ୍କୁ ସହାୟତା କରିଥିଲେ। ଏଥିପୂର୍ବରୁ ପ୍ରଥମେ ବ୍ୟାଟିଂ କରିଥିବା ଘରୋଇ ଅଷ୍ଟ୍ରେଲିଆ-ଏ ୨୧୪ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ଅନିକା ଲିଆରୋୟଡ ସର୍ବାଧିକ ୯୨, ରାଚେଲ ତ୍ରିନାମାନ ୫୧ ରନ କରିଥିଲେ। ସିରିଜର ପରବର୍ତ୍ତୀ ୨ ଦିନିକିଆ ମ୍ୟାଚ୍ ଅଗଷ୍ଟ ୧୫ ଓ ୧୭ରେ ଖେଳାଯିବ। ଏହାପରେ ଦୁଇ ଦଳ ମଧ୍ୟରେ ଅଗଷ୍ଟ ୨୧ରୁ ଏକ ଚାରିଦିବସୀୟ ଅନଅଫିସିଆଲ ଟେଷ୍ଟ ମ୍ୟାଚ୍ ଆରମ୍ଭ ହେବ।

# ଭେନସଙ୍କୁ ୱାଇଲ୍ଡ କାର୍ଡ

ନ୍ୟୁୟର୍କ, ୧୨।୮ (ଏଜେନ୍ସି): ୟୁଏସ୍ ଓପନ୍ ଅଗଷ୍ଟ ୨୪ରୁ ଆରମ୍ଭ ହେବ। ଏଥିଲାଗି ଭେଟେରାନ ଭେନସ ୱିଲିୟମ୍ସଙ୍କୁ ୱାଇଲ୍ଡ କାର୍ଡ ମିଳିଛି। ଫଳରେ ୪୫ ବର୍ଷରେ ଭେନସ ୟୁଏସ୍ ଓପନ୍ ଖେଳିବେ। ୧୯୮୧ରେ ରେନି ରିଚାର୍ଡ୍ସ ୪୭ ବର୍ଷରେ ୟୁଏସ୍ ଓପନ୍ ଖେଳିଥିଲେ।

### ବୁଚି ବାବୁ ଆମନ୍ତ୍ରଣୀୟ କ୍ରିକେଟ ଟୁର୍ଣ୍ଣାମେଣ୍ଟ

# ୨୦ଜଣିଆ ଓଡ଼ିଶା ଦଳ ଘୋଷିତ

କଟକ,୧୩।୮ (ସମିସ): ଅଗଷ୍ଟ ୧୮ରୁ ତାମିଲନାଡୁର ଚେନ୍ନାଇଠାରେ ସର୍ବଭାରତୀୟ ବୁଚି ବାବୁ ଆମନ୍ତ୍ରଣୀୟ କ୍ରିକେଟ ଟୁର୍ଣ୍ଣାମେଣ୍ଟ ଖେଳାଯିବ। ଏଥି ନିମନ୍ତେ ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ପକ୍ଷରୁ ରାଜ୍ୟ ଦଳ ଘୋଷଣା କରାଯାଇଛି। ତେବେ ୨୦ଜଣିଆ ରାଜ୍ୟ ଦଳରେ ଅଧିନାୟକ କାହାକୁ କରାଯିବ ତାହାକୁ ନେଇ ଦ୍ୱନ୍ଦ ଉପୁଜିଛି। ଫଳରେ

## ଅଧିନାୟକ ନାଁ ଘୋଷଣାକୁ ନେଇ ଦ୍ୱନ୍ଦ୍ୱ

ଅଧିନାୟକ ନାମ ଓସିଏ ପକ୍ଷରୁ ପ୍ରକାଶ କରାଯାଇନାହିଁ। ଅଭିଜ୍ଞ ଶୁଭ୍ରାଂଶୁ ଶେଖର ସେନାପତି ଓ ଗୋବିନ୍ଦ ପୋଦ୍ଦାରଙ୍କ ସମେତ ସନ୍ଦୀପ ପଟ୍ଟନାୟକ ଏବଂ ସ୍ୱସ୍ତିକ ସାମଲଙ୍କ ନାମ ଅଧିନାୟକ ନିମନ୍ତେ ଆଲୋଚନା ପରିସରକୁ ଆସିଥିଲା। ତେବେ କିଛି ନିର୍ଦ୍ଦିଷ୍ଟ କାରଣ ହେତୁ ଅଧିନାୟକ ଚୂଡ଼ାନ୍ତ ହୋଇ ପାରିନଥିବା କୁହାଯାଇଛି। ମଧ୍ୟପ୍ରଦେଶ ଛାଡ଼ି ଓଡ଼ିଶା ଫେରିବା ପରେ ରାଜ୍ୟ ଦଳ ପାଇଁ ଶୁଭ୍ରାଂଶୁଙ୍କ ଏହା ପ୍ରଥମ ମ୍ୟାଚ୍ ହେବ।

ବୁଚି ବାବୁ ଆମନ୍ତ୍ରଣୀୟ କ୍ରିକେଟ ଟୁର୍ଣ୍ଣାମେଣ୍ଟରେ ଓଡ଼ିଶା ଗ୍ରୁପ-ବି'ରେ ସ୍ଥାନ ପାଇଛି। ଏହି ଗ୍ରୁପରେ ଭାରତୀୟ ରେଳବାଇ, ଜମ୍ମୁ-କଶ୍ମୀର ଏବଂ ବରୋଦା ଦଳ ରହିଛି। ତ୍ରିଦିବସୀୟ ଫର୍ମାଟରେ ପ୍ରତ୍ୟେକ ମ୍ୟାଚ୍ ଖେଳାଯିବ। ୧୮ ତାରିଖରୁ ବରୋଦା ବିପକ୍ଷରେ ଓଡ଼ିଶା ପ୍ରଥମ ମୁକାବିଲା ଲଢ଼ିବ। ଘୋଷିତ ୨୦ ଜଣିଆ ଦଳରେ କାର୍ତ୍ତିକ ବିଶ୍ୱାଳ, ସନ୍ଦୀପ ପଟ୍ଟନାୟକ, ସମ୍ବିତ ବରାଳ, ସୁମିତ ଶର୍ମା, ଅନୀଲ ପରିଡା, ସୁନୀଲ କୁମାର ରାଉଳ, ତାପସ କୁମାର ଦାସ, ସାଇଦୀପ ମହାପାତ୍ର, ରାଜେଶ ଧୂପର(ୱିକେଟ କିପର), ବାଦଲ ବିଶ୍ୱାଳ, ଓମ ଟି ମୁଣ୍ଡେ, ତରଣୀ



ସ, ଶୁଭ୍ରାଂଶୁ ଶେଖର ସେନାପତି, ପ୍ରଶାନ୍ତ ରଣା, ବିନୟ କୁମାର ପାଇକରାୟ(ୱିକେଟ କିପର), ଆଶୀର୍ବାଦ ସ୍ୱାଇଁ(ୱିକେଟ କିପର), ଆଶୁତୋଷ ଛୁରିଆ, ସ୍ୱସ୍ତିକ ସାମଲ, ଗୋବିନ୍ଦ ପୋଦ୍ଦାର, ପିୟୂଷ ପାଣିଗ୍ରାହୀ ସ୍ଥାନ ପାଇଛନ୍ତି। ସୁରେନ୍ଦ୍ର ଭାବେ-ମୁଖ୍ୟ କୋଚ୍, ସୌରଭ ସେହଗଲ-ସହକାରୀ କୋଚ୍, ଦିନେଶ ସାହୁ-ଫିଜିଓ, ସଂଗ୍ରାମ କେଶରୀ ଗୁମାନସିଂହ-ମ୍ୟାନେଜର, ଗୌରବ କୌଶକ-ଏସ ଆଣ୍ଡ ସି କୋଚ୍, ଶାରଦା ବିଶ୍ୱାଳ-ପର୍ଫମାନ୍ସ ଆନାଲିଷ୍ଟ, ସତ୍ୟବାନ ପ୍ରଧାନ- ସାଇଡଆର୍ମ ଥ୍ରୋଅର, କପିଳ ବୁନ୍ଦେଲା-ମାସେଜର ଭାବେ ଦଳରେ ରହିଛନ୍ତି।

### ୩୪ ବର୍ଷ ପ୍ରତୀକ୍ଷାର ଅନ୍ତ

# ପାକିସ୍ତାନ ବିପକ୍ଷରେ ଦିନିକିଆ ସିରିଜ ଜିତିଲା ୱେଷ୍ଟଇଣ୍ଡିଜ

ତ୍ରିନିଦାଦ, ୧୩।୮ (ଏଜେନ୍ସି): ଭ୍ରମଣକାରୀ ପାକିସ୍ତାନ ବିପକ୍ଷରେ ଏଠାରେ ଅନୁଷ୍ଠିତ ଅନ୍ତିମ ତଥା ୩ୟ ଦିନିକିଆ ମ୍ୟାଚରେ ୱେଷ୍ଟଇଣ୍ଡିଜ ୨୦୨ ରନର ବୃହତ୍ ବ୍ୟବଧାନରେ ବିଜୟୀ ହୋଇଛି। ଅଧିନାୟକ ସାଇ ହୋପ୍ସଙ୍କ ଦମ୍‌ଦାର ଅପରାଜିତ ଶତକ ଓ ଜେଡାନ ସେଲ୍ସଙ୍କ ଘାତକ ବୋଲିଂ କରି ଘରୋଇ ଦଳକୁ ବିଜୟୀ କରିବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ। ପୂର୍ବରୁ ସିରିଜର ପ୍ରଥମ ମ୍ୟାଚକୁ ପାକିସ୍ତାନ ୫ ୱିକେଟ୍‌ରେ ଓ ୱେଷ୍ଟଇଣ୍ଡିଜ ୨ୟ ଦିନିକିଆକୁ ଡିଏଲ୍ ପଦ୍ଧତିରେ ୫ ୱିକେଟ୍‌ରେ ଜିତିଥିଲା। ଏବେ ନିର୍ଣ୍ଣାୟକ ୩ୟ ମ୍ୟାଚ୍ ଜିତି ଘରୋଇ ୱେଷ୍ଟଇଣ୍ଡିଜ ଦିନିକିଆ ସିରିଜକୁ ୨-୧ରେ ହାତେଇନେଇଛି। ଫଳରେ ଦୀର୍ଘ ୩୪ ବର୍ଷର ବ୍ୟବଧାନ ପରେ କାରବୀୟାନ ଦଳ ପାକିସ୍ତାନ ବିପକ୍ଷରେ ଦିନିକିଆ ସିରିଜ ଜିତିବାର ସ୍ୱାଦ ଚାଖିଛି। ଶେଷଥର ଲାଗି ୧୯୯୧ରେ




ପାକିସ୍ତାନ ଗସ୍ତରେ ଯାଇଥିବାବେଳେ ୱେଷ୍ଟଇଣ୍ଡିଜ ୨-୦ରେ ଦିନିକିଆ ସିରିଜ ବିଜୟୀ ହୋଇଥିଲା। ୩ ମ୍ୟାଚ୍‌ବିଶିଷ୍ଟ ଏହି ସିରିଜରେ ଗୋଟିଏ ମ୍ୟାଚ୍ ଟାଇ ରହିଥିଲା।

ସ୍ଥାନୀୟ ବ୍ରାଏନ ଲାରା ଷ୍ଟାଡିୟମରେ ମଙ୍ଗଳବାର ରାତିରେ ଖେଳାଯାଇଥିବା ଏହି ମ୍ୟାଚରେ ଟସ୍ ଜିତି ପାକିସ୍ତାନ ଅଧିନାୟକ ମହମ୍ମଦ ରିଜୱାନ ଫିଲ୍ଡିଂ ନିଷ୍ପତ୍ତି ନେଇଥିଲେ। ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ୱେଷ୍ଟଇଣ୍ଡିଜ ଅଧିନାୟକଙ୍କ ଶତକୀୟ ଇନିଂସ ବଳରେ ୫୦ ଓଭରରେ ୬ ୱିକେଟ୍‌ରେ ୨୯୪ ରନର ସମ୍ମାନଜନକ ସ୍କୋର କରିଥିଲା। ହୋପ୍ସ ୧୦ ଚୌକା ଓ ୫ ଛକା ସହ ୯୪ ବଲରେ ୧୨୦ ରନ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ଅନ୍ୟମାନଙ୍କ ମଧ୍ୟରେ ରୋଷ୍ଟନ ଚେଜ ୩୬, ଏଭିନ ଲୁଇସ ୩୭ ଓ ଜଷ୍ଟିସ ଗ୍ରେଭେସ ଅପରାଜିତ ୪୩ ରନ କରିଥିଲେ। ନସୀମ ଶାହ ଓ ଆବ୍ରାରର୍ ଅହମ୍ମଦଙ୍କୁ ୨ଟି ଲେଖାଏ ୱିକେଟ୍ ମିଳିଥିଲା। ଜବାବରେ ଦ୍ରୁତ ବୋଲର ଜେଡାନ ସେଲ୍ସଙ୍କ ବୋଲିଂକୁ ସାମ୍ନା କରି ନପାରି ପାକିସ୍ତାନ ୨୯.୨ ଓଭରରେ ୯୨ ରନ କରି ଲଜ୍ଜାଜନକ ପରାଜୟବରଣ କରିଥିଲା। ଦଳ ପକ୍ଷରୁ କେବଳ ସଲମନ ଆଘା (୩୦ ରନ) ଓ ମହମ୍ମଦ ନୱାଜ (୨୩) ଦୁଇଅଙ୍କ ଛୁଇଁପାରିଥିଲେ।

**ଦିନିକିଆରେ ରନ ବ୍ୟବଧାନରେ ୱେଷ୍ଟଇଣ୍ଡିଜର ବଡ଼ ବିଜୟ**

| ବ୍ୟବଧାନ | ପ୍ରତିପକ୍ଷ | ବର୍ଷ | ଭେନ୍ୟୁ |
|---|---|---|---|
| ୨୧୫ | ନେଦରଲାଣ୍ଡସ | ୨୦୧୧ | ଦିଲ୍ଲୀ |
| ୨୦୮ | କାନାଡା | ୨୦୧୦ | କିଙ୍ଗ୍‌ସଟନ |
| ୨୦୩ | ନ୍ୟୁଜିଲାଣ୍ଡ | ୨୦୧୪ | ହାମିଲଟନ |
| ୨୦୨ | ପାକିସ୍ତାନ | ୨୦୨୫ | ତ୍ରିନିଦାଦ |

ଜେଡାନ ୧୮ ରନରେ ସର୍ବାଧିକ ୬ଟି ୱିକେଟ୍ ନେଇଥିଲେ। ହୋପ୍ସ ମ୍ୟାଚର ଓ ଜେଡାନ ସିରିଜର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS